

ଗଜାନନଂ ଭୂତଗଣାଦି ସେବିତମ୍
କପିତ୍ଥ ଜମ୍ବୁଫଳଚାରୁ ଭକ୍ଷଣମ୍,
ଉମାସୁତଂ ଶୋକ ବିନାଶକାରକମ୍
ନମାମି ବିଘ୍ନେଶ୍ୱର ପାଦପଙ୍କଜମ୍ ॥

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-63 ◆WEDNESDAY ◆27 AUGUST 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୬୩ ◆ବୁଧବାର ◆୨୭ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦





### ପାର୍ବଣ ପୂର୍ବରୁ ଯୁବ ଓ ଛାତ୍ର ବିଜେଡିର ନବକଳେବର

# ଚିନ୍ମୟ ଯୁବ ଓ ଇପ୍‌ସିତା ଛାତ୍ର ସଭାପତି

ଭୁବନେଶ୍ୱର,୨୬।୮ (ସମିସ): ନବକଳେବର ହୋଇଛି ବିଜେଡିର ଦୁଇ ଛାମୁଆ ସଙ୍ଗଠନ ଯୁବ ବିଜେଡି ଓ ଛାତ୍ର ବିଜେଡି। ମଙ୍ଗଳବାର ଦଳର ସଭାପତି ନବୀନ ପଟ୍ଟନାୟକ ଉଭୟ ସଙ୍ଗଠନର ସଭାପତିଙ୍କ ନାମ ଘୋଷଣା କରିଛନ୍ତି । ଛାତ୍ର ଓ ଯୁବ ରାଜନୀତିରେ ଅଭିଜ୍ଞ ଚିନ୍ମୟ ସାହୁଙ୍କୁ

**ଯୁବ ସଙ୍ଗଠନରେ ବ୍ୟୋମକେଶ, ରାଜେନ୍ଦ୍ର, ଅମରେଶ, ସଞ୍ଜିତଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ**
**ଛାତ୍ର ସଙ୍ଗଠନରେ ଦେବେଶ, ଦେବୀ, ସୁଭାଶିଷ, ସୌଭିକଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ**

ଯୁବ ବିଜେଡି ସଭାପତି ରୂପେ ନିଯୁକ୍ତି ଦିଆଯାଇଥିବାବେଳେ ପ୍ରଥମଥର ପାଇଁ ଛାତ୍ର ବିଜେଡିର ମଙ୍ଗ ଜଣେ ମହିଳା ଯୁବ ନେତ୍ରୀଙ୍କ ଉପରେ ନ୍ୟସ୍ତ କରାଯାଇଛି ।ଏହା ସହିତ ଦୁଇ ସଙ୍ଗଠନର ସାଙ୍ଗଠନିକ ଶକ୍ତି ବୃଦ୍ଧି ଓ ଦିଶା ନିର୍ଦ୍ଦେଶ ନିମନ୍ତେ ଚାରି ଜଣ ଲେଖାଏଁ ଅନୁଭବୀ ତଥା ବରିଷ୍ଠ ନେତାଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଯାଇଛି। ଯୁବ ବିଜେଡି ସଙ୍ଗଠନକୁ ଦୃଢ଼ କରିବା ନିମନ୍ତେ ପୂର୍ବତନ ଯୁବ ସଭାପତି ତଥା ବିଧାୟକ ବ୍ୟୋମକେଶ ରାୟଙ୍କୁ ବରିଷ୍ଠ ସାଧାରଣ ସମ୍ପାଦକ, ଯୁବ ନେତା ତଥା ପୂର୍ବତନ ବିଧାୟକ




ରାଜେନ୍ଦ୍ର କୁମାର ସାହୁ, ପୂର୍ବତନ ଯୁବ ସଭାପତି ଅମରେଶ ପତ୍ରୀ ଏବଂ ସଞ୍ଜିତ ମହାନ୍ତିଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ ପ୍ରଦାନ କରାଯାଇଛି। ଛାତ୍ର ବିଜେଡି ସଙ୍ଗଠନରେ ଦେବେଶ ଆଚାର୍ଯ୍ୟଙ୍କ ବରିଷ୍ଠ ସାଧାରଣ ସମ୍ପାଦକ ଦାୟିତ୍ୱ ପ୍ରଦାନ କରାଯାଇଛି। ଏହା ସହ ବିଧାୟକ ଦେବୀ ରଞ୍ଜନ ତ୍ରିପାଠୀ, ସାଂସଦ ସୁଭାଶିଷ ଖୁଣ୍ଟିଆ ଓ ବିଧାୟକ ସୌଭିକ୍ ବିଶ୍ୱାଳଙ୍କୁ ସାଧାରଣ ସମ୍ପାଦକ ଦାୟିତ୍ୱ ଦିଆଯାଇଛି । ପାର୍ବଣ ପୂର୍ବରୁ ନବୀନ ଉଭୟ ଛାମୁଆ ସଂଗଠନର ନବ କଳେବର କରିଥିବା ବେଳେ ଖୁବଶୀଘ୍ର ଅନ୍ୟ ପଦାଧିକାରୀଙ୍କୁ ମଧ୍ୟ ଦାୟିତ୍ୱ ପ୍ରଦାନ କରାଯିବ ବୋଲି ସୂଚନା ମିଳିଛି ।

### ବାଲେଶ୍ୱରରେ ଚାଞ୍ଚଲ୍ୟ

# ନାବାଳିକାକୁ ୫ ମାସ ଧରି ଗଣଦୁଷ୍କର୍ମ

ଭୋଗରାଇ,୨୬।୮ (ସମିସ): ପ୍ରେମ ଜାଲରେ ଫସାଇ ଜଣେ ନାବାଳିକାକୁ ଅପହରଣ ଏବଂ ତାଙ୍କ ଧର୍ମ ପରିବର୍ତ୍ତନ କରିବା ସହ ୫ ମାସ ଧରି ଗଣଦୁଷ୍କର୍ମ କରିବା ଭଳି ଘଟଣା ଆଜି ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକ୍‌ରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ଗଣଦୁଷ୍କର୍ମର ଶିକାର ହୋଇଥିବା ପୀଡ଼ିତାଜଣଙ୍କ ଆଜି ଏ ସଂପର୍କରେ ଭୋଗରାଇ ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ୍ ଏକ ମାମଲା ରୁଜୁ କରିବା ସହ ପୀଡ଼ିତାଙ୍କ ବୟାନ ଆଧାରରେ ଛାନଭିନ୍ ଆରମ୍ଭ କରିଛି। ଏହାସହ ପୀଡ଼ିତାଙ୍କ ଡାକ୍ତରୀମାଇନା କରାଇବା ପରେ ଆଜି ସଂଧ୍ୟାରେ ତାଙ୍କୁ ବାଲେଶ୍ୱର ନାରୀ ସୁରକ୍ଷା ସମିତି ସୁଧାର ଗୃହକୁ ପଠାଇ ଦେଇଛି।

ଥାନାରେ ହୋଇଥିବା ଅଭିଯୋଗ ଅନୁଯାୟୀ, ପୀଡ଼ିତାଜଣଙ୍କ ଜଣେ କବାଡ଼ି ଖେଳାଳି। କିଛି ଦିନ ତଳେ ତାଙ୍କ ସହ ବାଲେଶ୍ୱର ସଦର ଥାନା ଅଞ୍ଚଳର ଫକୀର ଖାଁଙ୍କ ପୁଅ ଅବଦୁଲ ଗଫର୍‌ଙ୍କ ଚିହ୍ନା ପରିଚୟ ହୋଇଥିଲା। ଅବଦୁଲ ତାଙ୍କୁ ପ୍ରେମ ଜାଲରେ ଫସାଇଥିଲେ। ନାବାଳିକାଙ୍କ ପରିବାରଲୋକେ ଝିଅକୁ ଅନ୍ୟତ୍ର ବିବାହ ଦେବା ଲାଗି ସଜବାଜ ହେଉଥିବା ବେଳେ ଗତ ମାର୍ଚ୍ଚ ୧ ତାରିଖରେ ଅବଦୁଲ ସମ୍ପୃକ୍ତା ନାବାଳିକାଙ୍କୁ ଅପହରଣ କରିନେଇଥିଲା। ଏନେଇ ନାବାଳିକାଙ୍କ ପରିବାରଲୋକ ଭୋଗରାଇ ଥାନାରେ

**■ ଥାନାରେ ପୀଡ଼ିତାଙ୍କ ଅଭିଯୋଗ**
**■ ପ୍ରେମ ଜାଲରେ ଫସାଇ କରିଥିଲା ଅପହରଣ**
**■ ସୁଧାର ଗୃହକୁ ଗଲେ ପୀଡ଼ିତା**

ଅଭିଯୋଗ କରିଥିଲେ। ଭୋଗରାଇ ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ତେବେ ହଠାତ ସମ୍ପୃକ୍ତ ନାବାଳିକା ସହିତ ତାଙ୍କ ମାତାପିତା ଓ ଓକିଲ ଆଜି ଭୋଗରାଇ ଥାନାରେ ପହଞ୍ଚିଥିଲେ। ପୁଲିସ ଓ ଗଣମାଧ୍ୟମ ସମ୍ମୁଖରେ କହିଥିଲେ ଯେ ଅବଦୁଲ ଗତ ୫ମାସ ହେଲା ତାଙ୍କ ଝିଅକୁ ଏକ ଘରେ ନଜରବନ୍ଦୀ କରି ରଖିଥିଲା। ସେଠାରେ ସେ ତା'ର ଧର୍ମ ପରିବର୍ତ୍ତନ କରିବା ସହ ସହଯୋଗୀଙ୍କ ସହ ବାରମ୍ବାର ଗଣଦୁଷ୍କର୍ମ କରିଥିଲା। ପୀଡ଼ିତାଜଣଙ୍କ ମଧ୍ୟ କହିଛନ୍ତି ଯେ ତାଙ୍କ ପଡ଼ୋଶୀ ଯୁବକମାନେ ଅବଦୁଲଙ୍କ ସହ ମିଶି ତାଙ୍କୁ ଘରୁ ଅପହରଣ କରିଥିଲା। ପ୍ରଥମେ ତାଙ୍କୁ ବାରିପଦାରେ ଏକ ଭଡ଼ାଘରେ ରଖି ସାଙ୍ଗସାଥୀଙ୍କ ସହ ମିଶି ଗଣଦୁଷ୍କର୍ମ କରିବା ପରେ ପୁଣି ବୈଶିଙ୍ଗାରେ ୧ ମାସ ରଖିଥିଲା। ପରେ ଅବଦୁଲ ତାଙ୍କୁ ନିଜ ଘରକୁ ନେଇ ଆସିଥିଲା। ଘରେ ସଂପର୍କୀୟଙ୍କ ସହ ମିଶି ଅବଦୁଲ ତାଙ୍କୁ ୫ମାସ ଧରି ଗଣଦୁଷ୍କର୍ମ କରି ଚାଲିଥିଲା। ଏହାସହ ଘରୁ ଗୋଡ଼ କାଢ଼ିଲେ, ଜୀବନରୁ ମାରିଦେବାର ଧମକ ଦେଉଥିଲା। ତେବେ ଘରେ କେହି ନଥିବାର ସୁଯୋଗ ନେଇ ସେ କୌଶଳକ୍ରମେ ସେଠାରୁ ଖସି ଆସିଛନ୍ତି ବୋଲି ନାବାଳିକାଜଣଙ୍କ କହିଛନ୍ତି।

## ଅକ୍ଟୋବର ୧୨ରେ ଓସିଏସ୍ ପ୍ରିଲିମିନାରୀ ପରୀକ୍ଷା

ଭୁବନେଶ୍ୱର, ୨୬।୮ (ସମିସ): ଓଡ଼ିଶା ସିଭିଲ୍ ସର୍ଭିସ୍ (ଓସିଏସ୍) ପରୀକ୍ଷା ୨୦୨୪ ପ୍ରିଲିମିନାରୀ ପରୀକ୍ଷା ତାରିଖ ପ୍ରକାଶ ପାଇଛି। ଅକ୍ଟୋବର ୧୨ ତାରିଖରେ ପରୀକ୍ଷା କରିବା ପାଇଁ ଓଡ଼ିଶା ଲୋକସେବା ଆୟୋଗ (ଓପିଏସ୍‌ସି) ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଚଳିତଥର ମୋଟ୍ ୨୦୦ ପଦ ପାଇଁ ଆଶାୟୀମାନେ ପରୀକ୍ଷା ଦେବେ। ଏହାସହ ଓସିଏସ୍-୨୦୨୩ର ପ୍ରମାଣପତ୍ର ଯାଞ୍ଚ ପାଇଁ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇଛି। ସେପ୍ଟେମ୍ବର ୬ରୁ ୧୮ ମଧ୍ୟରେ ପ୍ରମାଣପତ୍ର ଯାଞ୍ଚ ହେବ। ଏହା ମଧ୍ୟରେ କେବଳ ୧୩ତାରିଖ ଦିନ ବନ୍ଦ ରହିବ। କଟକସ୍ଥିତ ଓପିଏସ୍‌ସି କାର୍ଯ୍ୟାଳୟରେ ୨୯୩ ଜଣ ମହିଳାଙ୍କ ସମେତ ମୋଟ୍ ୮୦୬ଜଣ ଉତ୍ତୀର୍ଣ୍ଣ ପରୀକ୍ଷାର୍ଥୀଙ୍କ ପ୍ରମାଣପତ୍ର ଯାଞ୍ଚ କରାଯିବ ବୋଲି କୁହାଯାଇଛି।

## '୫-ଟି' ଓ 'ମୋ ସରକାର' ବ୍ୟବସ୍ଥାର କପି ପେଷ୍ଟ 'ଆମ ଶାସନ': ବିଜେଡି

ଭୁବନେଶ୍ୱର,୨୬।୮ (ସମିସ): ରାଜ୍ୟ ସରକାରଙ୍କ ଦ୍ୱାରା ଆଜି ଆରମ୍ଭ କରାଯାଇଥିବା 'ଆମ ଶାସନ' ବ୍ୟବସ୍ଥା ପୂର୍ବ ସରକାରଙ୍କ ଦ୍ୱାରା ୨୦୧୯ ମସିହାରୁ କାର୍ଯ୍ୟକାରୀ ହୋଇ ଆସୁଥିବା '୫-ଟି' ଓ 'ମୋ ସରକାର' ବ୍ୟବସ୍ଥାର କପି ପେଷ୍ଟ। ବିରୋଧୀ ଦଳର ଦାୟିତ୍ୱ ନିର୍ବାହ କରିବା ସମୟରେ ବିଜେପି ଏହି ବ୍ୟବସ୍ଥାକୁ ସମାଲୋଚନା କରି ଆସୁଥିଲା। ତେବେ ସରକାରକୁ ଆସିବାର ୧୪ ମାସ ପରେ ସମାନ ବ୍ୟବସ୍ଥାକୁ କେବଳ ନାମ ପରିବର୍ତ୍ତନ କରି ଲାଗୁ କରିଛି ଏବଂ '୫-ଟି ଓ ମୋ ସରକାର' ବ୍ୟବସ୍ଥାର ଉପାଦେୟତାକୁ ବିଜେପି ସରକାର ସ୍ୱୀକାର କରିଛି ବୋଲି କହିଛି ବିଜେଡି ।

ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ମନ୍ତ୍ରୀ ତଥା ଦଳର ଉପସଭାପତି ଅତନୁ ସବ୍ୟସାଚୀ ନାୟକ କହିଛନ୍ତି ଯେ ପୂର୍ବ ସରକାରଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ଅନେକ ଲୋକପ୍ରିୟ ଯୋଜନାକୁ କେବଳ ନାମ ପରିବର୍ତ୍ତନ କରି ଓ ପୂର୍ବ ସରକାରଙ୍କ ଦ୍ୱାରା ସମ୍ପୂର୍ଣ୍ଣ ହୋଇଥିବା ସରକାରୀ ଭବନ ଗୁଡିକର ରଙ୍ଗ ପରିବର୍ତ୍ତନ କରିବା ପ୍ରାଥମିକତା ହୋଇଛି। ପୂର୍ବତନ



ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ବିଭିନ୍ନ ଯୋଜନା ଗୁଡିକ ଭିତରୁ ୨୪ଟି ଯୋଜନାର ନାମ ପୂର୍ବରୁ ହୋଇସାରିଥିଲା ଓ ଆଜି ଆରମ୍ଭ ହୋଇଥିବା 'ଆମ ଶାସନ' ବ୍ୟବସ୍ଥା ପରେ ଏହି ସଂଖ୍ୟା ୨୫କୁ ଛୁଇଁଲା। ନବୀନ ପଟ୍ଟନାୟକଙ୍କ ଦ୍ୱାରା ୨୦୧୯ ମସିହା ଗାନ୍ଧୀ ଜୟନ୍ତୀ ଦିନ ଆରମ୍ଭ ହୋଇଥିବା '୫-ଟି' ମୋ ସରକାର ବ୍ୟବସ୍ଥା ଜାତୀୟସ୍ତରରେ ବହୁ ପ୍ରଶଂସିତ

**■ '୫-ଟି ଓ ମୋ ସରକାର' ବ୍ୟବସ୍ଥାର ଉପାଦେୟତାକୁ ବିଜେପି ସ୍ୱୀକାର କରିଛି**
**■ ଆମ ଶାସନକୁ ମିଶାଇ ୨୫ ଯୋଜନାର ନାମ ପରିବର୍ତ୍ତନ କରି ଲାଗୁ ହୋଇଛି**

ହୋଇଥିଲା । କେନ୍ଦ୍ର ସରକାରଙ୍କ ସଂସ୍ଥା ନୀତି ଆୟୋଗ ଏହାକୁ ପ୍ରଶଂସା କରିଥିବା ବେଳେ ତତ୍କାଳୀନ କେନ୍ଦ୍ରମନ୍ତ୍ରୀ ଜିତେନ୍ଦ୍ର ସିଂ ଏହାକୁ ପ୍ରଶଂସା କରିବା ସହିତ ଏହି ବ୍ୟବସ୍ଥାକୁ ଅନ୍ୟ ରାଜ୍ୟମାନେ ମଧ୍ୟ ଲାଗୁ କରିବା ଦରକାର ବୋଲି କହିଥିଲେ। କେନ୍ଦ୍ର ସରକାରଙ୍କ ସୁଶାସନ ଇଣ୍ଡେକ୍ସ ଓ ପ୍ରଧାନମନ୍ତ୍ରୀଙ୍କ ଅଫିସ ମଧ୍ୟ ଓଡ଼ିଶାର ଏହି ବ୍ୟବସ୍ଥାକୁ ପ୍ରଶଂସା କରିଥିଲେ; କିନ୍ତୁ ରାଜ୍ୟର ବିଜେପି ନେତାମାନେ ଏହାକୁ ରାଜନୀତି କରି ସମାଲୋଚନା କରି ଆସୁଥିଲେ। ବର୍ତ୍ତମାନ କେବଳ ନାମ ପରିବର୍ତ୍ତନ କରି ସମାନ ବ୍ୟବସ୍ଥାକୁ ଲାଗୁ କରାଯାଇଛି। କେବଳ ନାମ ପରିବର୍ତ୍ତନ କରି ଏହାକୁ ଲାଗୁ କରିବା, ଖଡା ବଡି ଥୋଡ ନା ଥୋଡ ବଡି ଖଡା ସଦୃଶ୍ୟ ହୋଇଛି। ନାମ ବଦଳେଇ ବିଭିନ୍ନ ଯୋଜନାକୁ ରାଜ୍ୟ ସରକାର ଲାଗୁ କରିଥିଲେ ହେଁ, ଫିଡବ୍ୟାକ ବ୍ୟବସ୍ଥାର ଅନୁପସ୍ଥିତ କାରଣରୁ ଏହି ଯୋଜନା ଗୁଡିକ ଅନ୍ତସାର ଶୂନ୍ୟ ହୋଇଯାଇଛି । ଜନସାଧାରଣ ଏହାର ସୁଫଳ ପାଇପାରୁ ନାହାନ୍ତି । ରାଜ୍ୟ ସରକାରଙ୍କ କାର୍ଯ୍ୟ କେବଳ କପି ପେଷ୍ଟରେ ସୀମିତ ହୋଇ ରହିଯାଇଛି।

## ୨୯ ତାରିଖକୁ ଛୁଟି ଘୋଷଣା କଲେ ମୁଖ୍ୟମନ୍ତ୍ରୀ

**■ ସେପ୍ଟେମ୍ବର ୧୩ ତାରିଖକୁ କାର୍ଯ୍ୟ ଦିବସ ଭାବେ ଘୋଷଣା**

ଭୁବନେଶ୍ୱର,୨୬।୮ (ସମିସ): ଆସନ୍ତା ୨୯ ତାରିଖ(ଶୁକ୍ରବାର)କୁ ସରକାରୀ ଛୁଟି ଭାବେ ଘୋଷଣା କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ୨୯ ତାରିଖ ନୂଆଖାଇର ପରଦିନ। ପଶ୍ଚିମ ଓଡ଼ିଶାର ସାଂସ୍କୃତିକ ଐତିହ୍ୟକୁ ସମ୍ମାନ ଦେଇ ମୁଖ୍ୟମନ୍ତ୍ରୀ ଉପରୋକ୍ତ ନିଷ୍ପତ୍ତି ନେଇଛନ୍ତି ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି। ଏହା ପରିବର୍ତ୍ତେ ସେପ୍ଟେମ୍ବର ୧୩ତାରିଖ (ଦ୍ୱିତୀୟ ଶନିବାର)କୁ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି। ଏନେଇ ରାଜସ୍ୱ ବିଭାଗ ପକ୍ଷରୁ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇଛି।

ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଜାରି ପ୍ରେସ୍ ବିଜ୍ଞପ୍ତି ଅନୁଯାୟୀ, କୃଷିଭିତ୍ତିକ ଗଣପର୍ବ ନୂଆଖାଇ ଅବସରରେ ପ୍ରତିବର୍ଷ ଛୁଟି ଘୋଷଣା କରାଯାଇଥାଏ। ଚଳିତବର୍ଷ ଅଗଷ୍ଟ ୨୯କୁ ଛୁଟି ଘୋଷଣା କରାଯାଇଛି। ତେବେ ନୂଆଖାଇ ପରଦିନ ମଧ୍ୟ ପଶ୍ଚିମ ଓଡ଼ିଶାବାସୀଙ୍କ ପାଇଁ ଖୁବ୍ ଗୁରୁତ୍ୱପୂର୍ଣ୍ଣ। ସେ ଦିନ ଆତ୍ମୀୟସ୍ୱଜନମାନେ ପରସ୍ପର ସହ ସାକ୍ଷାତ କରି 'ନୂଆଖାଇ ଜୁହାର' କରନ୍ତି ଏବଂ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନିଅନ୍ତି। ପାରିବାରିକ, ସାମାଜିକ ଓ ସାଂସ୍କୃତିକ ଐତିହ୍ୟକୁ ସୁରକ୍ଷିତ କରିବା ଦିଗରେ ଏହା ଏକ ମହତ୍ୱପୂର୍ଣ୍ଣ ଦିନ। ଏହାକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀ ୨୯ ତାରିଖକୁ ସମସ୍ତ ସରକାରୀ କାର୍ଯ୍ୟାଳୟ ତଥା ମାଜିଷ୍ଟ୍ରେରିଆଲ କୋର୍ଟ (କାର୍ଯ୍ୟନିର୍ବାହୀ) ପାଇଁ ଛୁଟି ଘୋଷଣା କରିଛନ୍ତି। ସମାନ ଭାବେ ଉଚ୍ଚଶିକ୍ଷା ଏବଂ ଗଣଶିକ୍ଷା ବିଭାଗ ପକ୍ଷରୁ ମଧ୍ୟ ଶୁକ୍ରବାରକୁ ସରକାରୀ ଛୁଟି ଭାବେ ଘୋଷଣା କରାଯାଇଛି।

## ପରିବା କିଆରି ଜଗିଥିଲେ
# ହାତୀ ଆକ୍ରମଣରେ ଦମ୍ପତି ମୃତ

ପାଇକମାଲ, ୨୬।୮ (ସମିସ): ବରଗଡ଼ ଜିଲ୍ଲା ପାଇକମାଲ ବ୍ଲକ୍ ଟେମରୀ ପଞ୍ଚାୟତ ଧାନୁପାଲି ଗାଁରେ ଆଜି ଏକ ହାତୀ ଆକ୍ରମଣରେ ଏକ ଦମ୍ପତିଙ୍କ ମୃତ୍ୟୁ ହୋଇଛି। ମୃତ ଦମ୍ପତି ହେଲେ, ଗାଁର ବଳରାମ ରଣା (୬୧) ଓ ତାଙ୍କ ପତ୍ନୀ ଶଶି ରଣା (୫୭)। ଏହି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଉତ୍ତେଜନା ଦେଖାଦେଇଥିଲା। ଖବର ପାଇ ବନ ବିଭାଗ ଘଟଣାସ୍ଥଳରୁ ଦମ୍ପତିଙ୍କ ଶବ

**ମୃତ ପରିବାରକୁ ୨ ଲକ୍ଷ ଟଙ୍କା କ୍ଷତିପୂରଣ**

ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଥିବା ଜଣାଯାଇଛି।

ସୂଚନାନୁଯାୟୀ, ବଳରାମ ଓ ଶଶି ନିଜର ଝାଳବୁହା ପରିଶ୍ରମରେ ଗାଁ ପାଖ ବାଡ଼ିରେ ପନିପରିବା ଫସଲ କରିଥିଲେ। କିଛି ଦିନ ହେବ ଗନ୍ଧମାର୍ଦ୍ଦନ ପାହାଡ଼ରୁ ଏକ ହାତୀପଲ ଅଞ୍ଚଳରେ ଉପଦ୍ରବ କରୁଥିବାରୁ ଫସଲକୁ ସୁରକ୍ଷା ଦେବା ପାଇଁ ଦୁହେଁ ଗତରାତିରେ ଜଗି ରହିଥିଲେ। ଏହି ସମୟରେ ଏକ ହାତୀପଲ ସେମାନଙ୍କ ପରିବା କ୍ଷେତକୁ ଆସି ବ୍ୟାପକ ଫସଲ ନଷ୍ଟ କରିଥିଲେ। ଏହାଦେଖି ସ୍ୱାମୀ-ସ୍ତ୍ରୀ ହାତୀପଲକୁ ଘଉଡ଼ାଇବାକୁ ଚେଷ୍ଟା କରିଥିଲେ। ହାତୀପଲ ମଧ୍ୟରୁ ଗୋଟିଏ ହାତୀ ସେମାନଙ୍କୁ ଆକ୍ରମଣ କରିଥିଲା। ଶୁଣ୍ଢରେ ଟେକି କଚାଡ଼ି ଦେବା ପରେ ପାଦରେ ଦଳିଦେଇଥିଲା। ଫଳରେ ଘଟଣାସ୍ଥଳରେ



ଦୁହିଁଙ୍କ ମୃତ୍ୟୁ ହୋଇଯାଇଥିଲା। ଆଜି ସକାଳୁ କିଛି ଗ୍ରାମବାସୀଙ୍କ ଏହା ଦେଖିବା ପରେ ବନ ବିଭାଗକୁ ଖବର ଦେଇଥିଲେ। ରେଞ୍ଜର୍ ହୃଦାନନ୍ଦ ମିଶ୍ର, ରଜନୀକାନ୍ତ ବଡ଼େଇ, ଦୋଳଗୋବିନ୍ଦ ବରିହା, ବସନ୍ତ ବାଗ, ରମେଶ ପ୍ରଧାନ, ଦିବାକର ବାଗ ପ୍ରମୁଖଙ୍କ ସମେତ ବନକର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ଏହାକୁ ନେଇ ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିଲା। ବାରମ୍ବାର ହାତୀପଲ ଉପଦ୍ରବ କରୁଥିବା ବେଳେ ବନ ବିଭାଗ ପକ୍ଷରୁ କୌଣସି ଠୋସ୍ ପଦକ୍ଷେପ ନିଆଯାଉନଥିବା ଅଭିଯୋଗ କରିଥିଲେ। ତେବେ ବନ ବିଭାଗ ବୁଝାସୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ପରେ ଦମ୍ପତିଙ୍କ ଶବକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ବନ ବିଭାଗ ପଠାଇଥିଲା।

ଅପରପକ୍ଷେ, ଖବର ପାଇ ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା ଓ ବ୍ଲକ୍ ପ୍ରଶାସନ ମୃତ ଦମ୍ପତିଙ୍କ ପରିବାରବର୍ଗଙ୍କୁ ଭେଟି ସମବେଦନା ଜଣାଇବା ସହ ଶୀଘ୍ର କ୍ଷତିପୂରଣ ଦେବାକୁ ସରକାରଙ୍କୁ ନିବେଦନ କରିଛନ୍ତି। ବନବିଭାଗ ତରଫରୁ ଅନୁକମ୍ପାମୂଳକ ଭାବେ ୨ଲକ୍ଷ ଟଙ୍କା କ୍ଷତିପୂରଣ ଦିଆଯାଇଛି। ଆଉ ୧୮ ଲକ୍ଷ ଦିଆଯିବ ବୋଲି ଡିଏଫ୍‌ଓ ସରୋଜ ପଣ୍ଡା ସୂଚନା ଦେଇଛନ୍ତି। ସେହିପରି ଟେମରୀ ସରପଞ୍ଚ ଦିଲୀପ ବେହେରା ପରିବାର ପାଖରେ ପହଞ୍ଚି ସମବେଦନା ଜଣାଇଛନ୍ତି।

## ବଜ୍ରପାତରେ ନଣନ୍ଦ-ଭାଉଜ ସମେତ ୩ ମୃତ

ଛତ୍ରପୁର, ୨୬।୮ (ସମିସ): ଗଂଜାମ ଜିଲ୍ଲାରେ ଆଜି ବଜ୍ରପାତ ୩ ମହିଳାଙ୍କ ଜୀବନ ନେଇଛି। ସେମାନେ ହେଲେ, ଛତ୍ରପୁର ବ୍ଲକ ଅନ୍ତର୍ଗତ ସରଭୀମପୁର ଗ୍ରାମର କୁନି ଗୌଡ଼ ଓ ନିରୁପମା ଗୌଡ଼ ଏବଂ ଗଞ୍ଜାମ ବ୍ଲକ୍ ଅନ୍ତର୍ଗତ ରାଉଳିବନ୍ଧ ଗ୍ରାମର ମିନି ଗୌଡ଼। କୁନି ଓ ନିରୁପମା ସଂପର୍କରେ ନଣନ୍ଦ-ଭାଉଜ। ସମସ୍ତେ ଧାନ ବିଲରେ କାମ କରୁଥିବା ବେଳେ ବଜ୍ରପାତରେ ପ୍ରାଣ ହରାଇଛନ୍ତି।

ସୂଚନାନୁଯାୟୀ, କୁନି ଓ ନିରୁପମା ଆଜି ଦିନ ବେଳା ବିଲରେ କାମ କରୁଥିଲେ। ଅପରାହ୍ନରେ କଳାହାଣ୍ଡିଆ ମେଘ ଘୋଟି ଆସିବା ସହ ଘନଘନ ବଜ୍ରପାତ ହୋଇଥିଲା। ଏହି ସମୟରେ ଦୁହିଁଙ୍କ ଉପରେ ଏକ ବଜ୍ରପାତ ହେବାରୁ ଘଟଣାସ୍ଥଳରେ ଦୁହେଁ ଟଳି ପଡ଼ିଥିଲେ। ଏହା ଦେଖି ଗ୍ରାମବାସୀ ସେମାନଙ୍କୁ ଉଦ୍ଧାର କରି ଛତ୍ରପୁର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେତେବେଳକୁ ଦୁହିଁଙ୍କ ଦେହରେ ଆଉ ଜୀବନ ନଥିଲା। ଡାକ୍ତର ମୃତ ଘୋଷଣା କରିଥିଲେ। ସେହିପରି, ରାଉଳିବନ୍ଧ ଗ୍ରାମର ମିନି ମଧ୍ୟ ବିଲରେ ଧାନ ରୋଇବା ବେଳେ ବର୍ଷା, ବଜ୍ରପାତ ହୋଇଥିଲା। ତାଙ୍କ ଉପରେ ଗୋଟିଏ ବଜ୍ରପାତ ହୋଇଥିଲା। ତାଙ୍କୁ ଛତ୍ରପୁର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ମେଡିକାଲରେ ପହଞ୍ଚି ମୃତକଙ୍କ ପରିବାରକୁ ସମବେଦନା ଜଣାଇବା ସହ ସରକାରଙ୍କ ପକ୍ଷରୁ ତୁରନ୍ତ କ୍ଷତିପୂରଣ ପ୍ରଦାନ ଲାଗି ଚେଷ୍ଟା କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ।

## ସାପ କାମୁଡ଼ାରେ ଭାଇ-ଭଉଣୀ ମୃତ

ବଣାଇଁ, ୨୬।୮ (ସମିସ): ସୁନ୍ଦରଗଡ଼ ଜିଲ୍ଲା ଚାନ୍ଦିପୋଷ ଥାନା ଅଞ୍ଚଳରେ ଆଜି ଏକ ଦୁଃଖଦ ଘଟଣା ଘଟିଛି। ସାପ କାମୁଡ଼ାରେ ଭାଇ-ଭଉଣୀଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ତାମଡ଼ା ପଞ୍ଚାୟତ ଝିରପାଣି ଗ୍ରାମର ଇସାକ ଏକ୍କାଙ୍କ ପୁଅ ଏମ୍ରୋଲନ ଏକ୍କା (୬) ଏବଂ ଝିଅ ଆବଲିନା ଏକ୍କା (୮)। ଗତରାତିରେ ସମସ୍ତେ ଖାଇପିଇ ଶୋଇଥିଲେ। ତେବେ ରାତି ପ୍ରାୟ ୧୧ଟା ବେଳେ ଏମ୍ରୋଲନ ଓ ଆବଲିନାଙ୍କୁ ଏକ ସାପ କାମୁଡ଼ି ଦେଇଥିଲା। ଏହି ଘଟଣା ଜଣାପଡ଼ିବା ପରେ ପରିବାରଲୋକେ ତାଙ୍କୁ ଚିକିତ୍ସା ପାଇଁ ରାଉରକେଲା ସରକାରୀ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଚାନ୍ଦିପୋଷ ପୁଲିସ୍ ଡାକ୍ତରଖାନାରେ ପହଞ୍ଚି ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏଥିସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଛି। ଏହି ଖବର ପ୍ରଚାରିତ ହେବା ପରେ ଝିରପାଣି ଗ୍ରାମ ସମେତ ଆଖପାଖ ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

## ସୃଷ୍ଟି ହେଲା ଲଘୁଚାପ
# ଆଜିଠୁ ବଢ଼ିବ ବର୍ଷା

ଭୁବନେଶ୍ୱର, ୨୬।୮ (ସମିସ): ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏହା ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି। ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ହେବ। ଏହି ଲଘୁଚାପ ଧୀରେଧୀରେ ଶକ୍ତିଶାଳୀ ହେଉଥିବାରୁ ପ୍ରାୟ ୩୦ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ବର୍ଷା ଜାରି ରହିବ ବୋଲି ପାଣିପାଗ କେନ୍ଦ୍ର ଆକଳନ କରିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ଓଡ଼ିଶା ସଂଲଗ୍ନ ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ବିଶେଷ ଶକ୍ତି ଗୋଟାଇ ପାରୁନାହିଁ। ବୁଧବାର ଏହା ସେହି ସ୍ଥାନରେ ରହି ୨୯ରେ ସମ୍ଭବତଃ ଛତିଶଗଡ଼ରେ ପହଞ୍ଚିପାରେ। ତେବେ ଏହି ଲଘୁଚାପ ଯୋଗୁଁ ବୁଧବାର ରାଜ୍ୟର ଅଧିକାଂଶ ଅଞ୍ଚଳରେ ସକାଳ ଓଳି ପାଗ ଶୁଖିଲା ଓ ଖରାଟିଆ ରହିବ। ସକାଳ ୯-୧୦ଟା ପରେ ଭୁବନେଶ୍ୱରରେ ସମେତ କଟକ, ପୁରୀ, ଖୋର୍ଦ୍ଧା, ଗଞ୍ଜାମ ଓ ନୟାଗଡ଼ରେ ପାଗ ପରିବର୍ତ୍ତନ ଆସିବ ଓ ବର୍ଷା ହୋଇପାରେ। ରାଜ୍ୟର ଅନ୍ୟାନ୍ୟ ସ୍ଥାନରେ ଉପରବେଳା ୨ଟା ପରେ ପାଗ ମେଘୁଆ ସହିତ ସ୍ୱଳ୍ପ ବର୍ଷା ହୋଇପାରେ। ୨୮ ତାରିଖ ଗୁରୁବାରରେ ପାଗ ମଙ୍ଗଳବାର ପରି ହେବାର ସମ୍ଭାବନା ରହିଥିବା ବେଳେ ୨୯ରେ କେନ୍ଦ୍ରୀୟ ଓ ଉତ୍ତର ଓଡ଼ିଶା, ୩୦ରେ ଉତ୍ତର ଓ ପଶ୍ଚିମ ଓଡ଼ିଶା ଏବଂ ୩୧ରେ ପ୍ରାୟତଃ ଅଧିକାଂଶ ସ୍ଥାନରେ ସ୍ୱଳ୍ପ ଏବଂ ଅଳ୍ପ କେତେକ ସ୍ଥାନରେ ମଧ୍ୟମଧରଣର ବର୍ଷା ହୋଇପାରେ। ଅନ୍ୟପଟେ ୩ ବେଳକୁ ଆଉ ଏକ ଲଘୁଚାପ ସମ୍ଭାବନା ଥିବା ବେଳେ ତାହା ମଧ୍ୟ ବିଶେଷ ଶକ୍ତିଶାଳୀ ହୋଇପାରିବ ନାହିଁ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

**ବନ୍ୟା ପାଣିରେ ଉତ୍ତର ଓଡ଼ିଶା**

ରାଜ୍ୟର ବର୍ତ୍ତମାନ ବିଭିନ୍ନ ସ୍ଥାନରେ ସୃଷ୍ଟି ହୋଇଥିବା ବନ୍ୟା ସ୍ଥିତି ଯୋଗୁଁ ବହୁ ଅଞ୍ଚଳ ଜଳମଗ୍ନ ହୋଇଛି। ସୁବର୍ଣ୍ଣରେଖା ଏବେ ବି ଜାମଶୋଳା ଗେଟ୍ ଓ ରାଜଘାଟଠାରେ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି। ଜଳ ସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ଗତକାଲି ସୁବର୍ଣ୍ଣରେଖା ବେସିନ କି ଜାମଶୋଳା ଗେଟ୍‌ରେ ବେଶୀ ବର୍ଷା ହୋଇନି। ଆଖୁଆପଦାରେ ବୈତରଣୀ ବିପଦ ସଂକେତ ତଳେ ଅଛି। ସେହିପରି, ଦକ୍ଷିଣ ଓଡ଼ିଶାର ବଂଶଧରା, ନାଗାବଳୀ ଓ କୋଲାବରେ ସାମାନ୍ୟ ଅଧିକ ବର୍ଷା ହୋଇଛି। ହେଲେ ଅନ୍ୟ କେଉଁ ବେସିନରେ ବର୍ଷା ହୋଇନି। ହୀରାକୁଦରେ ୪ଟି ଗେଟ୍ ବନ୍ଦ ହେବାରୁ ୮ଟି ଗେଟ୍ ଦେଇ ଏବେ ଜଳ ନିଷ୍କାସନ ହେଉଛି। ମୁଣ୍ଡଳୀରେ ୩ଲକ୍ଷ କ୍ୟୁସେକ୍ ଜଳ ପ୍ରବାହିତ ହେଉଛି, ଯାହା ସ୍ୱାଭାବିକ। ବାଲେଶ୍ୱରରେ ବନ୍ୟା ଯୋଗୁଁ ବସ୍ତା, ଭୋଗରାଇ, ବାଲିଆପାଳ ଓ ଜଳେଶ୍ୱର ପ୍ରଭାବିତ ହୋଇଛି। ଯାଜପୁର ଜିଲ୍ଲାର ଦଶରଥପୁର ବ୍ଲକ ଓ ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ, ତିହିଡି, ଧାମନଗର ବ୍ଲକ ବି ପ୍ରଭାବିତ ହୋଇଛି। ଯାଜପୁରରେ କାଣୀ ନଦୀ ଘାଇ ଯୋଗୁଁ ସର୍ବାଧିକ ପ୍ରଭାବିତ ହୋଇଛି।

# ଗଠନ ହେଲା ଶ୍ରୀମନ୍ଦିର ପରିଚାଳନା କମିଟି

**୧୦ ମନୋନୀତ ସଦସ୍ୟଙ୍କ ନାଁରେ ବାଜିଲା ମୋହର**

ପୁରୀ,୨୬।୮ (ସମିସ): ଦୀର୍ଘ ବର୍ଷେ ୧୩ଦିନ ପରେ ଗଠନ ହୋଇଛି ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା କମିଟି। ଫଳରେ ନୂଆ କମିଟିକୁ ନେଇ ଯେଉଁ ଆଶା ଆଶଙ୍କା ଲାଗି ରହିଥିଲା, ସେଥିରେ ପୂର୍ଣ୍ଣଚ୍ଛେଦ ପଡ଼ିଛି। ରାଜ୍ୟ ସରକାରଙ୍କ ଆଇନ ବିଭାଗ ପକ୍ଷରୁ ମଙ୍ଗଳବାର ଏ ସଂକ୍ରାନ୍ତରେ ବିଜ୍ଞନ୍ତି ପ୍ରକାଶ ପାଇଛି। ବିଜ୍ଞପ୍ତିରେ କମିଟିର ମନୋନୀତ ୧୦ ସଦସ୍ୟଙ୍କ ନାଁରେ ମୋହର ମାରିଛନ୍ତି ରାଜ୍ୟ ସରକାର। ମନୋନୀତ ସଦସ୍ୟଙ୍କ ମଧ୍ୟରେ ଅଧିକ ନୂଆମୁହଁ ରହିଛନ୍ତି। ଶ୍ରୀମନ୍ଦିର ପରିଚାଳନା ପାଇଁ ୮ ନୂଆ ମୁହଁକୁ ନିଆଯାଇଥିବା ବେଳେ ୨ଜଣ ପୁରୁଣା ମୁହଁଙ୍କୁ ପୁଣି ସୁଯୋଗ ଦିଆଯାଇଛି।

ବିଜ୍ଞପ୍ତି ଅନୁଯାୟୀ, କମିଟିରେ ମୁକ୍ତିମଣ୍ଡପ ପକ୍ଷରୁ ଦେଉଳ ପୁରୋହିତ ଡ. ସିଦ୍ଧେଶ୍ୱର ମହାପାତ୍ରଙ୍କୁ ନିଆଯାଇଛି। ସେହିପରି ୫ ସେବାୟତ ନିଯୋଗ ପକ୍ଷରୁ ପୂଜାପଣ୍ଡା ନିଯୋଗରୁ ଜଗନ୍ନାଥ ପୂଜାପଣ୍ଡା, ପୁଷ୍ପାଳକ ନିଯୋଗରୁ ମଧୁସୂଦନ ସିଂହାରୀ, ପ୍ରତିହାରୀ ନିଯୋଗରୁ ରାମନାରାୟଣ ଗୋଚ୍ଛିକାର, ସୁଆର ମହାସୁଆର ନିଯୋଗରୁ କୃଷ୍ଣଚନ୍ଦ୍ର ସାମନ୍ତରାୟ ଏବଂ ଦଇତାପତି ନିଯୋଗରୁ ଗଣେଶ ଦାସମହାପାତ୍ର ସ୍ଥାନ ପାଇଛନ୍ତି। ସେହିପରି ମଠାଧୀଶଙ୍କ ପକ୍ଷରୁ ବଳରାମକୋଟ ମଠ ମହନ୍ତ ରଘୁବୀର ଦାସ ମହାରାଜ, ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଭାବେ ଏ.କେ. ସାବତ କମିଟିରେ ସ୍ଥାନ ପାଇଥିବା ବେଳେ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠା ଲାଭ କରିଥିବା ଦୁଇ ବୁଦ୍ଧିଜୀବୀ ଭାବେ ପୂର୍ବତନ ସିଏଜି ଡ. ଗିରୀଶ

### ବର୍ଷେ ପରେ ନୂଆ କମିଟି, ୮ ନୂଆମୁହଁ

ଚନ୍ଦ୍ର ମୁର୍ମୁ ଏବଂ ସଂସ୍କୃତି ଗବେଷକ ମହେଶ କୁମାର ସାହୁ ସ୍ଥାନ ପାଇଛନ୍ତି।

ପରିଚାଳନା କମିଟିରେ ସ୍ଥାନ ପାଇଥିବା ୫ ସେବାୟତ ପ୍ରତିନିଧି ହେଉଛନ୍ତି ନୂଆ ମୁହଁ। ସେହିପରି ମୁକ୍ତିମଣ୍ଡପରୁ ଡ. ସିଦ୍ଧେଶ୍ୱର ମହାପାତ୍ର ପୂର୍ବରୁ ପରିଚାଳନା କମିଟି ସଦସ୍ୟ ରହିଥିଲେ। ତାଙ୍କୁ ପୁଣିଥରେ ସୁଯୋଗ ମିଳିଛି। ମଠାଧୀଶଙ୍କ ପକ୍ଷରୁ ପ୍ରତିନିଧିତ୍ୱ କରିବା ପାଇଁ ମହନ୍ତ ରଘୁବୀର ଦାସ ମହାରାଜଙ୍କୁ ପ୍ରଥମଥର ସୁଯୋଗ ମିଳିଛି। ସେହିପରି କମିଟିରେ ସ୍ଥାନ ପାଇଥିବା ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଏ.କେ. ସାବତ ପୂର୍ବରୁ ସଦସ୍ୟ ରହି ସାରିଥିବା ବେଳେ ୨ ବୁଦ୍ଧିଜୀବୀ ହେଉଛନ୍ତି ନୂଆମୁହଁ। ତେଣୁ ୧୦ ମନୋନୀତ ସଦସ୍ୟଙ୍କ ମଧ୍ୟରୁ ୮ ନୂଆମୁହଁ ହୋଇଥିବା ବେଳେ ୨ଜଣ ପୁରୁଣା ସଦସ୍ୟଙ୍କୁ ପୁଣି ସୁଯୋଗ ଦିଆଯାଇଛି। ଅନ୍ୟପକ୍ଷରେ ୨୦୨୧ ଅଗଷ୍ଟ ୧୨ରେ ଗଠିତ ପରିଚାଳନା କମିଟିର ତିନିବର୍ଷିଆ କାର୍ଯ୍ୟକାଳ ଗତ ଅଗଷ୍ଟ ୧୧ରେ ଶେଷ ହୋଇଥିଲା। ପୁରୁଣା କମିଟି କାର୍ଯ୍ୟକାଳ ପୂରିବାର ବର୍ଷେ ପରେ ପରିଚାଳନା କମିଟି ପୁନର୍ଗଠିତ ହୋଇଛି।

ସୂଚନାଯୋଗ୍ୟ, ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ସଂଖ୍ୟା ୧୮ । ଏହାର ସ୍ଥାୟୀ ଅଧ୍ୟକ୍ଷ ଗଜପତି ମହାରାଜା ରହିଥିବା ବେଳେ ଅତିରିକ୍ତ ମୁଖ୍ୟ ଶାସନ ସଚିବ ରାଙ୍କର ଜଣେ ଅଧିକାରୀ କାର୍ଯ୍ୟକାରୀ ଅଧ୍ୟକ୍ଷ, ସଚିବ ରାଙ୍କର ଜଣେ ଅଧିକାରୀ ମୁଖ୍ୟ ପ୍ରଶାସକ, ଜିଲ୍ଲାପାଳ ଉପମୁଖ୍ୟ ପ୍ରଶାସକ, ଆଇନ ବିଭାଗର ଅତିରିକ୍ତ ସଚିବ, ଦେବୋତ୍ତର କମିଶନର, ଏସ୍‌ପି ଏବଂ ଏଏସ୍‌ଆଇ ଅଧୀକ୍ଷଣ ଯନ୍ତ୍ରୀ କମିଟିର ସଦସ୍ୟ ରହିଥା'ନ୍ତି। ଏମାନଙ୍କ ବାଦ୍ ଅନ୍ୟ ୧୦ ଜଣ ହେଉଛନ୍ତି ମନୋନୀତ ସଦସ୍ୟ। ଏମାନଙ୍କ ମଧ୍ୟରେ ୫ ଜଣ ସେବାୟତ ପ୍ରତିନିଧି, ଜଣେ ମଠ ପ୍ରତିନିଧି, ଜଣେ ମୁକ୍ତିମଣ୍ଡପ ପ୍ରତିନିଧି, ଜଣେ ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଏବଂ ଦୁଇଜଣ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠାଲାଭ କରିଥିବା ବ୍ୟକ୍ତି ରହିଥା'ନ୍ତି। ତେବେ ପରିଚାଳନା କମିଟିରେ ନିର୍ଦ୍ଦିଷ୍ଟ ୫ ସେବାୟତ ନିଯୋଗରୁ ସଦସ୍ୟ ପ୍ରତିନିଧିତ୍ୱ କରୁଛନ୍ତି। ଏହାକୁ ନେଇ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲା ଖୁଣ୍ଟିଆ ନିଯୋଗ। ରୋଟେସନ୍ ପଦ୍ଧତିରେ ବିଭିନ୍ନ ନିଯୋଗ ସଦସ୍ୟ ପ୍ରତିନିଧିଙ୍କୁ ସ୍ଥାନ ଦେବା ଲାଗି ଗୁହାରି କରିଥିଲା। ହେଲେ ନୂତନ କମିଟିରେ ସେମିତି କିଛି ଫରକ୍ ଦେଖିବାକୁ ମିଳିନାହିଁ। ପୂର୍ବରୁ ଯେଉଁ ନିଯୋଗରୁ ସଦସ୍ୟମାନେ ପ୍ରତିନିଧିତ୍ୱ କରୁଥିଲେ, ସେହି ନିଯୋଗରୁ ହିଁ ପ୍ରତିନିଧିତ୍ୱ କରିଛନ୍ତି।





# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-63 ◆WEDNESDAY ◆27 AUGUST 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୬୩ ◆ବୁଧବାର ◆୨୭ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



# ଆଜିଠୁ ୫୦% ଟ୍ରମ୍ପ୍ ଟାରିଫ୍

◆ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ପାଇଁ ବିଜ୍ଞପ୍ତି ଜାରି

◆ ଆୟ କମିବ, ଚାକିରି ଯିବ, ହ୍ରାସ ପାଇବ ଅଭିବୃଦ୍ଧି

◆ ଫାର୍ମା କ୍ଷେତ୍ର ଉପରେ ୨୫୦% ଶୁଳ୍କ ଧମକ

■ ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ବୁଧବାରଠାରୁ ଭାରତ ଉପରେ ଲାଗିବ ୫୦ % ଟ୍ରମ୍ପ ଟାରିଫ୍। ଭାରତୀୟ ସମୟ ଅନୁସାରେ ଏହି ଶୁଳ୍କ ବୁଧବାର ସକାଳ ୯ଟା ୩୧ ମିନିଟ୍‌ରୁ କାର୍ଯ୍ୟକାରୀ ହେବ। ଟ୍ରମ୍ପ ପ୍ରଶାସନ ଏ ସଂକ୍ରାନ୍ତରେ ବିଜ୍ଞପ୍ତି ଜାରି କରିଛି। ଆସନ୍ତାକାଲିଠାରୁ ଆମେରିକାକୁ ରପ୍ତାନି ହେବାକୁଥିବା ଭାରତୀୟ ସାମଗ୍ରୀ ଉପରେ ଫଳରେ ୫୦% ଶୁଳ୍କ ଲାଗିବ। ଟ୍ରମ୍ପଙ୍କ ଏହି ଟାରିଫ୍ ବୋମା କେବଳ ଆମେରିକୀୟ ଉପଭୋକ୍ତାଙ୍କ ପାଇଁ କଷ୍ଟପ୍ରଦ ହେବ ନାହିଁ, ଭାରତୀୟ ରପ୍ତାନୀକାରୀଙ୍କ ପାଇଁ ବି ମହଙ୍ଗା ସାବ୍ୟସ୍ତ ହେବାକୁ ଯାଉଛି। ଭାରତରୁ ଆମେରିକାକୁ ପ୍ରତିବର୍ଷ ବିଭିନ୍ନ କ୍ଷେତ୍ରରେ ପ୍ରାୟ ୮ ଲକ୍ଷ କୋଟି ଟଙ୍କାର ସାମଗ୍ରୀ ରପ୍ତାନୀ ହୋଇଥାଏ। ▶ପୃଷ୍ଠା-୭




# ରାଜ୍ୟରେ ଆରମ୍ଭ ହେଲା 'ଆମ ଶାସନ'

## ଲୋକଙ୍କ ପରାମର୍ଶ ହେଉଛି ସୁଶାସନର ମୁଖ୍ୟ ଉପାଦାନ: ମୁଖ୍ୟମନ୍ତ୍ରୀ

**କାର୍ଯ୍ୟକ୍ରମ ଓ ଯୋଜନା ସମ୍ପର୍କରେ ସିଧାସଳଖ ନିଆଯିବ ଲୋକଙ୍କ ମତାମତ**

**ୱେବସାଇଟ୍, ହ୍ୱାଟ୍ସଆପ୍, ଟୋଲ୍-ଫ୍ରି ନମ୍ବରରେ ଦେଇପାରିବେ ମତାମତ**



■ ଭୁବନେଶ୍ୱର, ୨୬।୮ (ସମିସ): ଶାସନ ବ୍ୟବସ୍ଥାରେ ରହିଥିବା ତ୍ରୁଟି ବିଚ୍ୟୁତି ବୁଝିବା, ବିଭିନ୍ନ ଯୋଜନା ଓ କାର୍ଯ୍ୟକ୍ରମ ସମ୍ପର୍କରେ ସାଧାରଣ ଲୋକଙ୍କ ମତାମତ ନେବା, ସାଧାରଣ ସେବାଗୁଡ଼ିକ ସମ୍ପର୍କରେ ତଥ୍ୟ ସଂଗ୍ରହ ନିମନ୍ତେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ରାଜ୍ୟରେ ପ୍ରଚଳନ କରିଥିଲେ 'ମୋ ସରକାର' ବ୍ୟବସ୍ଥା। ଏହି ବ୍ୟବସ୍ଥାରେ ଲୋକମାନଙ୍କଠାରୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ସିଧାସଳଖ ତଥ୍ୟ ସଂଗ୍ରହ କରୁଥିଲା ଓ ଲୋକମାନେ ମଧ୍ୟ ସରକାରୀ ସେବା, କାର୍ଯ୍ୟକ୍ରମ ଓ ଯୋଜନାରେ ରହୁଥିବା ତ୍ରୁଟିବିଚ୍ୟୁତି ସମ୍ପର୍କରେ ସିଧାସଳଖ ଆପତ୍ତି ଅଭିଯୋଗ କରିବାରେ ସକ୍ଷମ ହେଉଥିଲେ। ରାଜ୍ୟରେ କ୍ଷମତା ପରିବର୍ତ୍ତନ ପରେ ବିଜେପି ସରକାର 'ମୋ ସରକାର' ବ୍ୟବସ୍ଥାକୁ ବନ୍ଦ କରି ଦେଇଥିଲେ। ମାତ୍ର ଏବେ 'ମୋ ସରକାର' ଢ଼ାଞ୍ଚାରେ ରାଜ୍ୟ ▶ପୃଷ୍ଠା-୭



## ଜିଲ୍ଲାରେ ସାର ଅଭାବ, କଳାବଜାର ଅଭିଯୋଗ

# ଜିଲ୍ଲା ମୁଖ୍ୟ କୃଷି ଅଧିକାରୀଙ୍କ କାର୍ଯ୍ୟାଳୟ ଘେରଉ କଲା ବିଜେଡି

ଜୟପୁର,୨୬।୮(ସମିସ): କୋରାପୁଟ ଜିଲ୍ଲାରେ ଚଳିତ ଖରିଫ ଧାନଚାଷ ପାଇଁ ସାରର କୃତ୍ରିମ ଅଭାବ ଦେଖାଦେଇଛି। କିନ୍ତୁ କୃଷି ବିଭାଗ ପକ୍ଷରୁ ସାରର ଅଭାବ ନାହିଁ, ସମସ୍ତ ଚାଷୀଙ୍କୁ ପ୍ରଦାନ କରାଯିବ ବୋଲି କୁହାଯାଉଥିବା ବେଳେ ପ୍ରକୃତ ଚାଷୀ ମାନଙ୍କୁ ମୁଖ୍ୟତଃ ୟୁରିଆ ସାର ମିଳୁନି। କଳାବଜାରୀ ମାନେ ଏହାର ସୁଯୋଗ ନେଇ ମାତ୍ର ୩ ଶହ ଟଙ୍କା ସାରକୁ ୮ ଶହରୁ ଏକ ହଜାର ଟଙ୍କାରେ ବିକ୍ରି କରୁଥିବା ଏବଂ ଜିଲ୍ଲାରେ ଅଭାବୀ ସାର ଯୋଗୁଁ ଚାଷୀ ମାନେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତେଣୁ ତୁରନ୍ତ ଚାଷୀ ଆବଶ୍ୟକ ସାର ଯୋଗାଇବା, କଳାବଜାରୀ ମାନଙ୍କୁ ଗିରଫ କରିବା ଏବଂ କୋଟପାଡ ଅଞ୍ଚଳରେ ନକଲି ପଟାସ ବିକ୍ରିର ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲ ଆନ୍ଦୋଳନକାରୀ ମାନେ ଦାବି କରିଥିଲେ। ଆଜି ପୂର୍ବାହ୍ନରେ ପ୍ରବଳ ବର୍ଷା ସତ୍ତ୍ୱେ ଜୟପୁର ଜିଲ୍ଲା ମୁଖ୍ୟ କୃଷି କାର୍ଯ୍ୟାଳୟ ସମ୍ମୁଖରେ ଜୟପୁର ଉପଖଣ୍ଡର କୋଟପାଡ, କୁନ୍ଦୁରା, ବୋରିଗୁମ୍ମା, ବୈପାରୀଗୁଡା ଏବଂ ଜୟପୁର ଅଞ୍ଚଳର ଚାଷୀ ଏବଂ ବିଜେଡି ନେତା ଓ କର୍ମୀ ମାନେ ଏକତ୍ରିତ ହୋଇଥିଲେ। ସେମାନେ କହିଛନ୍ତି, ଜିଲ୍ଲାରେ ସାରର କଳାବଜାରୀ ମାନଙ୍କ ପ୍ରାଦୁର୍ଭାବ ବୃଦ୍ଧି ପାଇଛି। ୟୁରିଆ ସାର ସରକାରୀ ଓ ବେସରକାରୀ ସଂସ୍ଥା ପକ୍ଷରୁ କଳାବଜାରୀ ମାନଙ୍କ ଜରିଆରେ ବିକ୍ରି କରାଯାଉଥିଲେ ସୁଦ୍ଧା କୃଷି ଏବଂ ଜିଲ୍ଲାପ୍ରଶାସନ ପକ୍ଷରୁ କୌଣସି ଚଢ଼ଉ କିମ୍ବା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନାହିଁ। ନକଲି ପଟନା ନାମରେ ବାଲିକୁ ରଙ୍ଗ ଦିଆଯାଇ ବିକ୍ରି କରାଯାଇଛି। ସାରର ଅପମିଶ୍ରଣ କରାଯାଇ ଚାଷୀଙ୍କୁ ଠକେଇ କରାଯାଇଛି। ସେହିପରି ଚାଷୀଙ୍କୁ ୟୁରିଆ



ସାର ବିକ୍ରି ବେଳେ ନାନୋ ନାମକ ଏକ ତରଳ ପଦାର୍ଥ ନେବକୁ ବାଧ କରଯାଉଛି। ତେଣୁ ଚାଷୀଙ୍କ ଉପରେ ଅତ୍ୟାଚାର ବନ୍ଦ କରିବାକୁ ଦାବି କରାଯାଇଛି। ଏ ନେଇ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଗୋକୁଳ ଚନ୍ଦ୍ର ପ୍ରଧାନକୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ଆଗାମୀ ରବିବାର ସୁଦ୍ଧା ଚଢ଼ଉ ଏବଂ ତଦନ୍ତ କରାଯାଇ ଅଭିଯୁକ୍ତ ମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଏବଂ ସମସ୍ତ ଚାଷୀଙ୍କୁ ୟୁରିଆ ସାର ପ୍ରଦାନ କରା ନଗଲେ ଆଗାମୀ ସୋମବାର କୃଷି ବିଭାଗ ଅଧିକାରୀଙ୍କ ବିରୋଧରେ ଥାନାରେ ଏତଲା ଏବଂ ଆନ୍ଦୋଳନକୁ ଜୋରଦାର କରାଯିବ ବୋଲି ଆନ୍ଦୋଳନର ନେତୃତ୍ୱ ନେଉଥିବା ପୂର୍ବତନ ମନ୍ତ୍ରୀ ଶ୍ରୀ ନନ୍ଦ ଚେତବନୀ ଦେଇଛନ୍ତି। ସମସ୍ତ ଚାଷୀଙ୍କୁ ସୁଚାରୁ ରୂପେ ସାର ପ୍ରଦାନ ସହ ତଦନ୍ତ କରାଯିବ ବୋଲି ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଶ୍ରୀ ପ୍ରଧାନ ପ୍ରତିଶ୍ରୁତି ଦେଇଛନ୍ତି। ଏହି ଅବସରରେ ପୂର୍ବତନ ମନ୍ତ୍ରୀ ପଦ୍ମିନୀ ଦିଆନ, ବିଧାୟକ ଚନ୍ଦ୍ରଶେଖର ମାଝି, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ରାଧା ଗୋବିନ୍ଦ ସାମନ୍ତରାୟ, ନାଗରାଜ ଦୋରା, ଦୁର୍ଗାପ୍ରସାଦ ମିଶ୍ର,ବାଲା ରାୟ, କୃଷକ କଲ୍ୟାଣ ମଞ୍ଚର ନରେନ୍ଦ୍ର ପ୍ରଧାନ ଏବଂ ଏକହଜାରରୁ ଊର୍ଦ୍ଧ୍ୱ ଚାଷୀ, ବିଜେଡି କର୍ମୀ ମାନେ ଉପସ୍ଥିତ ଥିଲେ। ଆଇନ ଶୃଙ୍ଖଳା ପାଇଁ ବ୍ୟାପକ ପୁଲିସ ମୁତୟନ ଜିଲ୍ଲା ମୁଖ୍ୟ କାର୍ଯ୍ୟାଳୟ ଫାଟକ ସମ୍ମୁଖରେ କରାଯାଇଥିଲା।

## ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ମନ୍ତ୍ରୀଙ୍କୁ ସମ୍ବର୍ଦ୍ଧନା



ମୁନିଗୁଡା, ୨୬।୮(ସମିସ): ଆଜି ଅମ୍ବାଦଲା ଠାରେ ଅମ୍ବାଦଲା ବିଜେପି ପକ୍ଷରୁ ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ବିଭାଗ ମନ୍ତ୍ରୀଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଛି। ମିଶ୍ରଣ ପର୍ବ ଉପଲକ୍ଷେ କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ଅଭିମୁଖେ ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ବିଭାଗ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ଗସ୍ତ କରିବା ସମୟରେ ପ୍ରଥମେ ଅମ୍ବାଦଲା ସ୍ଥିତ ପଞ୍ଚମୁଖୀ ହନୁମାନ ବାଟିକା ଠାରେ ପହଞ୍ଚି ଭଗବାନ ହନୁମାନଙ୍କ ନିକଟରେ ପୂଜାର୍ଚ୍ଚନା କରିବା ପରେ ବିଷମ କଟକ ନିର୍ବାଚନ ମଣ୍ଡଳୀର ଅମ୍ବାଦଲା ଠାରେ ମଣ୍ଡଳ ସଭାପତି ଅନନ୍ତ ମାଲଦୋରା ଓ ବିଜେପିର ବରିଷ୍ଠ ନେତା ଭିକାରୀ ନାହାକଙ୍କ ନେତୃତ୍ୱରେ ଭବ୍ୟ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଥିଲା। ମନ୍ତ୍ରୀ ଶ୍ରୀ ମଲ୍ଲିକଙ୍କ ସହ କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ଗୋପୀ ଆନନ୍ଦ, ପୂର୍ବତନ ଜିଲ୍ଲା ସଭାପତି ଦେବାଶିଷ ପଣ୍ଡା ପ୍ରମୁଖ ଉପସ୍ଥିତ ଥିବା ବେଳେ କାର୍ଯ୍ୟକ୍ରମରେ ଅମ୍ବାଦଲା ମଣ୍ଡଳର ଜଗଦଳପୁର, ସରଧାପୁର, ରାଘୁବାରି, ଡିମିରିଗୁଡ଼ା, ଇଛାପୁର, ଅମ୍ଲାଭଟା, ରାଣୀପିଣ୍ଡା, ଅମ୍ବାଦଲା, ଘମଟ ଗୁଡ଼ା ଅଞ୍ଚଳର ଶତାଧିକ ବିଜେପି କର୍ମୀ ଯୋଗ ଦେଇଥିଲେ।

### ● ଆମଲା ସଂଘର ଆନ୍ଦୋଳନ

## ତହସିଲ କାର୍ଯ୍ୟାଳୟକୁ ଆସି ଲୋକେ ନିରାଶ



ବନ୍ଧୁଗାଁ,୨୬।୮(ସମିସ): ରାଜସ୍ୱ ଅମଲା ସଂଘର ଆନ୍ଦୋଳନ ଯୋଗୁଁ ବନ୍ଧୁଗାଁ ବ୍ଲକ ତହସିଲ କାର୍ଯ୍ୟାଳୟକୁ ଲୋକେ ଆସି ନିରାଶ ହୋଇ ଫେରୁଛନ୍ତି। ଆନ୍ଧ୍ର ସୀମାନ୍ତରେ ଥିବା ଗ୍ରାମ ଗୁଡିକର ଲୋକେ ରାଜସ୍ୱ ଆମଲା ସଂଘର ଆନ୍ଦୋଳନ ଆଜକୁ ପ୍ରାୟ ୧୫ ଦିନ ହେବ ଚାଲିଛି। ଗ୍ରାମାଞ୍ଚଳର ଲୋକେ ଏ ସମ୍ପର୍କରେ ଅବଗତ ନାହାନ୍ତି। ବହୁ ଦୂରରେ ଥିବା ଉପାନ୍ତ ଅଞ୍ଚଳରୁ ଲୋକମାନେ ଅଟୋ ଗାଡ଼ି ଭଡ଼ା ଖର୍ଚ୍ଚ କରି ଆସି ତହସିଲ କାର୍ଯ୍ୟାଳୟରୁ ନିରାଶ ହୋଇ ଫେରୁଛନ୍ତି। ପ୍ରତି ବ୍ଲକରେ ଥିବା ରାଜସ୍ୱ କାର୍ଯ୍ୟାଳୟରେ କାର୍ଯ୍ୟରତ କର୍ମଚାରୀ ରହି ଆସୁଥିଲେ। ସେମାନଙ୍କ ଦାବି ପୂରଣ ପାଇଁ ଦୀର୍ଘ ଦିନ ଧରି ଆନ୍ଦୋଳନ ସାଧାରଣ ଲୋକଙ୍କ ଜୀବନ ଜୀବିକା ଉପରେ ପ୍ରଭାବ ପଡିଛି। ରାଜ୍ୟ ସରକାର କାର୍ଯ୍ୟାନୁଷ୍ଠାନ ପାଇଁ ଜିଲ୍ଲାପାଳଙ୍କୁ ଚିଠି ଲେଖିବା ପରେ ତହସିଲ କାର୍ଯ୍ୟାଳୟରେ କର୍ମଚାରୀ ଆସି ପହଞ୍ଚି ଥିବା ତହସିଲ ସୁପରଭାଇଜର ଗୌରାଙ୍ଗ ଚରଣ ଗମାଙ୍ଗ ଜଣାଇଛନ୍ତି। ଅଧିକ ଜାଣିବା ପାଇଁ ତହସିଲଦାର ସୋନାଲିପାତ୍ରଙ୍କୁ ଫୋନ କରିବାରୁ ଫୋନ୍ କରାଯାଇଥିଲେ ମଧ ସେ କଲ୍ ରିସିଭ୍ କରିନଥିଲେ।

## ଲଗାଣ ବର୍ଷାରେ ମାଥିଲି ବେହାଲ୍



ମାଥିଲି, ୨୬।୮(ସମିସ): ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକରେ କିଛି ଦିନ ଦେବ ଲଗାଣ ବର୍ଷାରେ ଜନଜୀବନ ବେହାଲ ହୋଇଛି। ପ୍ରଶାସନିକ ଅଧିକାରୀ ଏ ପର୍ଯ୍ୟନ୍ତ କେହି ଆସି ନଥିବା ଅଭିଯୋଗ କରିଛନ୍ତି ସ୍ଥାନୀୟ ଲୋକମାନେ। ମାଥିଲି ବ୍ଲକରେ ଟେମୁରୁ ପାଲ୍ଲୀ,କାର୍ତ୍ତନ ପାଲ୍ଲୀ ଓ କିଅଙ୍ଗ ପଞ୍ଚାୟତର ଅନେକ ଲୋକ ଏବେ ଜଳବନ୍ଦୀରେ ଅଛନ୍ତି। ସେମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି ବୋଲି ଅଭିଯୋଗ କରିଛନ୍ତି।

## ଜିଲ୍ଲାସ୍ତରୀୟ ଆଦି କର୍ମଯୋଗୀ ଅଭିଯାନ ବୈଠକ

ମାଲକାନଗିରି, ୨୬।୮(ସମିସ): ଆଜି ଅପରାହ୍ନରେ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ପ୍ରଶାସନ ଓ ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ଆନୁକୁଲ୍ୟରେ ଆଦି କର୍ମଯୋଗୀ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟଙ୍କ ନିର୍ଦ୍ଦେଶ କ୍ରମେ ଉକ୍ତ ସମ୍ମିଳନୀରେ ଅତିରିକ୍ତ ଜିଲ୍ଲାପାଳ ସାଧାରଣ ସୋମନାଥ ପ୍ରଧାନ ଅଧ୍ୟକ୍ଷତା କରି କହିଥିଲେ ଯେ, ଅନୁସୂଚିତ ଜନଜାତି ମାନଙ୍କର ସର୍ବାଙ୍ଗୀନ ବିକାଶ ନିମନ୍ତେ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ମିଳିତ ସହଯୋଗରେ 'ଆଦି କର୍ମଯୋଗୀ ଅଭିଯାନ' ନାମରେ ଏକ ଯୁଗାନ୍ତକାରୀ କାର୍ଯ୍ୟକ୍ରମ ଚଳିତ ବର୍ଷ ତଥା ୨୦୨୫ ଅଗଷ୍ଟ ମାସରୁ ଓଡିଶାର ୨୨ଗୋଟି ଜିଲ୍ଲାରେ କାର୍ଯକାରୀ ହେବାକୁ ଯାଉଛି। ଏହି ଜିଲ୍ଲାମାନଙ୍କ ଭିତରେ ଆମ ମାଲକାନାଗିରି ଜିଲ୍ଲା ଅନ୍ତର୍ଭୁକ୍ତ ଅଛି। ଜିଲ୍ଲାର ୭ଟି ବ୍ଲକର ୪୨୫ ଆଦିବାସୀ ବହୁଳ ଗ୍ରାମରେ ଯଥା ଚିତ୍ରକୋଣ୍ଡା ବ୍ଲକ୍‌ର ୧୧୩ ଟି ଗ୍ରାମ, ମାଥିଲି ବ୍ଲକ୍ ର ୧୧୬ ଟି ଗ୍ରାମ, ଖଇରପୁଟ ବ୍ଲକର ୮୧ ଟି ଗ୍ରାମ, କାଲିମେଲା ବ୍ଲକ୍ ର ୩୩ ଟି ଗ୍ରାମ, ମାଲକାନଗିରି ବ୍ଲକ୍ ର ୪୭, ପଡ଼ିଆ ବ୍ଲକ୍‌ର ୧୮ ଟି ଗ୍ରାମ ଓ କୋରୁକୋଣ୍ଡା ବ୍ଲକ୍‌ର ୧୭ ଟି ଗ୍ରାମରେ ଏହି ଅଭିଯାନର ସଫଳ ରୂପାୟନ ହେବାକୁ ଯାଉଛି। ଏହି ୭ଟି ବ୍ଲକ୍‌ର ୭୦ ହଜାର ୯ ୯ ୬ ଗୃହର ୩ ଲକ୍ଷ ୧୫ ହଜାର ୯୩୮ ଜଣ ଲୋକ ଜନଜାତି ଅନ୍ତର୍ଭୁକ୍ତ ହେବେ। ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଓ ଜନଜାତୀୟ ଗୌରବ ବର୍ଷ ପାଳନ ଅବସରରେ ଗତ ଅକ୍ଟୋବର ୨ ତାରିଖରେ ଧରତୀ ଆବା ଜନଜାତୀୟ ଗ୍ରାମ ଉତ୍କର୍ଷ ଅଭିଯାନର ଶୁଭାରମ୍ଭ କରାଯାଇଥିଲା। ଆଦି କର୍ମଯୋଗୀ ଅଭିଯାନ ଏହି ଯୋଜନାର ପୂର୍ଣ୍ଣାଙ୍ଗ ପରିପ୍ରକାଶ। ଏହି ଅଭିଯାନ ମାଧ୍ୟମରେ ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ, ପଞ୍ଚାୟତ ଓ ପାନୀୟଜଳ, ଗ୍ରାମ ଉନ୍ନୟନ, କୃଷି, ମହିଳା ଓ ଶିଶୁ ବିକାଶ, ଜଙ୍ଗଲ ପରିବେଶ ଓ ସର୍ବୋପରି ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର ସହଭାଗିତାରେ ଅନୁସୂଚିତ ଜନଜାତି ବହୁଳ ଗ୍ରାମ ମାନଙ୍କରେ ତୃଣମୂଳ ସ୍ତରରେ ପ୍ରଶାସନକୁ ପହଞ୍ଚାଇବାକୁ ଲକ୍ଷ୍ୟ ରଖାଯାଇଛି। ଯୋଜନାର ପ୍ରଚାର ପ୍ରସାର ଓ ଅତ୍ୟାବଶ୍ୟକ ସେବାର ଉପଲବ୍ଧତା କରାଇବା ପାଇଁ ୭ ଟି ବ୍ଲକ୍ ରେ ପ୍ରାୟ ୫୦ ହଜାର ଆଦିବାସୀ କ୍ୟାଡର ସୃଷ୍ଟି କରାଯିବ।। ଏମାନଙ୍କୁ ଆଦି କର୍ମଯୋଗୀ, ଆଦି ସହଯୋଗୀ ଏବଂ ଆଦି ସାଥୀ ନାମରେ ଅବିହିତ କରାଯାଇ ସରକାର ଓ ଅନୁସୂଚିତ ଜନଜାତି ସମ୍ପ୍ରଦାୟଙ୍କ ମଧ୍ୟରେ ଏକ ସେତୁ ସୃଷ୍ଟି କରାଯିବ। ଏହି ବୈଠକରେ ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାସକ ହଳଧର ଶବର ସ୍ୱାଗତ ଭାଷଣ ପ୍ରଦାନ କରି ବୈଠକର ଆଭିମୁଖ୍ୟ ବିଷୟରେ ଉପସ୍ଥାପନ କରିଥିଲେ। ଏହି କାର୍ଯ୍ୟକ୍ରମରେ ସିଭିଲ ସୋସାଇଟି ଓରଗାନାଇଜେସନ ରହିଥିବା ପିରାମଲ ଫାଉଣ୍ଡେସନ ପ୍ରତିନିଧି ରାଜାରାମ ମଲ୍ଲିକ ସମସ୍ତଙ୍କୁ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀ, ବିଡିଓ, ତହସିଲଦାରଙ୍କ ସମେତ ଆଇଟିଡିଏ ବିଭାଗର କର୍ମଚାରୀ ଉପସ୍ଥିତ ଥିଲେ।

## ମତ୍ସ୍ୟ ଓ ପଶୁ ସମ୍ପଦ ବିଭାଗ ମନ୍ତ୍ରୀଙ୍କ ବିଷମକଟକ ଗସ୍ତ

ବିଷମ କଟକ, ୨୬।୮(ସମିସ): ଓଡ଼ିଶା ସରକରଙ୍କ ମତ୍ସ୍ୟ ଓ ପଶୁ ସମ୍ପଦ ବିଭାଗ ମନ୍ତ୍ରୀ ଗୋକୁଳ ନନ୍ଦ ମଲ୍ଲିକ ବିଷମ କଟକ ଗସ୍ତ କରିଛନ୍ତି। ଆଜି ସନ୍ଧ୍ୟା ସମୟରେ ମନ୍ତ୍ରୀ ଶ୍ରୀ ମଲ୍ଲିକ ଭବାନୀପାଟଣାରେ କାର୍ଯ୍ୟକ୍ରମ ସାରି ଭୁବନେଶ୍ୱର ଫେରୁଥିବା ବେଳେ ବିଷମ କଟକ ବିଜେପି ଦଳୀୟ କର୍ମୀ ଉପସ୍ଥିତି ରହି ବିଷମକଟକ ନେତାଜୀ ଛକରେ ମନ୍ତ୍ରୀଙ୍କୁ ଫୁଲତୋଡା ଦେଇ ସ୍ୱାଗତ ଜଣାଇଥିଲେ। ଶ୍ରୀ ମଲ୍ଲିକ ଦଳୀୟ କର୍ମୀ ସହ କିଛି ସମୟ ସଂଗଠନ ସଂକ୍ରାନ୍ତରେ ଆଲୋଚନା କରିଥିଲେ। ଏଥି ସହିତ ବିଷମ କଟକ ବ୍ଲକ ପଶୁ ସମ୍ପଦ ବିଭାଗୀୟ ଅଧିକାରୀ ମାନଙ୍କ ସହ ଆଲୋଚନା କରି ବିଭାଗ ଦ୍ୱାରା ପ୍ରଦତ୍ତ ଯୋଜନାର ସୁଫଳ ଲୋକେ ପାଉଛନ୍ତି କି ନାହିଁ ସେ ସମ୍ପର୍କରେ ପଚାରି ବୁଝିଥିଲେ। ମନ୍ତ୍ରୀଙ୍କ ଗସ୍ତ ସମୟରେ ବିଜେପି ଦଳର ବାଦଲ ରଣା, ଦୁର୍ଯ୍ୟୋଧନ ପାଲ୍, ସର୍ବେଶ୍ୱର ସୁନା, ସାଇରାମ୍ ପଟ୍ଟନାୟକ, ଅନିଲ କୁମାର ସାହୁ, ଗୌତମ ଉଲାକା, ଶିବ ପ୍ରସାଦ ପାଢ଼ୀ, ମନୋଜ କୁମାର ପଣ୍ଡାଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ।

### ଚାକିରି ନାଁରେ ଟଙ୍କା ହଡ଼ପ

# ଗଣଶିକ୍ଷା ମନ୍ତ୍ରୀଙ୍କ ସ୍ୱାକ୍ଷର, ଷ୍ଟାମ୍ପ ବ୍ୟବହାର!

କୋଷାଗୁମୁଡା,୨୬।୮(ସମିସ): ଚାକିରି କରାଇ ଦେବା ନାଁରେ ଠକେଇ ଅଭିଯୋଗ ନେଇ ଥାନାର ଦ୍ୱାରସ୍ଥ ହେଲେ ଲୋକେ। ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ବ୍ଲକ କୋଡ଼ିଙ୍ଗା ଥାନାରେ ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି। କୋଷାଗୁମୁଡା ବ୍ଲକର ବିଭୁ ପ୍ରସାଦ ସାହୁଙ୍କ (ସ୍ତ୍ରୀ ଗୀତାଞ୍ଜଳୀ ସାହୁ ଏବଂ ଶାଳୀ ଗାୟିତ୍ରୀ ସାହୁ), କର୍ଚ୍ଚାମାଳ ଗାଁର ସନ୍ତୋଷ ମାଳି, ଶଙ୍କରଦା ଗାଁର ପ୍ରଦୀୟୁସ ଆଶିଷ ଗଣ୍ଡା, ପୋଇଡିଗୁଡା ଗାଁର କାଶୀନାଥ ନାୟକ, ଦୋଳପତି ପୁଟ(ମାଥିଲି) ତଥା ମାଲକାନଗିରି ଜିଲ୍ଲାର କାର୍ତ୍ତିକ ପ୍ରଧାନୀଙ୍କ ଠାରୁ ଓ ଚିର୍ମା ଗ୍ରାମର ଭବାନୀ ଶଙ୍କର ରାଉତଙ୍କ ଠାରୁ ପ୍ରାଇଭେଟ ଲିମିଟେଡ଼ ଭୁବନେଶ୍ୱରରୁ ବିଭିନ୍ନ ବିଭାଗରେ ଚାକିରି କରାଇ ଦେବାକୁ କହି ଲକ୍ଷାଧିକ ଟଙ୍କା ନିଜ ଆକାଉଣ୍ଟ ଓ ସହଯୋଗୀଙ୍କ ଆକାଉଣ୍ଟରେ ନେଇ ଚୁପ ରହିଯାଇଥିଲେ ଠକ। ବର୍ଷ ବର୍ଷ ଧରି ଚାକିରି ଯୋଗାଇ ନଦେବାକୁ ନେଇ ସମସ୍ତ ଯୁବକ ଏକତ୍ରିତ ହୋଇ ରବିବାର ସନ୍ଧ୍ୟାରେ କୋଡ଼ିଙ୍ଗା ଥାନାରେ ବ୍ୟକ୍ତିଗତ ଭାବରେ ଗୋଟିଏ ଗୋଟିଏ ଲିଖିତ ଅଭିଯୋଗ ପତ୍ର ଦାଖଲ କରିଛନ୍ତି। ସମସ୍ତ ଯୁବକମାନଙ୍କ



ଅଭିଯୋଗ ପ୍ରକାରେ କୋଡ଼ିଙ୍ଗା ରେ ରହୁଥିବା ଜଣେ ନିଲମ୍ବିତ ଶିକ୍ଷକ ତଥା ପ୍ରଦୀପ୍ତ କୁମାର ସାହୁ ବିଭିନ୍ନ ଚାକିରି କରେଇ ଦେବା ପ୍ରଲୋଭନ ଦେଖାଇ ଲକ୍ଷାଧିକ ଟଙ୍କା ହଡ଼ପ କରି ଚୁପ ରହିଛନ୍ତି। ଏହାର ପ୍ରମାଣର ନକଲ କପି ପୋଲିସକୁ ଅଭିଯୋଗକାରୀ ମାନେ ଦେଇଛନ୍ତି। ଆଦିବାସୀ ଅଞ୍ଚଳରେ ଏଭଳି ର୍‌ୟାକେଟ୍ ଚଳାଇ ଟଙ୍କା ହଡପ କରାଯାଉଛି। ଟଙ୍କା ଫେରସ୍ତ ମାଗିଲେ ନାଲି ଆଖି ଦେଖାଉଛନ୍ତି ବୋଲି ଥାନାରେ ଏତଲା ଦେଇଥିବା ଯୁବକ କହିଛନ୍ତି। ଯୁବକ ମାନେ କୋଡ଼ିଙ୍ଗାରେ ରହୁଥିବା ପ୍ରଦୀପ୍ତ କୁମାର ସାହୁଙ୍କ ନାମରେ ଟଙ୍କା ହଡପ କରିଥିବା ସିଧା ସିଧା ଏତଲା କପିରେ ଉଲ୍ଲେଖ କରିଛନ୍ତି। ପ୍ରଦୀପ୍ତ କୁମାର ସାହୁ ଶିକ୍ଷକ ଭାବେ ବଡ ଆମ୍ବଡା ସାରକାରୀ ବିଦ୍ୟାଳୟରେ କାର୍ଯ୍ୟରତ ଥିଲେ। କିନ୍ତୁ ବର୍ତ୍ତମାନ କାର୍ଯ୍ୟରୁ ନିଲମ୍ବିତ ହୋଇ ଘରେ ବସି ରହିଛନ୍ତି। ଅଞ୍ଚଳର ଗରିବ ନିରୀହ, ସରଳ ଯୁବକ ମାନଙ୍କୁ ଚାକିରି କରାଇ ଦେବା ନାମରେ ତାଙ୍କ ଜାଲରେ ପକାଇ ଟଙ୍କା ହଡପ କରୁଛନ୍ତି। କମ୍ପ୍ୟୁଟର ଶିକ୍ଷକ ହେଉ ବା ସୁଭଦ୍ରା ହେଲ୍ପ ଡେସ୍କରେ ବା ସିକ୍ୟୁରିଟି ଚାକିରି ପାଇଁ ବିଭିନ୍ନ ଘରୋଇ ସଂସ୍ଥାରେ ଚାକରି କରାଇବା ନାଁରେ ଗାଁ ଗାଁ ବୁଲି ବେକାର ଯୁବକଙ୍କ ଠାରୁ ଟଙ୍କା ଲୁଟ କରୁଛନ୍ତି। ଚାକିରି ଦେବା ପାଇଁ ଠକ ମାନେ ଓଡ଼ିଶାର ଶିକ୍ଷା ମନ୍ତ୍ରୀ ତଥା ନିତ୍ୟନନ୍ଦ ଗଣ୍ଡଙ୍କ ସ୍ୱାକ୍ଷର ଓ ଷ୍ଟାମ୍ପ ପେପରରେ ନିଯୁକ୍ତି ପତ୍ର ଦେଇଥିବା ଦେଖିବାକୁ ମିଳିଛି। ବର୍ତ୍ତମାନ ଏତଲା ଦେବାର ୨ଦିନ ବିତି ଯାଇଛି। ମଙ୍ଗଳବାର ସୁଦ୍ଧା ଥାନାରେ ମାମଲା ରୁଜୁ ହୋଇନଥିବାକୁ ନେଇ ଅଭିଯୋଗକାରୀ ମାନେ ମଙ୍ଗଳବାର ସନ୍ଧ୍ୟାରେ କୋଡ଼ିଙ୍ଗା ଥାନା ପୁନର୍ବାର ଯାଇଥିବା ଜଣାପଡିଛି।

### ■ ବିଭିନ୍ନ ସ୍ଥାନରେ ଫୁଲିଲା ନଦୀ

## ଉପୁଜିଛି ବନ୍ୟା ପରିସ୍ଥିତି, ସ୍ଥିତି ଅନୁଧ୍ୟାନ ପାଇଁ ନିର୍ଦ୍ଦେଶ

କୁନ୍ଦୁରା,୨୬।୮(ସମିସ): ଲଗାଣ ବର୍ଷାରେ ବେହାଲ କୁନ୍ଦୁରା ବ୍ଲକ। କୁର୍ଲୁ ଏବଂ ବିରି ନଦୀ ବ୍ରିଜ ଉପରେ ୩ ଫୁଟ ପାଣି ପ୍ରବାହିତ ହେଉଥିବା ବେଳେ ଯୋଗାଯୋଗ ବିଚ୍ଛିନ୍ନ ହୋଇପଡିଛି। ସେହିପରି ବିଭିନ୍ନ ସ୍ଥାନରେ ବନ୍ୟା ପରିସ୍ଥିତି ଉପୁଜିଛି। କୁର୍ଲୁ ନଦୀ ବ୍ରିଜ ଉପରେ ବନ୍ୟା ଜଳ ପ୍ରବାହିତ ହେଉଥିବା ଯୋଗୁଁ ଲିମା ଏବଂ ଆସନା ଯୋଗାଯୋଗ ବିଚ୍ଛିନ୍ନ ହୋଇପଡିଛି। କୁନ୍ଦୁରା କଦଳୀମୁଣ୍ଡା ରାସ୍ତାରେ ଯାତାୟାତ ବାଧା ସୃଷ୍ଟି ହୋଇଛି। ଅନ୍ୟପଟେ ଦିଗାପୁର ନିକଟରେ ପ୍ରବାହିତ ବିରି ନଦୀ ଫୁଲିଛି। ବର୍ଷା ପାଣି ପୋଲ ଉପରେ ପ୍ରବାହିତ ହେଉଥିବା ବେଳେ ବ୍ଲକ ସଦର ମହକୁମାକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇଛି। କୁନ୍ଦୁରା ବ୍ଲକକୁ ଘେରି ରହିଥିବା କୋଲାବ ନଦୀରେ ମଧ ବନ୍ୟା ଜଳ ଉଚ୍ଛୁଳୁଥିବା ବେଳେ ଲୋକେ ଆତଙ୍କିତ ହୋଇପଡିଛନ୍ତି। ଚିଲିଗୁଡା କଣ୍ଟାପଦର ନଦୀ ପୋଲରେ ୩ ଫୁଟ ଉଚ୍ଚରେ ପାଣି ପ୍ରବାହିତ ହେଉଛ। ଯାଦ୍ୱାରା ପୋଲ ଭାଙ୍ଗିବା ଆଶଙ୍କା କରୁଛନ୍ତି ଗାଁ ଲୋକେ। ବ୍ଲକର ଦିଗାପୁର, ମସିଗାଁ, ଘୁମର, ଲିମା, ଆସନା, କେରିମିଟି ଅଞ୍ଚଳରେ ବନ୍ୟା ପରିସ୍ଥିତି ଉପୁଜିଛି। ଏହାକୁ ନେଇ ବନ୍ୟା ଅଞ୍ଚଳକୁ ତହସିଲଦାର ବିନୋଦ ଚନ୍ଦ୍ର ନାଏକ ଯାଇ ସ୍ଥିତି ଅନୁଧ୍ୟାନ କରୁଛନ୍ତି। କୁନ୍ଦୁରା ବିଡ଼ିଓ ପି.ମନସ୍ମିତା ବିଭାଗୀୟ ଅଧିକାରୀଙ୍କୁ ନିଜ ଅଞ୍ଚଳରେ ରହି



ସ୍ଥିତି ଅନୁଧ୍ୟାନ ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି। ବ୍ଲକର ସମସ୍ତ ସରକାରୀ କର୍ମଚାରୀ ଯାହାକି ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ, ଗ୍ରାମ ରୋଜଗାର ସେବକ, ଯୋଗାଣ ସହାୟକ, ରାଜସ୍ୱ ନିରୀକ୍ଷକ ନିଜ ନିଜ ଅଞ୍ଚଳରେ ରହି ସ୍ଥିତି ଅନୁଧ୍ୟାନ କରୁଛନ୍ତି।

## ମରଣାନ୍ତକ ଆକ୍ରମଣ ମାମଲାରେ ଫେରାର ଅଭିଯୁକ୍ତ ଗିରଫ

ଜୟପୁର,୨୬।୮(ସମିସ): ଜୟପୁର ଟାଉନଥାନା ପୁଲିସ ସ୍ଥାନୀୟ ଦୈନିକ ବଜାରରେ ମଦ୍ୟପାନ କରିବା ସହ ଗଣ୍ଡଗୋଳ ଏବଂ ମରଣାନ୍ତକ ଆକ୍ରମଣ ମାମଲାରେ ଗୋପବନ୍ଧୁ ନଗର ଅଞ୍ଚଳର ଫେରାର ଅନ୍ୟତମ ଦୁର୍ଦ୍ଦାନ୍ତ ଅପରାଧି ବାଦଲ ନାଗ (୨୯)ଙ୍କୁ ଗିରଫ କରିବା ସହ କୋର୍ଟ ଚାଲାଣ କରିଛି। ପୁଲିସ ସୂଚନା ଅନୁଯାୟୀ, ଗତ କିଛି ଦିନ ପୂର୍ବେ ଜୟପୁର ଦୈନିକ ବଜାରରେ ପୂର୍ବ ଶତ୍ରୁତାକୁ ନେଇ ଓଡ଼ିଆ ମେଦ୍ରୀ ସାହିର ହେମନ୍ତ ପରଜାଙ୍କୁ ଗୋପବନ୍ଧୁ ନଗରର ଦୁଇ ଦୁର୍ଦ୍ଦାନ୍ତ ଅପରାଧି ଏକ କ୍ରିକେଟ୍ ବ୍ୟାଟ୍ ସହାୟତାରେ ଆକ୍ରମଣ କରିବା ଯୋଗୁଁ ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିଲା। ପ୍ରଚୁର ରକ୍ତସ୍ରାବ ଯୋଗୁଁ ଅଭିଯୋଗକାରୀ ଗୁରୁତର ଆହତ ହୋଇ ଜିଲ୍ଲା ଚିକିତ୍ସାଳୟରେ ଚିକିତ୍ସିତ ହୋଇ ଘରକୁ ଫେରିଥିଲେ। ଏଥିନେଇ ଅଭିଯୋଗକାରୀଙ୍କ ଏତଲାକୁ ଭିତ୍ତି କରାଯାଇ ପୁଲିସ ମରଣାନ୍ତକ ଆକ୍ରମଣ ମାମଲାରେ ଏକ ମାମଲା (୩୦୪/୨୫) ରୁଜୁ କରିଛି। ଗତକାଲି ଏହି ମାମଲାରେ ଅନ୍ୟତମ ଅଭିଯୁକ୍ତ ଗୋପବନ୍ଧୁ ନଗରର ଗଣେଷ ପୂଜାରୀକୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଥିଲା ବୋଲି ତଦନ୍ତକାରୀ ଏସ୍ଆଇ ରୁଚିକାନ୍ତ ମହାକୁର ସୂଚନା ଦେଇଛନ୍ତି।

## ଡୁଡୁମା ଜଳପ୍ରପାତ ; କର୍ତ୍ତୃପକ୍ଷଙ୍କ ନିଷେଧାଜ୍ଞା ମାନୁନାହାନ୍ତି ପର୍ଯ୍ୟଟକ

# ଅସାବଧାନତା ପାଇଁ ଯାଉଛି ଜୀବନ

କୋରାପୁଟ,୨୬।୮(ସମିସ): କୋରାପୁଟ ଜିଲ୍ଲାର ବିଭିନ୍ନ ପର୍ଯ୍ୟଟନ ସ୍ଥଳୀ ମଧ୍ୟରୁ ଡୁଡୁମା ଜଳପ୍ରପାତ ପର୍ଯ୍ୟଟନ ମାନଚିତ୍ରରେ ସ୍ୱତନ୍ତ୍ର ମାନ୍ୟତା ପାଇଛି। ପ୍ରାକୃତିକ ସୌନ୍ଦର୍ଯ୍ୟରେ ଭରପୂର ବଣ ପାହାଡ଼ ଭିତରେ ସ୍ୱଚ୍ଛ ଜଳଧାରା ପଡୁ ଥିବା ମନୋରମ ଦୃଶ୍ୟର ମଜା ନେବାକୁ ସମସ୍ତେ ଚାହିଁଥାଆନ୍ତି। ବର୍ଷ ତମାମ ଦେଶ ବିଦେଶରୁ ଲକ୍ଷ ଲକ୍ଷ ପର୍ଯ୍ୟଟକ ଡୁଡୁମା ଜଳ ପ୍ରପାତ ବୁଲିବାକୁ ଆସିଥାନ୍ତି। ବାସ୍ତବରେ ଡୁଡୁମା ଜଳପ୍ରପାତ ପର୍ଯ୍ୟଟନ ସ୍ଥଳୀ ଯେତେ ଆକର୍ଷଣୀୟ ସେତିକି ବିପଦ ପୂର୍ଣ୍ଣ ମଧ। ତେଣୁ ପର୍ଯ୍ୟଟକ ପାଦେ ପାଦେ ସତର୍କତା ଅବଲମ୍ବନ କରିବା ନିହାତି ଆବଶ୍ୟକ ଥିବାବେଳେ ସାମାନ୍ୟ ଅସାବଧାନତା ଯୋଗୁଁ ଜୀବନ ପ୍ରତି ବିପଦ ରହିଥାଏ। ତେଣୁ ଜିଲ୍ଲା ପ୍ରଶାସନ, ମାଛକୁଣ୍ଡ ଜଳ ବିଦ୍ୟୁତ ପ୍ରକଳ୍ପ ପ୍ରକଳ୍ପ କର୍ତ୍ତୃପକ୍ଷ ଏବଂ ଜଲାପୁଟ ଡ୍ୟାମ୍ କର୍ତ୍ତୃପକ୍ଷଙ୍କ ପକ୍ଷରୁ ପର୍ଯ୍ୟଟକ ମାନଙ୍କ ସୁରକ୍ଷା ନିମନ୍ତେ କେତେକ ନିର୍ଦ୍ଦେଶନାମା ଓ ନିଷେଧାଜ୍ଞା ଜାରି କରା ଯାଇଛି। ହେଲେ କେତେକ ପର୍ଯ୍ୟଟକ କର୍ତ୍ତୃପକ୍ଷଙ୍କ ନିୟମ ନ ମାନି ଜୀବନକୁ ବାଜି ଲଗାଇ ବିପଦ ମୁହଁକୁ ଚାଲି ଯାଉଛନ୍ତି ଓ ଜୀବନ ହରାଉଛନ୍ତି। ଗତ ଦୁଇ ମାସ ମଧ୍ୟରେ ଏଭଳି ଦୁଇଟି ଲୋମ ଟାଙ୍କୁରା ଦୁଃଖଦ ଘଟଣା ଡୁଡୁମା ଜଳ ପ୍ରପାତରେ ଦେଖିବାକୁ ମିଳିଛି। ପ୍ରଥମ ଘଟଣା ଗତ ଜୁନ୍ ୧୪ ତାରିଖରେ ଘଟିଥିଲା। ଭୁବନେଶ୍ୱରର ଅନିମେଷ ଦାସ ବଡ଼ଭାଇ, ଭାଉଜ ଏବଂ ପୁତୁରା ସହ କୋରାପୁଟ ବୁଲିବାକୁ ଆସି ଡୁଡୁମା ଜଳପ୍ରପାତ ଯାଇଥିଲେ। ଭାଇ ଭାଉଜଙ୍କ ବାରଣ ସତ୍ତ୍ୱେ ସେ ଜଳପ୍ରପାତର ପ୍ରାୟ ୫୫୦ ଫୁଟ ତଳକୁ ଯାଇ ଆଉ ଫେରି ନଥିଲେ। ଭାଇ ଭାଉଜ ବୁଲାବୁଲି ସାରି ବହୁ ସମୟ ଅପେକ୍ଷା କରିଥିଲେ କିନ୍ତୁ ଅନିମେଷ ନଫେରିବା ଯୋଗୁଁ ସେମାନେ ତଳକୁ ଯାଇ ତାଙ୍କ ଚପଲ କେବଳ ଥିବା ଦେଖିବାକୁ ପାଇ ଅନିମେଶ ପାଣିରେ ନିଖୋଜ ଥିବା ଜାଣି ପାରିଥିଲେ। ଡୁଡୁମାର ସ୍ଥାନୀୟ ବାସିନ୍ଦା ଖୋଜା ଖୋଜି କରିବା ସତ୍ତ୍ୱେ କୌଣସି ପତା ନମିଳିବା ପରେ ସେମାନେ ମାଛକୁଣ୍ଡ ଥାନା ଓ ଲମତାପୁଟ ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ପୁଲିସ ଓ ଅଗ୍ନିଶମ ବିଭାଗ କର୍ମଚାରୀ ଖୋଜା ଖୋଜି କରିଥିଲେ ମଧ ଆଜି ପର୍ଯ୍ୟନ୍ତ ଅନିନେଶଙ୍କର ଖୋଜ ଖବର ମିଳିନାହିଁ। ସେହିପରି ଚଳିତ ମାସ ୨୩ ତାରିଖରେ ସାଗର ଟୁଡୁ ନାମକ ଜଣେ ୟୁଟ୍ୟୁବର ଡୁଡୁମା ଜଳପ୍ରପାତରେ ଭାସି ଯାଇଛନ୍ତି। ବ୍ରହ୍ମପୁରର ସାଗର ଟୁଡୁ ଏବଂ ବନ୍ଧୁ କଟକର ଅଭିଜିତ ବେହେରା ଡୁଡୁମା ଜଳ ପ୍ରପାତ ବୁଲିବାକୁ ଆସିଥିଲେ। ବୁଲାବୁଲି କରିବା ପରେ ଉଭୟେ ମାଛକୁଣ୍ଡ ଜଳ ବିଦ୍ୟୁତ ପ୍ରକଳ୍ପର ସଂରକ୍ଷିତ ଜଳ ଭଣ୍ଡାର ତଳ ମୁଣ୍ଡରେ ଥିବା ପାହାଡି ନଦୀ ତଳକୁ ଭିଡିଓଗ୍ରାଫି ପାଇଁ ଯାଇଥିଲେ। ଦୁଇବନ୍ଧୁ ତଳ ମୁଣ୍ଡରେ




ପ୍ରାକୃତିକ ସୌନ୍ଦର୍ଯ୍ୟ ଉପଭୋଗ କରିବା ସହ ଡ୍ରୋନ୍ କ୍ୟାମେରାରେ ଭିଡିଓ ଉତ୍ତୋଳନ କରୁଥିଲେ। ହେଲେ ଜଳ ଭଣ୍ଡାରର ଜଳ ପତ୍ତନ ଆଶାତୀତ ଭାବେ ବୃଦ୍ଧି ପାଉ ଥିବାରୁ ଡ୍ୟାମର ସୁରକ୍ଷା ନିମନ୍ତେ ପ୍ରକଳ୍ପ କର୍ତ୍ତୃପକ୍ଷ ପୂର୍ବ ଘୋଷଣା ଅନୁଯାୟୀ ତିନି ଥର ସତର୍କ ସାଇରନ୍ ବଜାଇ ଡ୍ୟାମରୁ ଜଳ ନିଷ୍କାସନ କରିବା ଯୋଗୁଁ ଅନ୍ୟ ପର୍ଯ୍ୟଟକ ମାନେ ପାଟି କରି ଡାକିବା ଯୋଗୁଁ ଅଭିଜିତ ବେହେରା ଉପରକୁ ଚାଲି ଆସିଥିଲେ। କିନ୍ତୁ ଡ୍ରୋନ୍ କ୍ୟାମେରା ତଳକୁ ଆଣି ସେ ନଦୀରୁ ବାହାରିବେ ଭାବି ୟୁଟ୍ୟୁବର ସାଗର ଟୁଡୁ ନଦୀ ମଝିରେ ରହିଥିଲେ। କିଛି ସମୟ ପରେ ପ୍ରଖର ଜଳରେ ଭାସି ଯାଇଥିଲେ। ପୁଲିସ ଓ ଅଗ୍ନିଶମ ବିଭାଗ ତଲାସି ଜାରି ରଖିଥିଲେ ମଧ ଏଯାଏ ତାଙ୍କର କୌଣସି ପତ୍ତା ମିଳିନାହିଁ। ଏହା ଏକ ଅତ୍ୟନ୍ତ ଦୁଃଖଦ ଘଟଣା। ତେବେ ପର୍ଯ୍ୟଟକ ମାନେ ପ୍ରଶାସନ ଓ ପ୍ରକଳ୍ପ କର୍ତ୍ତୃପକ୍ଷଙ୍କ ଦ୍ୱାରା ଜାରି ନିର୍ଦ୍ଦେଶନାମାକୁ ଅଣଦେଖା କରିବା ପରିତାପର ବିଷୟ ବୋଲି ସ୍ଥାନୀୟ ବୁଦ୍ଧିଜୀବୀ ମତ ରଖିଛନ୍ତି। ସ୍ଥାନୀୟ ଲୋକଙ୍କ କହିବା ଅନୁଯାୟୀ ଲଗାଣ ବର୍ଷା ଯୋଗୁଁ ପ୍ରକଳ୍ପ କର୍ତ୍ତୃପକ୍ଷ ୧୮ ତାରିଖରେ ସର୍ବସାଧାରଣଙ୍କ ନିମନ୍ତେ ନୋଟିସ ଜାରି କରି ୧୮ ତାରିଖ ଠାରୁ ଆସନ୍ତା ୪-୫ ଦିନ ପର୍ଯ୍ୟନ୍ତ କେହି ତଳ ମୁଣ୍ଡକୁ ନଯିବାକୁ ବାରଣ କରିଥିଲେ। ମାଛକୁଣ୍ଡ ଜଳ ଭଣ୍ଡାରର ଜଳ ଧାରଣ କ୍ଷମତା ୨୭୫୦ ଫୁଟ ଥିବା ବେଳେ ୧୮ ତାରିଖ ପୂର୍ବାହ୍ନ ୧୧ ଟା ବେଳକୁ ୨୭୪୩.୭୫ ଫୁଟ ରହିଥିଲା, ତେଣୁ ଆସନ୍ତା ୪-୫ ଦିନ ମଧ୍ୟରେ ଯେ କୌଣସି ମୁହୂର୍ତ୍ତରେ ଜଳ ନିଷ୍କାସନ କରିବା ପାଇଁ କର୍ତ୍ତୃପକ୍ଷ ସାଧାରଣରେ ନୋଟିସ ଜାରି କରିଥିଲେ। ସେହିପରି ଜଳ ପ୍ରପାତର ଅତି ନିକଟ ଓ ତଳ ମୁଣ୍ଡକୁ ଯିବା, କିମ୍ବା ବିପଦ ଜନକ ସ୍ଥିତିରେ ଫୋଟ କିମ୍ବା ଭିଡିଓ ସୁଟିଂ ନକରିବା ପାଇଁ ମଧ ବ୍ଲକ ପ୍ରଶାସନ ପକ୍ଷରୁ ବାରଣ କରାଯାଇଛି। କିନ୍ତୁ ପର୍ଯ୍ୟଟକ ମାନେ ସେଥିପ୍ରତି ଗୁରୁତ୍ୱ ନଦେଇ ବିପଦ ମୁହଁକୁ ଚାଲି ଯାଉଥିବା ସ୍ଥାନୀୟ ଅଞ୍ଚଳବାସୀ ପ୍ରତିକ୍ରିୟା ଦେଇ ପର୍ଯ୍ୟଟକ ମାନଙ୍କୁ ଏ ସମ୍ପର୍କରେ ସ୍ୱତନ୍ତ୍ର ସଚେତନ କରିବାକୁ ପ୍ରଶାସନକୁ ଅନୁରୋଧ କରିଛନ୍ତି।

# ଭାଲୁ ଆକ୍ରମଣରେ ଜଣେ ଗୁରୁତର



ନବରଙ୍ଗପୁର/ନନ୍ଦାହାଣ୍ଡି, ୨୬।୮ (ସମିସ) ଜଙ୍ଗଲକୁ ଛତୁ ଓ କରଡ଼ି ସଂଗ୍ରହ କରିବାକୁ ଯାଇ ଜଣେ ବ୍ୟକ୍ତି ଭାଲୁ ଆକ୍ରମଣର ଶିକାର ହୋଇଛନ୍ତି। ବ୍ୟକ୍ତି ଜଣଙ୍କ ନନ୍ଦାହାଣ୍ଡି ବ୍ଲକ ବି ମାଳିଗୁଡା ପଞ୍ଚାୟତ ଅନ୍ତର୍ଗତ ଚିଲିଗୁଡା ଗ୍ରାମର ରଘୁନାଥ ଗୌଡ଼ (୫୦)। ରଘୁନାଥଙ୍କୁ ନବରଙ୍ଗପୁର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।

ସୂଚନା ଅନୁଯାୟୀ ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ୍ ବି.ମାଳିଗୁଡ଼ା ପଞ୍ଚାୟତ ଅନ୍ତର୍ଗତ ଚିଲିଗୁଡା ଗ୍ରାମର ରଘୁନାଥ ଗୌଡ଼ ଆଜି ଭୋର ସମୟରେ ଗ୍ରାମ ଉପକଣ୍ଠରେ ଥିବା ଜଙ୍ଗଲକୁ ଛତୁ ଓ କରଡ଼ି ସଂଗ୍ରହ କରିବାକୁ ଯାଇଥିଲେ। ତେବେ ବାଉଁଶ ବୁଦା ଭିତରେ କରଡ଼ି କାଟୁଥିବା ବେଳେ ଗୋଟିଏ ଭାଲୁ ହାବୁଡ଼ରେ ପଡିଯାଇଥିଲେ। ଭାଲୁ ରଘୁନାଥଙ୍କୁ ଦେଖି ଆକ୍ରମଣ କରିଥିଲା। ରଘୁନାଥ ପ୍ରାଣ ବିକଳରେ ଭାଲୁ କବଳରୁ ଛଡେଇ ହୋଇ ଘରକୁ ଫେରି ଆସିଥିଲେ। ରଘୁନାଥଙ୍କ ହାତ ଓ ପିଠିରେ ଭାଲୁ ଆକ୍ରମଣ କରିଥିବା ଦେଖିବାକୁ ମିଳିଛି। ଏହାପରେ ପରିବାର ଲୋକେ ଏକ ଅଟୋ ଯୋଗେ ରଘୁନାଥଙ୍କୁ ନେଇ ନବରଙ୍ଗପୁର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଛନ୍ତି। ରଘୁନାଥ ବର୍ତ୍ତମାନ ଚିକିତ୍ସାଧୀନ ଅବସ୍ଥାରେ ଡାକ୍ତରଖାନାରେ ଅଛନ୍ତି। ବର୍ତ୍ତମାନ ରଘୁନାଥଙ୍କ ସ୍ୱାସ୍ଥ୍ୟବସ୍ଥା ସ୍ୱାଭାବିକ ଥିବା ସୂଚନା ମିଳିଛି। ଖବର ପାଇ ନବରଙ୍ଗପୁର ରେଞ୍ଜର ଗୋପୀନାଥ ସାହୁ, ବନପାଳ ରିତେଶ ସୁନା, ନବରଙ୍ଗପୁର ବନପାଳ ଲକିରାମ ମାଝି, ବନରକ୍ଷୀ ସ୍ନିଗ୍ଧା ବେହେରା, ପରେଶ ବିଷୋୟୀଙ୍କ ସମେତ ୱାଇଲ୍ଡ ଲାଇଫ୍ କର୍ମଚାରୀ ଘଟଣା ସ୍ଥଳରେ ପହଞ୍ଚି ଲୋକଙ୍କୁ ସୁରକ୍ଷା ଦେବା ଉଦ୍ଦେଶ୍ୟରେ ଭାଲୁର ଗତିବିଧି ଉପରେ ନଜର ରଖିଛନ୍ତି।

# ଅଧ୍ୟକ୍ଷ ଆସିଲେନି; ପୌର ପରିଷଦ ବୈଠକ ସ୍ଥଗିତ





ଜୟପୁର,୨୬।୮ (ସମିସ):

ଜୟପୁର ପୌରସଂସ୍ଥାରେ ବିବାଦୀୟ ପରିସ୍ଥିତି ସୃଷ୍ଟି ହୋଇଛି। ଗତ ୫ ମାସରୁ ଅଧିକ ସମୟ ହେଲାଣି ପୌର ପରିଷଦ ବୈଠକ ହୋଇ ନଥିଲା। ଉପାଧ୍ୟକ୍ଷଙ୍କ ନେତୃତ୍ୱରେ ଚଳିତ ମାସରେ ୨ ଥର ଦାବିପତ୍ର କାଉନ୍‌ସିଲରମାନେ ଅଧ୍ୟକ୍ଷଙ୍କୁ ପ୍ରଦାନ କରିଥିଲେ। ଏନେଇ ପୌରସଂସ୍ଥା ପକ୍ଷରୁ ବିଭିନ୍ନ ଉନ୍ନତିମୂଳକ ଆଲୋଚନା ନେଇ ପ୍ରସ୍ତାବ ପ୍ରଦାନ କରାଯାଇ ଆଜି ପୂର୍ବାହ୍ନ ୧୧ଟା ସମୟରେ ବୈଠକ ହେବା ପାଇଁ ପୌର ଅଧ୍ୟକ୍ଷ ନରେନ୍ଦ୍ର ମହାନ୍ତି ପତ୍ର ମାଧ୍ୟମରେ ଆହ୍ୱାନ କରିଥିଲେ। ଉପାଧ୍ୟକ୍ଷା ବି .ସୁନିତାଙ୍କ ସମେତ ବିଜେଡି ସମର୍ଥିତ ୧୫ ଜଣ କାଉନ୍‌ସିଲର ଏବଂ କଂଗ୍ରେସ ସମର୍ଥିତ ୧୧ ଜଣ କାଉନ୍‌ସିଲର ପୌର ସମ୍ମିଳନୀ କକ୍ଷଠାରେ ଉପସ୍ଥିତ ଥିଲେ। ଭାରପ୍ରାପ୍ତ ନିର୍ବାହୀ ଅଧିକାରୀ ତଥା ଉପଜିଲ୍ଲାପାଳ ଏ.ଶଶ୍ୟା ରେଡ୍ଡି ଏବଂ ମୁଖ୍ୟ କିରାଣୀଙ୍କ ସମେତ ଅନ୍ୟାନ୍ୟ କର୍ମଚାରୀ ମାନେ ଉପସ୍ଥିତ ଥିଲେ। କିନ୍ତୁ ଅଧ୍ୟକ୍ଷ ଶ୍ରୀ ମହାନ୍ତି ବୈଠକକୁ ଆସି ନଥିଲେ। ଫଳରେ ନିର୍ଦ୍ଧାରିତ ପର୍ଯ୍ୟନ୍ତ ଅପେକ୍ଷା କରିବା ପରେ ଉପାଧ୍ୟକ୍ଷା ଏବଂ କାଉନ୍‌ସିଲରମାନେ ସମ୍ମିଳନୀ କକ୍ଷରୁ ବାହାରକୁ ଚାଲି ଆସିଥିଲେ। ବିଜେଡି ସମର୍ଥିତ କାଉନ୍‌ସିଲର ମାନେ ଉପାଧ୍ୟକ୍ଷାଙ୍କ କକ୍ଷରେ ବସି ଆଲୋଚନା କରୁଥିବା ବେଳେ କଂଗ୍ରେସ ସମର୍ଥିତ କାଉନସିଲର ମାନେ ଅଧ୍ୟକ୍ଷଙ୍କ କକ୍ଷରେ ବସି ରହିଥିଲେ। ପୌର ଅଧ୍ୟକ୍ଷ ଶ୍ରୀ ମହାନ୍ତି ଶରୀର ଅସୁସ୍ଥ ରହିଥିବା ଯୋଗୁଁ ଉପାଧ୍ୟକ୍ଷା ଶ୍ରୀମତି ସୁନିତାଙ୍କୁ ଏହି ବୈଠକର ଅଧ୍ୟକ୍ଷତା କରିବାକୁ ଦାୟିତ୍ୱ ଚିଠି ମାଧ୍ୟମରେ ପ୍ରଦାନ କରିଥିଲେ। କିନ୍ତୁ ନିର୍ଦ୍ଧାରିତ ୧୧ଟା ବେଳେ ବୈଠକ ଆୟୋଜିତ ହେବାକୁ ଥିବା ବେଳେ ୧୧ଟା ୨୦ ମିନିଟରେ ଅନୌପଚାରିକ ଭାବେ ପୌର ଅଧ୍ୟକ୍ଷଙ୍କ ଜଣେ ବ୍ୟକ୍ତି ଚିଠି ପ୍ରଦାନ କରିଥିବା ଯୋଗୁଁ ଏହାକୁ ଉପାଧ୍ୟକ୍ଷ ଶ୍ରୀମତି ସୁନିତା ଗ୍ରହଣ କରିନଥିଲେ। ଶେଷରେ ନିର୍ବାହୀ ଅଧିକାରୀ ଅନୌପଚାରିକ ଭାବେ ଏହିପତ୍ର ମୁଖ୍ୟ କିରାଣୀଙ୍କ ମାଧ୍ୟମରେ ପ୍ରଦାନ କରିଥିଲେ। କିନ୍ତୁ ବିଳମ୍ବରେ ଏହି ଚିଠି ପ୍ରଦାନ କରାଯାଇଥିବା ଯୋଗୁଁ ଏହାକୁ ସେ ଗ୍ରହଣ କରିବେ ନାହିଁ ବୋଲି ରୋକ୍‌ଠୋକ୍ ଭାବେ ମନା କରିଥିଲେ। ତେଣୁ ଏହି ବୈଠକକୁ ସ୍ଥଗିତ ରଖାଯାଇଥିଲା। ସହରର ବିକାଶ

## ଉପାଧ୍ୟକ୍ଷ, ବିଜେଡି କାଉନସିଲରଙ୍କ କକ୍ଷ ତ୍ୟାଗ

ନେଇ ସ୍ଥାନୀୟ ପୌରସଂସ୍ଥା ଲୋକ ପ୍ରତିନିଧି ମାନଙ୍କ ୨୮ ଟି ୱାର୍ଡର ବାସିନ୍ଦା ମାନେ ଭୋଟ ଦେଇ ବିଜୟୀ କରିଥିବା ବେଳେ ଏହିପରି ଦୀର୍ଘ ୫ ମାସ ନେଇ କାଉନସିଲ ବୈଠକ ଅନୁଷ୍ଠିତ ହେଉନଥିବା ଏବଂ ଅନ୍ୟାନ୍ୟ ଉନ୍ନତିମୂଳକ ଓ ବିକାଶ କାର୍ଯ୍ୟ ନେଇ କୌଣସି ତତ୍ପରତା ଦେଖାଉନଥିବା ଯୋଗୁଁ ସାଧାରଣରେ ଅସନ୍ତୋଷ ଦେଖାଦେଇଛି। ଆଗାମୀ ବୈଠକ କେବେ ହେବ, ଏହା ମଧ୍ୟ ସ୍ଥିର ହୋଇପାରିନାହିଁ। ଅଧ୍ୟକ୍ଷ ଏବଂ ଉପାଧ୍ୟକ୍ଷ ମୁହାଁମୁହିଁ ପରିସ୍ଥିତି ରହିଥିବା ବେଳେ ବୈଠକକୁ ନେଇ ଛକାପଞ୍ଝା ଆରମ୍ଭ ହୋଇଯାଇଛି। ଆଜିର ବୈଠକରେ ସହରର ସୌନ୍ଦର୍ଯ୍ୟକରଣ, ମୁଖ୍ୟମନ୍ତ୍ରୀ ସହରୀ ବିକାଶ ଯୋଜନା କାର୍ଯ୍ୟକାରୀ, ସହରର ସମସ୍ତ ନଳକୂପକୁ ଜନସ୍ୱାସ୍ଥ୍ୟ ବିଭାଗକୁ ହସ୍ତାନ୍ତର, ସହରର ମୁଖ୍ୟରାସ୍ତାରେ ପାର୍କିଂ, ଜମି ଚିହ୍ନଟ, ବିଭିନ୍ନ କଲ୍ୟାଣ ମଣ୍ଡପର ମରାମତି, ହାଇମାଷ୍ଟ ଲାଇଟ୍ ରକ୍ଷଣାବେକ୍ଷଣ, ସ୍ମାର୍ଟ ପାର୍କ ନିର୍ମାଣ, ଅସ୍ଥାୟୀ ଗୋ-ଶାଳା ମରାମତି ଏବଂ ପୁରାତନ ବୈଠକର ଗ୍ରହଣ କରାଯାଇଥିବା ପ୍ରସ୍ତାବକୁ ପାରିତ କରିବା ନେଇ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ରହିଥିଲା। ପୌର ନିର୍ବାହୀ ଅଧିକାରୀ କୁମାରୀ ରେଡ୍ଡି ବୈଠକକୁ ଆସିଥିଲେ। ଦୀର୍ଘ ସମୟ ଧରି ଅପେକ୍ଷା କରିଥିଲେ। ସେ କହିଛନ୍ତି, ବୈଠକ ଆୟୋଜନ ନେଇ ପୌର ପ୍ରଶାସନ ପ୍ରସ୍ତୁତ ଏବଂ ସମସ୍ତ ବିଷୟ ନେଇ ଆଲୋଚନା ହେବାରେ କୌଣସି ସମସ୍ୟା ନାହିଁ। ପ୍ରକାଶ ଯେ, ଜୟପୁର ପୌରସଂସ୍ଥା କାଉନ୍‌ସିଲର ଶେଷ ବୈଠକ ଗତ ମାର୍ଚ୍ଚ ୧୨ ତାରିଖରେ ଅନୁଷ୍ଠିତ ହୋଇଥିଲା। ପୌରସଂସ୍ଥାର ୨୮ ଟି ୱାର୍ଡ ମଧ୍ୟରୁ ବିଜେଡି ସମର୍ଥିତ ୧୫ ଏବଂ କଂଗ୍ରେସ ସମର୍ଥିତ ୧୩ ଜଣ କାଉନ୍‌ସିଲର ରହିଛନ୍ତି। ଏହିପରି ଅଧ୍ୟକ୍ଷ ପଦବୀ ସିଧାସଳଖ ନିର୍ବାଚନରେ କଂଗ୍ରେସ ଦଳର ପ୍ରାର୍ଥୀ ନରେନ୍ଦ୍ର ମହାନ୍ତି ବିଜୟୀ ହୋଇଥିବା ବେଳେ ସର୍ବାଧିକ କାଉନ୍‌ସିଲର ରହିଥିବା ଯୋଗୁଁ ଉପାଧ୍ୟକ୍ଷା ବି. ସୁନିତା ପଦବୀରେ ବିଜୟୀ ହୋଇଥିଲେ।

# 'ଇନୋଭେସନ୍ ଏଣ୍ଡ ଷ୍ଟାର୍ଟଅପ୍' ପ୍ରତିଯୋଗିତା




ସୁନାବେଡ଼ା ,୨୬।୮ (ସମିସ): ସୁନାବେଡ଼ା ମହିଳା ଡିଗ୍ରୀ ମହାବିଦ୍ୟାଳୟ ଠାରେ ଉଚ୍ଚଶିକ୍ଷା ବିଭାଗର ନିର୍ଦ୍ଦେଶ କ୍ରମେ 'ଇନୋଭେସନ୍ ଏଣ୍ଡ ଷ୍ଟାର୍ଟଅପ୍' ପ୍ରତିଯୋଗିତା ଆୟୋଜିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ସ୍ୱାମୀନାଥନ୍ ଗବେଷଣା କେନ୍ଦ୍ରର ବୈଜ୍ଞାନିକ ଡ. କାର୍ତ୍ତିକ ଚରଣ ଲେଙ୍କା ଯୋଗଦେଇ ଛାତ୍ରୀ ମାନଙ୍କୁ ନିଜ ଇଚ୍ଛାଶକ୍ତି ଏବଂ ମନୋବଳ ଦ୍ୱାରା ହିଁ ବିଭିନ୍ନ କ୍ଷେତ୍ରରେ ସଫଳତା ହାସଲ କରାଯାଇପାରିବ ବୋଲି ଉପଦେଶ ଦେଇଥିଲେ। ଚିନ୍ତା ଏବଂ କାର୍ଯ୍ୟ ମଧ୍ୟରେ ସମାନତା ରକ୍ଷା କରି ଆଗକୁ ଆଗେଇ ଯିବାକୁ କହିଥିଲେ। ଅଧ୍ୟକ୍ଷା ଉଷାରାଣୀ ଦାସ ସଭାକାର୍ଯ୍ୟ ପରିଚାଳନା କରିବା ସହିତ ଅତିଥିଙ୍କୁ ସ୍ୱାଗତ ଜଣାଇଥିଲେ। ଏଥି ସହିତ ଛାତ୍ରୀମାନଙ୍କୁ ବର୍ତ୍ତମାନ ଯୁଗରେ ସଫଳତା ପାଇବା ପାଇଁ ନିଜ ନିଜ ଭିତରେ ଥିବା ସୃଜନଶୀଳତାକୁ ପରିପ୍ରକାଶ କରିବାକୁ କହିଥିଲେ। ଅଧ୍ୟାପିକା ବାସନ୍ତୀ ପଟ୍ଟନାୟକ ଆନୁଷ୍ଠାନିକ ଭାବରେ ସଭା କାର୍ଯ୍ୟ ଆରମ୍ଭ କରିଥିଲେ। ପ୍ରତିଯୋଗିତାରେ ବହୁ ଛାତ୍ରୀ ଅଂଶଗ୍ରହଣ କରି ବିଭିନ୍ନ ଇନୋଭେସନ ଓ ଷ୍ଟାର୍ଟଅପ୍ ଉପରେ ବିଭିନ୍ନ ପ୍ରକଳ୍ପ କରି ପିପିଟି ଦ୍ୱାରା ଉପସ୍ଥାପନ କରିଥିଲେ। ବିଭିନ୍ନ ବିଷୟ ଯଥା ଛତୁ ଚାଷ, ମେହେନ୍ଦି ବ୍ୟବସାୟ, ଇକୋ ଫ୍ରେଣ୍ଡଲି ଚାଷ ବ୍ୟବସାୟ ଆଦି ସମ୍ପର୍କରେ ବିଭିନ୍ନ ପ୍ରତିଯୋଗିତାର ଆୟୋଜନ କରାଯାଇଥିଲା। ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଯଥାକ୍ରମେ ସାଗରିକ ପ୍ରଧାନ, ନିକିତା ରାଣୀ ପଟ୍ଟନାୟକ, ରଶ୍ମିତା ସାହୁ ଗ୍ରହଣ କରିଥିଲେ। ସୋନାଲି ଡାକୁଆ ଏବଂ ସରୋଜିନୀ ଗୌଡ଼ଙ୍କୁ ସାନ୍ତ୍ୱନା ମୂଳକ ପୁରସ୍କାର ପ୍ରଦାନ କରିବା ସହ ସମସ୍ତ ପ୍ରତିଯୋଗୀ ମାନଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା। ଅଧ୍ୟାପିକା ସୁଶ୍ରୀ ଶୁଭଶ୍ରୀ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

# ସୁନାବେଡ଼ା ପୌର ପରିଷଦ ପକ୍ଷରୁ ବିଭିନ୍ନ ପ୍ରତିଯୋଗିତା



ସୁନାବେଡ଼ା, ୨୬।୮ (ସମିସ): ଆଜି ସୁନାବେଡା ପୌର ପରିଷଦ ଆନୁକୂଲ୍ୟରେ ପରିଷଦର କଲ୍ୟାଣ ମଣ୍ଡପ ଠାରେ ପୌରାଞ୍ଚଳ ସ୍ଥିତ ସ୍କୁଲ ଏବଂ କଲେଜ ଛାତ୍ର ଛାତ୍ରୀଙ୍କୁ ନେଇ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଆୟୋଜିତ ଉଦ୍‌ଘାଟନ ଉତ୍ସବରେ ସୁନାବେଡ଼ା ପୌରାଧ୍ୟକ୍ଷ ଡ. ରାଜେନ୍ଦ୍ର କୁମାର ପାତ୍ର ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ଉପାଧ୍ୟକ୍ଷା ରତ୍ନ କଣ୍ଟା, ନିର୍ବାହୀ ଅଧିକାରୀ ସୁଜିତ କୁମାର ଚୌଧୁରୀ, ୧ନଂ ୱାର୍ଡର କାଉନସିଲର ସ୍ୱର୍ଣ୍ଣପ୍ରଭା ପଟ୍ଟନାୟକ, ୨ନଂ ୱାର୍ଡର କାଉନ୍‌ସିଲର ରାମ ବେନୀୟା, ସମ୍ମାନିତ ଅତିଥି ଭାବେ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିବା ସହ ପ୍ରତିଯୋଗିତାରେ ଅଂଶ ଗ୍ରହଣ କରୁଥିବା ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଲକ୍ଷ୍ମୀଧର ମହାପାତ୍ର ସଭା କାର୍ଯ୍ୟ ସଞ୍ଚାଳନ କରିବା ସହ ଧନ୍ୟବାଦ ଅର୍ପଣ କରିଥିଲେ। ବରିଷ୍ଠ ଓ କନିଷ୍ଠ ବର୍ଗର ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା, ରଚନା ଲିଖନ, ବକ୍ତୃତା, ଚିତ୍ରାଙ୍କନ, ସ୍ଲୋଗାନ ଏବଂ ବିଜ୍ଞାନ ପ୍ରଦର୍ଶନୀ ଆଦି ପ୍ରତିଯୋଗିତା କଲ୍ୟାଣ ମଣ୍ଡପ ଏବଂ ଶ୍ରୀଅରବିନ୍ଦ ସ୍କୁଲରେ ଅନୁଷ୍ଠିତ ହୋଇଥିଲା। ଏହି ପ୍ରତିଯୋଗିତାରେ ବିଭିନ୍ନ ସ୍କୁଲ କଲେଜରୁ ୨୦୦ରୁ ଅଧିକ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ବିଚାରକ ଭାବେ ଡ. ବିଦ୍ୟୁତ୍‌ପ୍ରଭା ରଥ, ଶାହେଦା ପରୱିନ, ଶଙ୍କର୍ଷଣ ବାରିକ, କ୍ଷୀତିଶ ଚନ୍ଦ୍ର ରଣା, ସନ୍ତୋଷ କୁମାର ନାୟକ, ସିଦ୍ଧାର୍ଥ ମହାପାତ୍ର, ନିବେଦିତା ହରିଚନ୍ଦନ, ତାପସ କୁମାର ମଲ୍ଲିକ, ମନୋଜ କୁମାର ମୁଦୁଲି, ଭୁବନାନନ୍ଦ ମାଝୀ ପ୍ରମୁଖ ଯୋଗ ଦେଇଥିଲେ। ସମାଜସେବୀ ଶେଖ ଇବ୍ରାହିମ ସଂଯୋଜକ ଭାବେ ପ୍ରତିଯୋଗିତା ସଞ୍ଚାଳନ କରିଥିଲେ। ଆସନ୍ତା ସ୍ୱାୟତ୍ତ ଶାସନ ଦିବସରେ କୃତି ପ୍ରତିଯୋଗୀ ମାନଙ୍କୁ ପୁରସ୍କାର ବିତରଣ କରାଯିବ।

# ପ୍ରେସ କ୍ଲବର ଶ୍ରଦ୍ଧାଞ୍ଜଳି ସଭା




ସେମିଲିଗୁଡା: ୨୬।୮ (ସମିସ): କୋରାପୁଟ ଜିଲ୍ଲାର ସେମିଲିଗୁଡା ପ୍ରେସ କ୍ଲବର ବରିଷ୍ଠ ସଦସ୍ୟ କୃଷ୍ଣଚନ୍ଦ୍ର ସ୍ୱାଇଁଙ୍କର ପରଲୋକ ହୋଇଯାଇଛି। ଆଜି ସେମିଲିଗୁଡା ପ୍ରେସ କ୍ଲବ କ୍ୟାମ୍ପସ ମଧ୍ୟରେ ଏହି ଦିବଂଗତ ସାମ୍ବାଦିକଙ୍କର ସ୍ମୃତି ଉଦ୍ଦେଶ୍ୟରେ ଏକ ଶ୍ରଦ୍ଧାଞ୍ଜଳି ସଭାର ଆୟୋଜନ କରାଯାଇଥିଲା। କ୍ଲବ ସଭାପତି ଡ. ଅଜୟ କୁମାର ସାହୁଙ୍କ ସଭାପତିତ୍ୱରେ ୧୫ଜଣ ସାମ୍ବାଦିକ ଯୋଗଦେଇ ଗଭୀର ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ସ୍ୱର୍ଗତ ସ୍ୱାଇଁଙ୍କ ଗାଁକୁ ଯାଇ କ୍ଲବ ତରଫରୁ ୫୦ହଜାର ଟଙ୍କାର ଆର୍ଥିକ ସହାୟତା ଦେବାକୁ ନିଷ୍ପତି ନିଆଗଲା। ଏହି ସଭାରେ କୋରାପୁଟ ଜିଲ୍ଲା ସାମ୍ବାଦିକ ସଙ୍ଘ ସଭାପତି ଶଷଧର ରାଉତ ଯୋଗଦେଇ ଗଭୀର ଦୁଃଖ ପ୍ରକାଶ କରିଥିଲେ। ଅନ୍ୟ କ୍ଲବର ଦୁଇଜଣ ସାମ୍ବାଦିକ କୃଷ୍ଣ ଓ କୃତିବାସ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। କୁର୍ମା ରାଓ, ବାସୁ ବରଡ଼, ଶେଖ ଇବ୍ରାହିମ, ପୁରିନ୍ଦର ବାରିକ, ବିଜୟ ଦଳାଇ, ପ୍ରଭାତ ସୁତାର, ଖିରୋଦ ଭୋଳ, କର୍ଣ୍ଣ ସାମଲ ଓ ସ୍ୱସ୍ତିକ ମିଶ୍ର ଆଦି ଉପସ୍ଥିତ ରହି ବ୍ୟକ୍ତିଗତ ଆର୍ଥିକ ସହାୟତା ଦେଇଥିଲେ। ଏହି ସଭାରେ ୪୦ହଜାର ଟଙ୍କାର ସ୍ୱତଃ ପ୍ରବୃତ୍ତ ଆର୍ଥିକ ସହାୟତା ମିଳିଥିଲା। କ୍ଲବ ସମ୍ପାଦକ ମନୋଜ ପଟନାୟକ ଧନ୍ୟବାଦ ଦେଇଥିଲେ।

# ବିଧାୟକଙ୍କ ଆବାସିକ କାର୍ଯ୍ୟାଳୟରେ ସମାବେଶ

ନବରଙ୍ଗପୁର,୨୬।୮ (ସମିସ): ବିଧାୟକ ନବରଙ୍ଗପୁର ଗୌରୀଶଙ୍କର ମାଝିଙ୍କ ଆବାସିକ କାର୍ଯ୍ୟାଳୟ ଠାରେ ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହୋଇଯାଇଛି। ଏହି ମିଶ୍ରଣ ପର୍ବରେ ବିଧାୟକ ଶ୍ରୀ ମାଝିଙ୍କ କାର୍ଯ୍ୟ କୁଶଳତା ଏବଂ ଭାରତୀୟ ଜନତା ପାର୍ଟିର ନୀତି ଓ ଆଦର୍ଶରେ ଅନୁପ୍ରାଣିତ ହୋଇ କୋଷାଗୁମୁଡ଼ା ବ୍ଲକ୍ ଅନ୍ତର୍ଗତ ରାଜୋଡା ମଣ୍ଡଳର ଭାମନି ଓ ସାନଆମ୍ବଡା ଗ୍ରାମପଞ୍ଚାୟତର ରାମେଶ୍ୱର ଭତରା, ଦୟନୁ ମାଝି, ପଦଲାମ ଚଲାନ,ସୁବାଷ ରାଉତ, ଦୟନୁ ରାଉତ, ସୁକଦାସ ରନ୍ଧାରୀ, ଦନସିଂ ରନ୍ଧାରୀ, ଜଗବନ୍ଧୁ ଭକ୍ତ, ଫଗୁନୁ ଭତରା, ଗଣପତି ରାଉତ, ପର୍ଶୁ ବାରିକ, ଅର୍ଜୁନ ଭତରା, ଜୟସିଂହ ରାଉତଙ୍କ ସମେତ ବହୁ କାର୍ଯ୍ୟକର୍ତ୍ତା ବିଧିବଦ୍ଧ ଭାବେ ଭାରତୀୟ ଜନତା ପାର୍ଟିରେ ଯୋଗଦାନ କରିଛନ୍ତି। ଏହି ଅବସରରେ ବିଧାୟକ ଶ୍ରୀମାଝି ଓ ପୂର୍ବତନ ଜିଲ୍ଲା ସଭାପତି ଜଗଦୀଶ ଚନ୍ଦ୍ର ବିଷୋୟୀ କାର୍ଯ୍ୟକର୍ତ୍ତା ମାନଙ୍କୁ ଉତ୍ତରୀୟ ଓ ଭାରତୀୟ ଜନତା ପାର୍ଟିର ଟୋପି ପ୍ରଦାନ କରି ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ। ଏହି ମିଶ୍ରଣ ପର୍ବରେ ତେନ୍ତୁଳିଖୁଣ୍ଟି ସମିତି ଉପାଧ୍ୟକ୍ଷ ରାଜେନ୍ଦ୍ର ବିଷୋୟୀ, କୋଷାଗୁମୁଡ଼ା ପ୍ରଭାରୀ ତଥା ନଗର ମଣ୍ଡଳ ସଭାପତି ଅମୂଲ୍ୟ କୁମାର ମିଶ୍ର, ସୀମାଞ୍ଚଳ ବିଷୋୟୀ, ସୁରେଶ ବିଷୋୟୀଙ୍କ ସମେତ ବହୁ ବିଜେପି କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

# ନୂଆଁଖାଇ ପାଇଁ ଚଳଚଞ୍ଚଳ ଉମରକୋଟ




ଉମରକୋଟ ୨୬।୮ (ସମିସ): ଆଉ ଦିନକ ପରେ ନୂଆଁଖାଇ। ଏନେଇ ନବରଙ୍ଗପୁର ଜିଲ୍ଲା ଉମରକୋଟ ବିଭିନ୍ନ ଅଞ୍ଚଳରେ ବସିଛ ସ୍ୱତନ୍ତ୍ର ହାଟ ବଜାର। ଆଉ ଦରଦାମକୁ ଖାତିର ନ କରି ଜିନିଷ କିଣୁଛନ୍ତି ଗ୍ରାହକ। ନୂଆଁଖାଇ ପାଇଁ ପ୍ରତ୍ୟେକ ଘରେ ଛ' ତିଅଣ ନ ଭଜା ହୋଇଥାଏ। ସେଥିପାଇଁ ବଜାରରେ ବିଭିନ୍ନ ପନିପରିବାର ଦର ଚଢା ଥିଲେ ବି ଲୋକେ ଆଗ୍ରହର ସହିତ କିଣୁଛନ୍ତି ନୂଆଧାନ, ଚୁଡ଼ା , କରଡି, ହେଣ୍ଡୁଆ, ସାରୁ ଠାରୁ ଆରମ୍ଭ କରି ବିଭିନ୍ନ ପନିପରିବା। ନୂଆଖାଇ ରେ ସବୁକିଛି ନୂଆ। ନୂଆଖାଇରେ କେବଳ ନୂଆଁ ଖିଆଯାଏ , ତା ନୁହେଁ, ନୂଆ ବସ୍ତ୍ର ମଧ୍ୟ ପିନ୍ଧିଥାନ୍ତି ଲୋକେ। ନୂଆଁଖାଇରେ ପ୍ରତ୍ୟେକ ଘରେ ଲୋକେ ନୂଆଁ ବସ୍ତ୍ର ପିନ୍ଧିଥାନ୍ତି। ଏଥିପାଇଁ ଏବେଠାରୁ ଉମରକୋଟ ସହରର ବିଭିନ୍ନ ଦୋକାନ ବଜାରରେ ଜମୁଛି ଶାଢୀ ବେପାର। ନୂଆଁଖାଇରେ ବିଭିନ୍ନ ଜାତିର ଲୋକେ ବିଭିନ୍ନ ପ୍ରକାର ପତ୍ରରେ ନୂଆ ଖାଦ୍ୟ ଖାଇଥାନ୍ତି। ସେହିପରି ନୂଆଁ ହାଣ୍ଡିରେ ଖାଦ୍ୟ ପ୍ରସ୍ତୁତ ହୋଇଥାଏ। ଦେବାଦେବୀଙ୍କଠାରେ ପୂଜା କରାଯାଏ। ସେଥିପାଇଁ ପ୍ରତି ଘରେ ପ୍ରସ୍ତୁତି ଚାଲିଛି। ଏହି ପର୍ବ ବାହାରେ ଯିଏ ଯେଉଁଠି ଅଛନ୍ତି ସବୁ ଘରକୁ ଫେରିବା ଆରମ୍ଭ କରିଦେଲେଣି। ଆଦି ସଂସ୍କୃତିର ଆଦି ପରମ୍ପରା ନୂଆଁଖାଇ। ଏହା ଏବେ ପଶ୍ଚିମ ଓଡ଼ିଶାରେ ସୀମିତ ରହିନାହିଁ। ଭାରତ ବାହାରେ ମଧ୍ୟ ପାଳନ କରାଯାଉଛି। ବୌଦ୍ଧର ଅଧିଷ୍ଠାତ୍ରୀ ଦେବୀ ମାଆ ଭୈରବୀଙ୍କଠାରେ ନୂଆ ଲାଗିବା ପରେ ନୂଆଁ ଖାଇବେ ସମସ୍ତ ସହରବାସୀ। ସେଥିପାଇଁ ଏବେ ଚଳଚଞ୍ଚଳ ସହରବାସୀ। ଚାଲିଛି ଶେଷ ପ୍ରସ୍ତୁତି। ଆଉ ନୂଆଁଖାଇରେ କଳାକାରମାନେ ମଧ୍ୟ ନାଚଗୀତ ଓ ଭେଟଘାଟ ପାଇଁ ପୁରା ପ୍ରସ୍ତୁତ। ହାତରେ ଆଉ କମ ଦିନ ଥିବାରୁ ସମସ୍ତେ ପ୍ରସ୍ତୁତି ପର୍ବରେ ଲାଗି ପଡିଛନ୍ତି। ବାସ୍ତବିକ୍ ନୂଆଁଖାଇ ସମସ୍ତଙ୍କୁ ଗୋଟିଏ ଦିନ ଏକତା ସୂତ୍ରରେ ବାନ୍ଧି ରଖିବାର ପର୍ବ। ଏଥିପାଇଁ ଉଠୁଛି ପଡୁଛି ଗାଁ ରୁ ସହର।

# ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ପାଇଁ ପ୍ରସ୍ତୁତି

ନବରଙ୍ଗପୁର,୨୬।୮ (ସମିସ): ରାଷ୍ଟ୍ରୀୟ ଆଇନ ସେବା ପ୍ରାଧିକରଣ ଏବଂ ଓଡ଼ିଶା ରାଜ୍ୟ ଆଇନ ସେବା ପ୍ରାଧିକରଣ ନିର୍ଦ୍ଦେଶ କ୍ରମେ ଆସନ୍ତା ସେପ୍ଟେମ୍ବର ୧୩ ତାରିଖ ଦିନ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ୨୦୨୫ ଅନୁଷ୍ଠିତ ହେବାକୁ ଯାଉଛି। ନବରଙ୍ଗପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ତରଫରୁ ଏଥିପାଇଁ ପ୍ରସ୍ତୁତି ଆରମ୍ଭ ହୋଇଛି। ଜିଲ୍ଲା ଦୌରାଜଜ୍ ତଥା ଜିଲ୍ଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ. ସୁବ୍ରତ ମହାନ୍ତିଙ୍କ ଆଦେଶ କ୍ରମେ ନବରଙ୍ଗପୁର, ଉମରକୋଟ, ରାଇଘର, ଚନ୍ଦହାଣ୍ଡି ଓ ଝରିଗାଁରେ ଥିବା ବିଚାରାଳୟ ଗୁଡିକରେ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ୨୦୨୫ ଅନୁଷ୍ଠିତ ହେବାକୁ ଯାଉଛି। ଏହି ରାଷ୍ଟ୍ରୀୟ ଲୋକ ଅଦାଲତରେ ପ୍ରାୟ ସମସ୍ତ ପ୍ରକାର ବିଚାରଧୀନ ମୋକଦ୍ଦମା ସମାଧାନ ହୋଇଥାଏ। ସବିଶେଷ ବିବରଣୀ ପାଇଁ ଜିଲ୍ଲା ଆଇନ ସେବା ପ୍ରାଧିକରଣ, ନବରଙ୍ଗପୁର, ତାଲୁକ ଆଇନ ସେବା କମିଟି, ଉମରକୋଟ ଓ ଚନ୍ଦହାଣ୍ଡି ସହ ତୁରନ୍ତ ଯୋଗାଯୋଗ କରିବାକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ଶ୍ରୀମତୀ ସାଇ ଅଭିସ୍ୱା ଗୋଛାୟତ ସୂଚନା ଦେଇଛନ୍ତି। ୧୫୧୦୦, ୦୬୮୫୮-୨୨୨୪୪୫, ୦୬୮୫୮-୨୨୨୫୪୫ ନମ୍ବରରେ ଯୋଗାଯୋଗ କରାଯାଇ ପାରିବ।

## ଲଗାଣ ବର୍ଷାରେ ବୈପାରୀଗୁଡ଼ା ବେହାଲ

# ବୁଡ଼ିଲା ପୋଲ, ଯାତାୟାତ ବାଧାପ୍ରାପ୍ତ








ବୈପାରୀଗଡ଼ା,୨୬।୮ (ସମିସ):

ଲଘୁଚାପ ପ୍ରଭାବରେ କୋରାପୁଟ ଜିଲ୍ଲା ବୈପାରୀଗୁଡାର ଅନେକ ସ୍ଥାନରେ ମଙ୍ଗଳବାର ପ୍ରବଳ ବର୍ଷା ଲାଗିରହିଛି। ଫଳରେ ଲୋକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଥିବା ଦେଖାଯାଇଛି। ବିଶେଷ କରି ବ୍ଲକର ଶିରିବେଡା, କେନ୍ଦୁଗୁଡା, ସୋରିଷ ପଦର, ଦଶମନ୍ତପୁର, ଧଉଡାଗୁଡା, ବଳିଗୁଡା, ଚନ୍ଦ୍ରପୋଡା, ଖରାଗୁଡା, ପାଲିଗୁଡା, ଲିମ୍ବାଗୁଡା, ମୁଣ୍ଡାଗୁଡା, ବାଲିଗାଁ, କାଙ୍ଗୁଦୁଡା, ହଳଦୀକୁଣ୍ଡ, ଆଦି ଗାଁରେ ଚାଷ ଜମିରେ ପାଣି ମାଡ଼ିଯାଇଛି। ଏକର ଏକର ଚାଷ ଜମିରେ ପାଣି ମାଡ଼ିଯାଇଛି। ଶତାଧିକ ଚାଷୀଙ୍କ ଫସଲ ନଷ୍ଟ ହୋଇଯାଇଛି। ସୋରିଷ ପଦର, କେନ୍ଦୁଗୁଡା, ଅଟାଲଗୁଡା, ଗାଡ଼ପୁଟ ଗାଁରେ ବର୍ଷା ପାଣି ପଶି ଉପୁଜିଛି ବନ୍ୟା ପରିସ୍ଥିତି। ଜାତୀୟ ରାଜପଥରେ ଟାଙ୍ଗିଣୀଗୁଡା ନିକଟରେ ରାସ୍ତା ଉପରେ ଗଛ ପଡି ରାସ୍ତା ଅବରୋଧ ହୋଇଥିଲା। ସ୍ଥାନୀୟ ଅଗ୍ନିଶମ ବାହିନୀ ପହଞ୍ଚି ଗଛ ହଟାଇଥିଲେ। ବୋଦାପୁଟ ପଂଚାୟତର ଅଟାଲଗୁଡା ଗାଁରେ ଡ୍ରେନେଜ୍ ବ୍ୟବସ୍ଥା ନଥିବାରୁ ବର୍ଷା ପାଣି ଘରେ ପଶିଛି। ଶେଷରେ ବାଧ ହୋଇ ଗାଁ ରାସ୍ତା ମଝିରେ ନାଳ କାଟି ପାଣି ନିଷ୍କାସନ କରିଛନ୍ତି ଗ୍ରାମବାସୀ। ଗୁପ୍ତେଶ୍ୱର ପୀଠକୁ ସଂଯୋଗ ଦୁଇ ରାସ୍ତାରେ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ରାମଗିରି-ଗୁପ୍ତେଶ୍ୱର ରାସ୍ତା ମଝିରେ ସୁକୁନାଳ ପୋଲ ଉପରେ ୩ ଫୁଟ ବନ୍ୟା ପାଣି ପ୍ରବାହିତ ହେଉଥିଲା। ଅନ୍ୟପଟେ ଗୁପ୍ତେଶ୍ୱର ବାଇପାସ୍ ରୋଡ୍ ଶିରିବେଡା ନିକଟରେ ରାସ୍ତା ଉପରେ ୪ ଫୁଟ ପାଣି ପ୍ରାୟ ଏକ କିଲୋମିଟର ପର୍ଯ୍ୟନ୍ତ ପ୍ରବାହିତ ହେଉଥିଲା। ଫଳରେ ଗୁପ୍ତେଶ୍ୱର ପୀଠକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇଯାଇଥିଲା। ଆଜି ସକାଳେ ୩୨୬ ନମ୍ବର ଜାତୀୟ ରାଜପଥରେ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ବୈପାରୀଗୁଡା ଓ ଟାଙ୍ଗୁନିଗୁଡା ମଝିରେ ଥିବା କେରାପୁଟ ଛକରେ କୁରୁଲୁ ନଦୀ ଫୁଲିଥିଲା। ପୋଲ ଉପରେ ୩ ଫୁଟ ପାଣି ବହୁଥିଲା। ଫଳରେ ସକାଳ ୯ଟା ଠାରୁ ବାରଟା ପର୍ଯ୍ୟନ୍ତ ମାଲକାନଗିରି ଜୟପୁର ରାସ୍ତାରେ ଯାତାୟାତ ଠପ୍ ହୋଇଯାଥିଲା । ତେବେ ପାଣି କମିଲା ପରେ ଯାତାୟାତ ସ୍ୱାଭାବିକ ହୋଇଥିଲା।

# ଲଗାଣ ବର୍ଷା, ଜନଜୀବନ ଅସ୍ତବ୍ୟସ୍ତ



ନନ୍ଦପୁର, ୨୬।୮ (ସମିସ): ତିନିଦିନ ହେଲା ନନ୍ଦପୁର, ଲମତାପୁଟ୍, ମାଛକୁଣ୍ଡ, ଜଲାପୁଟ ଅଞ୍ଚଳରେ ଲଘୁଚାପ ଜନିତ ଲଗାଣ ବର୍ଷା ସ୍ଥାନୀୟ ଅଞ୍ଚଳର ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି। ସୂଚନା ଅନୁସାରେ ଏହି ଲଗାଣ ବର୍ଷାରେ ନନ୍ଦପୁର ବ୍ଲକ ଅଞ୍ଚଳରେ ୪ଟି ଘର ଭାଙ୍ଗିଛି। ସେଥିମଧ୍ୟରୁ ବାଡେଲ ପଞ୍ଚାୟତର ଜନ୍ତାପୁଟ ଗ୍ରାମର ଦୁଇଟି, ହାତୀବାରି ପଞ୍ଚାୟତର ଗୋଟିଏ ଓ ବିଲାପୁଟ ପଞ୍ଚାୟତରେ ଗୋଟିଏ ଘର ଭାଙ୍ଗିଥିବା ସୂଚନା ମିଳିଛି। ସେପଟେ ମାତ୍ରାଧିକ ବର୍ଷାଜଳ ଜଲାପୁଟ ଜଳଭଣ୍ଡାର ମଧ୍ୟକୁ ପ୍ରବେଶ କରୁଥିବା ବେଳେ ମଙ୍ଗଳବାର ଜଳଭଣ୍ଡାରରୁ ୧୨୦୦୦ କ୍ୟୁସେକ୍ ଜଳ ନିଷ୍କାସନ କରାଯାଇଥିବା ଜଣାପଡିଛି। ଜଳଭଣ୍ଡାରରୁ ଜଳ ନିଷ୍କାସନକୁ ନେଇ ତଳିଆ ଅଞ୍ଚଳବାସୀ ସମ୍ଭାବ୍ୟ ନଈବଢ଼ି ଆଶଙ୍କାରେ କାଳାତିପାତ କରୁଛନ୍ତି।

- ୪ ଘର ଭାଙ୍ଗିଲା
- ଜଲପୁଟ ଡ୍ୟାମ୍‌ରୁ ଜଳ ନିଷ୍କାସନ



ବିଶ୍ୱକୁ ପରିବର୍ତ୍ତନ କରିବା ପାଇଁ ଶିକ୍ଷା ହିଁ ସବୁଠାରୁ ଶକ୍ତିଶାଳୀ ଅସ୍ତ୍ର।
-ନେଲ୍‌ସନ୍ ମାଣ୍ଡେଲା

ସକାଳ
THE SAKALA

# କୃଷି-ଆତଙ୍କବାଦ

ସମୟ ବଦଳିବା ସହିତ ଆତଙ୍କବାଦର ସଂଜ୍ଞା, ଚରିତ୍ର ଓ ରୂପ ବଦଳିବାରେ ଲାଗିଛି। ଗୁଳିଗୋଳା, ହତ୍ୟା, ରକ୍ତପାତରୁ ଆରମ୍ଭ ହୋଇଥିବା ଆତଙ୍କ ଇତିମଧ୍ୟରେ ସାଇବର ବା କମ୍ପ୍ୟୁଟର ବାଟ ଦେଇ ଏବେ ବିଜ୍ଞାନଗାରରୁ ଜନ୍ମ ନେଉଛି। ପରିବର୍ତ୍ତିତ କୌଶଳରେ ଆତଙ୍କବାଦୀ ସାମ୍ନାକୁ ଆସୁ ନାହିଁ, କିନ୍ତୁ ତାହାର ପରାଭବର ପରିସର ଏକ ବିରାଟ ଅଞ୍ଚଳରେ ଅନୁଭୂତ ହେଉଛି। ପ୍ରାୟ ପାଞ୍ଚବର୍ଷ ତଳେ କୋଭିଡ୍-୧୯ର ଆତଙ୍କରେ ସମଗ୍ର ବିଶ୍ୱ ଥରିଉଠିଥିଲା, ଯାହାର ପ୍ରଭାବ ଏବେ ମଧ୍ୟ ସମ୍ପୂର୍ଣ୍ଣ ବିଲୋପ ହୋଇନାହିଁ। ପ୍ରମାଣିତ ନ ହେଲେ ମଧ୍ୟ ଏହାପଛରେ ଟିକା କମ୍ପାନୀଙ୍କ ବିଧିବଦ୍ଧ ଷଡ଼ଯନ୍ତ୍ର କ୍ରମଶଃ ପଦାକୁ ଆସୁଛି। କୋଭିଡ୍ ବା ସାର୍ସ ଆତଙ୍କବାଦର ଜନ୍ମପୀଠ ଚୀନ୍‌ରୁ ଏବେ ସେଭଳି ଆଉ ଏକ ଜୈବ ଆତଙ୍କ ଜନ୍ମ ନେଇ ଧୀରେ ଧୀରେ ବିଶ୍ୱ କୃଷି କ୍ଷେତ୍ରକୁ ପ୍ରଭାବିତ କରିବା ଆରମ୍ଭ କରିଛି।

ଗତ ଜୁନ୍ ମାସରେ ଚୀନ୍‌ର ଦୁଇଜଣ ଗୁପ୍ତଚର ଜୈବବିଜ୍ଞାନୀଙ୍କୁ ଆମେରିକା ପୁଲିସ୍ ସନ୍ଦେହରେ ଗିରଫ କରିବା ପରେ ଏହି ତଥ୍ୟ ପ୍ରଘଟ ହୋଇଥିଲା। ସେମାନେ ମାରାତ୍ମକ ଫୋଙ୍ଗସ୍ ବା କବକଜାତୀୟ ହାନିକାରକ ବୀଜାଣୁକୁ ଆମେରିକାର ସୋୟାବିନ୍ ଶସ୍ୟ କ୍ଷେତ୍ରରେ ପ୍ରୟୋଗ କରିବା ପାଇଁ କାର୍ଯ୍ୟକ୍ରମ ଆରମ୍ଭ କରିସାରିଥିବା ବେଳେ ଧରାପଡ଼ିଥିଲେ। ଫ୍ୟୁଜାରିୟମ୍ ଗ୍ରାମିନିରମ୍ ନାମକ ଏହି କବକ ଏତେ ଶକ୍ତିଶାଳୀ ଯେ ଏକରଏକର ବ୍ୟାପୀ ଶସ୍ୟ କ୍ଷେତ୍ରକୁ ଧ୍ୱଂସ କରିଦେଇପାରେ। ବିଶେଷକରି ଗହମ, ବାର୍ଲି, ମକା ଓ ଧାନକୁ ଏହା ସହଜରେ ଆକ୍ରମଣ କରିପାରେ। ଗବେଷଣାରୁ ଜଣାପଡ଼ିଛି ଯେ ଏହି ଫୋଙ୍ଗସ୍ କେବଳ ଶସ୍ୟକୁ ନଷ୍ଟ କରେ ନାହିଁ, ଯେଉଁ କେତେକ ଶସ୍ୟ ସଂଘର୍ଷ ଦ୍ୱାରା ବଞ୍ଚିଯାଆନ୍ତି ସେଥିରୁ ଭୋମିଟୋକ୍ସିନ୍ ନାମକ ଏକ ବିଷାକ୍ତ ରସାୟନ କ୍ଷରଣ ହୁଏ, ଯାହା ମଣିଷ ଓ ପଶୁମାନଙ୍କ ପ୍ରତି ଅତି ହାନିକାରକ। ଏହି କବକ ଆକ୍ରମଣରେ ଏ ପର୍ଯ୍ୟନ୍ତ ଆମେରିକାରେ ବାର୍ଷିକ ୧୦୦ କୋଟି ଡଲାରର ଶସ୍ୟ ହାନି ହୋଇସାରିଲାଣି।

ଏହାର ନିରାକରଣ ପାଇଁ ଏ ପର୍ଯ୍ୟନ୍ତ କୌଣସି କୀଟନାଶକ ଉଦ୍‌ଭାବନ ହୋଇ ନ ଥିବାରୁ ଅନ୍ତତଃ ଆଗାମୀ କିଛିବର୍ଷ ପର୍ଯ୍ୟନ୍ତ ଚୀନ୍ ବିଜ୍ଞାନାଗାରରୁ ଜନ୍ମ ନେଇଥିବା ଫୋଙ୍ଗସ୍ ବିଶ୍ୱ ଶସ୍ୟ କ୍ଷେତ୍ରରେ ଆଧିପତ୍ୟ ବିସ୍ତାର କରିବା ସୁନିଶ୍ଚିତ। ଧୀରେ ଧୀରେ ସେଗୁଡ଼ିକ ସମଗ୍ର ଅଞ୍ଚଳ, ଦେଶ ଏପରିକି ଆମଦାନୀ-ରପ୍ତାନୀ ଜରିଆରେ ସାରା ପୃଥିବୀକୁ ବ୍ୟାପୀ ବିଶ୍ୱ ଖାଦ୍ୟ ନିରାପତ୍ତାକୁ ପ୍ରଭାବିତ କରିବାର ଆଶଙ୍କା ପ୍ରକାଶ ପାଇଛି। କୃଷି-ଜୈବ-ରସାୟନ ବିଜ୍ଞାନୀମାନେ ଏହାକୁ 'ଆଗ୍ରୋ-ଟେରରିଜିମ୍' ବା 'କୃଷି-ଆତଙ୍କବାଦ' ଭାବରେ ଅଭିହିତ କରିଛନ୍ତି। ଏହି ଘଟଣା ଜଣାପଡ଼ିବା ପରେ ଆମେରିକା-ଚୀନ୍ ବାଣିଜ୍ୟ ରାଜିନାମା ଘୁଞ୍ଚି ଯାଇଛି ଏବଂ ଚୀନ୍ ଛାତ୍ରଛାତ୍ରୀଙ୍କ ଭିସା ଉପରେ ଆମେରିକା ପୁଣି ଥରେ କଟକଣା ଜାରି କରିଛି। ଅପରପକ୍ଷରେ ଚିରାଚରିତ ଢଙ୍ଗରେ ଚୀନ୍ ଆମେରିକାରର ଅଭିଯୋଗକୁ ଅସ୍ୱୀକାର କରିଛି।

ଆମେରିକା-ଚୀନ୍ ବାଣିଜ୍ୟିକ ତିକ୍ତତା ପୃଷ୍ଠଭୂମିରେ ଚୀନ୍‌ର ଏଭଳି କୃଷି ଆତଙ୍କବାଦ କେତେକାଂଶରେ ଗ୍ରହଣ କରାଯାଇପାରେ। କିନ୍ତୁ ଚୀନ୍‌ର ଏହି ଦୁଷ୍କାମୀରୁ ଯେ ଭାରତର କୃଷି କ୍ଷେତ୍ର ସୁରକ୍ଷିତ ରହିବ ତାହା ଆଶା କରିବା ବୃଥା। ଏବେ ଜାମ୍ମୁ-କାଶ୍ମୀର ସେଓ ଚାଷକୁ ଏକ ନୂଆ ଧରଣର ଫୋଙ୍ଗସ୍ ଆକ୍ରମଣ କରିଥିବା ସୂଚନା ମିଳିଛି। ସେଥିରେ ସେଓ କଷି ଥିବା ଅବସ୍ଥାରେ ହିଁ କଳା କଳା ଦାଗ ସୃଷ୍ଟି ହେଉଛି ଏବଂ ସମ୍ପୂର୍ଣ୍ଣ ଗଛ ଶୁଖି କଳା ପଡ଼ିଯାଉଛି। ଏହାକୁ ଜଳବାୟୁ ପରିବର୍ତ୍ତନର ପ୍ରଭାବ ବୋଲି ପ୍ରାଥମିକ ଆକଳନ କରାଯାଇଛି। କିନ୍ତୁ ଆମେରିକାରୁ ଚୀନ୍ ଜୀବବିଜ୍ଞାନୀ ଗୁପ୍ତଚର ଗିରଫ ହେବା ପରେ ଭାରତରେ ଜାମ୍ମୁକାଶ୍ମୀର ସେଓ ଚାଷରେ ଦେଖାଦେଇଥିବା ରୋଗକୁ ଗୁରୁତ୍ୱର ସହ ଗ୍ରହଣ କରିବା ଉଚିତ।

ପ୍ରୟୋଗକର୍ତ୍ତା ପାଇଁ କୃଷି ଆତଙ୍କବାଦ ସବୁଠାରୁ ସୁଲଭ, ସୁରକ୍ଷିତ ଓ ପ୍ରଭାବଶାଳୀ ଅସ୍ତ୍ର। କାରଣ ଏହା ସହଜରେ ଧରାପଡ଼େ ନାହିଁ କି ପ୍ରୟୋଗକାରୀର ପ୍ରମାଣ ରହେ ନାହିଁ। ବହୁ ଅଳ୍ପ ଖର୍ଚ୍ଚରେ ଶତ୍ରୁ ଦେଶ ବିରୋଧରେ ଏହାକୁ ପ୍ରୟୋଗ କରାଯାଇପାରେ, ଯାହା ମନ୍ଥର ବିଷ ଭଳି ସେହି ଦେଶର କୃଷି-ଅର୍ଥନୀତିକୁ ଧ୍ୱସ୍ତ କରିବାରେ ଅଭୂତପୂର୍ବ ସଫଳତା ଅର୍ଜନ କରିପାରେ। କୃଷି ଉତ୍ପାଦ ଯେ ଜୈବ ଆତଙ୍କବାଦର ମାଧ୍ୟମ ହୋଇପାରିବ, ସେହି ଧାରଣା ଓ ବିଶ୍ୱାସ ଆପାତତଃ ଦୃଢ଼ ହୋଇନଥିବାରୁ ସେ କ୍ଷେତ୍ରରେ ସେତେଟା ନିରାପତ୍ତା ବ୍ୟବସ୍ଥା ଗ୍ରହଣ କରାଯାଉନାହିଁ। ସନ୍ଦେହ ହେଲେ ମଧ୍ୟ ଆମଦାନୀ ଶସ୍ୟକୁ ଗୋଟିଗୋଟି କରି ଯାଞ୍ଚ କରିବା ଏକପ୍ରକାର ଅସମ୍ଭବ ବ୍ୟାପାର। ଖାଦ୍ୟ ସୁରକ୍ଷାରେ ଆମେରିକାର ସତର୍କତା ସର୍ବାଗ୍ରେ। ଯେତେବେଳେ ସେହି ଦେଶ ହିଁ କୃଷି-ଆତଙ୍କବାଦକୁ ପ୍ରତିହତ କରିପାରିଲା ନାହିଁ, ଅନ୍ୟ ଦେଶ କଥା ନ କହିବା ଭଲ। ତେଣୁ ଚୀନ୍ ଏବେ କୃଷି କ୍ଷେତ୍ରକୁ ହିଁ ଲକ୍ଷ୍ୟ କରିଛି।

ଶତ୍ରୁ ବିପକ୍ଷରେ ଜୈବ-ରସାୟନ ଆକ୍ରମଣ ନୂଆ କୌଶଳ ନୁହେଁ। ଦ୍ୱିତୀୟ ବିଶ୍ୱଯୁଦ୍ଧ ଓ ପରବର୍ତ୍ତୀ ସମୟରେ ଏଭଳି ଜୈବାସ୍ତ୍ର ପ୍ରୟୋଗ ହୋଇଥିବାର ପ୍ରମାଣ ରହିଛି। ଏପରିକି ପ୍ରଥମ ବିଶ୍ୱଯୁଦ୍ଧର ବହୁପୂର୍ବରୁ ପ୍ଲେଗ୍, ବସନ୍ତ, ହାଡ଼ଫୁଟି, ହଇଜା ଆଦି ମାରାତ୍ମକ ପ୍ରାଣଘାତୀ ମହାମାରୀ ଜୀବାଣୁ ଶତ୍ରୁ ଦେଶର ସୈନିକଙ୍କ ବିରୋଧରେ ପ୍ରୟୋଗ କରି ଯୁଦ୍ଧ ଜିତିବାର କଳାକୌଶଳରେ ଇତିହାସ ସମୃଦ୍ଧ। କିନ୍ତୁ କାଳକ୍ରମେ ସେହିସବୁ ମହାମାରୀ ପ୍ରତିଷେଧକ ଓ ନିରୋଧକ ଟିକା ଓ ଔଷଧ ଉଦ୍ଭାବନ ହୋଇସାରିବା ପରେ ସେହି ଜୈବାସ୍ତ୍ର ଆଉ କାଟୁ କରୁନାହିଁ। ତା'ବଦଳରେ ସାର୍ସ, କୋଭିଡ୍ ଭୂତାଣୁ ପରି ନୂଆ ନୂଆ ଭୂତାଣୁ ପ୍ରୟୋଗ କୌଶଳ ଉଦ୍‌ଭାବନ ହେବାରେ ଲାଗିଛି। ଏହିକ୍ରମରେ କୃଷି-ଆତଙ୍କବାଦ ଏକ ନୂଆ ପ୍ରଭାବଶାଳୀ କୌଶଳ ରୂପେ ଆତ୍ମପ୍ରକାଶ କରିଛି।

କୋଭିଡ୍ ୧୯ ଭଳି ମ୍ୟୁଟେସନ୍ ପ୍ରକ୍ରିୟାରେ ଏହି କବକ ବାରମ୍ବାର ଚରିତ୍ର ପରିବର୍ତ୍ତନ କରି ନୂଆ ପ୍ରଜାତି ସୃଷ୍ଟି କରିବାରେ ସକ୍ଷମ ବୋଲି ପ୍ରାଥମିକ ଗବେଷଣାରୁ ଜଣାପଡ଼ିଛି। ତେଣୁ ଆଗାମୀ ଦିନରେ ଗୋଟିଏ ନିର୍ଦ୍ଦିଷ୍ଟ କୀଟନାଶକ ଏକ୍ଷେତ୍ରରେ ପ୍ରଭାବଶାଳୀ ହେବ ନାହିଁ। ହୁଏତ କୋଭିଡ୍ ଟିକା ଭଳି ଏହା କୀଟନାଶକ କମ୍ପାନୀମାନଙ୍କର ଏକ ଅଭିସନ୍ଧି ହୋଇପାରେ। କିନ୍ତୁ ଆଗାମୀ ଦିନରେ ଯେ ଆମ ଜୀବନଧାରଣର ଉପାଦାନ ଆଉ ସୁରକ୍ଷିତ ନୁହେଁ ତାହା ଅବଧାର୍ଯ୍ୟ। କେତେବେଳେ କେଉଁ ଜରିଆରେ ଏଭଳି ହାନିକାରକ କବକ ଆମ ଶରୀରତନ୍ତ୍ରରେ ପ୍ରବେଶ କରିବ ତାହା କେହି ନିଶ୍ଚିତ କରିପାରିବେ ନାହିଁ। ତେଣୁ ଆଗାମୀ ସାଂଘାଇ ସହଯୋଗ ପରିଷଦ ବୈଠକରେ ଭାରତ ଏ ସମ୍ପର୍କରେ ଆଲୋଚନା ପାଇଁ ପ୍ରସ୍ତାବ ଓ ଦାବି ଜୋରଦାର କରିବା ଆବଶ୍ୟକ। ବିଶ୍ୱ ଖାଦ୍ୟ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଜାତିସଂଘ ନେତୃତ୍ୱରେ ଏବେଠାରୁ ବିଶ୍ୱ ମଞ୍ଚ ପ୍ରଭାବଶାଳୀ ଢଙ୍ଗରେ ମିଳିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଉଚିତ ହେବ।

# ଗାଁରୁ ଆରମ୍ଭ ହେଉ ଜୈବଚାଷର ମୂଳଦୁଆ

ଡି ଶୁଭମ୍

ଗ୍ରାମୀଣ ଜୀବନର ପରିଭାଷା ସବୁବେଳେ ସ୍ୱତନ୍ତ୍ର। ଗାଁ ମାଟିର ବାସ୍ନା ଆଜି ବି ସମସ୍ତଙ୍କୁ ମୋହିତ କରେ। ସହରୀକରଣ ଭିତରେ ଆମେ ଯେବେ ଶିଳ୍ପ ବିପ୍ଳବର କଥା କହୁ ସେବେ ଗ୍ରାମୀଣ ଜୀବନର ଅକୁହା କଥା ମନକୁ ଆନ୍ଦୋଳିତ କରେ। ଗାଁ ରୁ ହିଁ ଆରମ୍ଭ ହୁଏ ଯେକୌଣସି ଯୋଜନାର ସଫଳତାର ଫର୍ଦ୍ଦ। ଏହି ଉପକ୍ରମରେ ଗାଁର ଅସଜଡ଼ା କଥାକୁ ସଜାଡ଼ିବାରେ ପଞ୍ଚାୟତର ଭୂମିକା ଅନିବାର୍ଯ୍ୟ। ପଞ୍ଚାୟତିରାଜ ଦିବସର ଇତିହାସ ଭାରତର ଗ୍ରାମୀଣ ସମ୍ପ୍ରଦାୟକୁ ସଶକ୍ତ କରିବା ସହ ଗାଁର ଲୋକମାନଙ୍କ ମତ ପରିପ୍ରକାଶ କରିବାରେ ମଧ୍ୟ ଯଥାସମ୍ଭବ ସାହାଯ୍ୟ କରେ। ଭାରତର ପାରମ୍ପରିକ ଗ୍ରାମ ପରିଷଦ ବ୍ୟବସ୍ଥାର ଏକ ଦୀର୍ଘ ଇତିହାସ ରହିଛି, ଯାହା ପ୍ରାଚୀନ କାଳରୁ ଆରମ୍ଭ ହୋଇଥିଲା। କୃଷି, ଜଳ, ପରିମଳ, ଶିକ୍ଷା ଓ ସ୍ୱାସ୍ଥ୍ୟ ସହିତ ଜଡ଼ିତ ବିଭିନ୍ନ ଗ୍ରାମୀଣ ବିକାଶ କାର୍ଯ୍ୟକ୍ରମ ଏବଂ ପଦକ୍ଷେପଗୁଡ଼ିକର ତଦାରଖ ଏବଂ କାର୍ଯ୍ୟକାରୀ କରିବା ସହ ଗାଁରେ ଭିତ୍ତିଭୂମିର ବିକାଶ ଦିଗରେ ପଞ୍ଚାୟତର ଭୂମିକା ସର୍ବାଗ୍ରେ ଥାଏ। ପଞ୍ଚାୟତଗୁଡ଼ିକ ସାମାଜିକ ସଶକ୍ତୀକରଣ ଓ ବିକାଶକୁ ପ୍ରୋତ୍ସାହିତ କରିବା ସହ ଜାତି, ଧର୍ମ, ବର୍ଣ୍ଣ, ଲିଙ୍ଗ ନିର୍ବିଶେଷରେ ନିଜ ପଞ୍ଚାୟତର ଅନ୍ତିମ ଅଧିବାସୀ ଯାଏଁ ଯୋଜନାର ଲାଭ ପହଁଚିବା ସୁନିଶ୍ଚିତ କରିବା ଏବଂ ପରିବେଶ ସୁରକ୍ଷା ଓ ସଂରକ୍ଷଣରେ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରେ।

ଆମେ ଯେବେ ବି ଚାଷ ଓ ଚାଷୀର କଥା କହୁ ସବୁବେଳେ ଗାଁର କଥା ଆସେ। ଗ୍ରାମୀଣ ଜୀବନରେ ଚାଷର ଭୂମିକା ଯେତିକି ଗୁରୁତ୍ୱପୂର୍ଣ୍ଣ, ରାଜ୍ୟର ଅର୍ଥନୀତିକୁ ସୁଧାରିବାରେ ଏହାର ଅବଦାନ ତତୋଧିକ। ରାଜ୍ୟ ଓ ଦେଶର ବିକାଶରେ କୃଷିକୁ ପ୍ରଥମ ଇଞ୍ଜିନ କୁହାଯାଉଥିବା ବେଳେ ଏହାର ମୂଳଭିତ୍ତି ଆମ ସମସ୍ତଙ୍କ ସହଭାଗିତା ଉପରେ ନିର୍ଭର କରେ। ଗାଁ ମାଟିରୁ କିପରି ଏହି ସଫଳତାର ଧ୍ୱଜା ପ୍ରତିଟି ଜିଲ୍ଲା, ରାଜ୍ୟ ଓ ଦେଶରେ ପହଁଚିବ ତାହାର ଦାୟିତ୍ୱ ଆମମାନଙ୍କର। ଏ ଦିଗରେ ଜୈବ ଚାଷର ଭୂମିକା କଥା କାହାକୁ ବୁଝାଇବାର ଆବଶ୍ୟକତା ନାହିଁ। କାରଣ ଆମେ ନିଜେ ଜାଣିଛନ୍ତି ଜୈବ ଚାଷ ଓ ଏହାର ଉପକାରିତା ବିଷୟରେ। ଏ ଦିଗରେ ପ୍ରତି ପଞ୍ଚାୟତରେ ଜୈବ କୃଷକ ସମୂହ ଗଠନ ଦିଗରେ କାର୍ଯ୍ୟ କରିବା ଆମ ସମସ୍ତଙ୍କ ପାଇଁ ଆହ୍ୱାନ ହେଉ।

ରାସାୟନିକ ଚାଷ ଅମଳ ଉତ୍ପାଦନ ବଢ଼ାଏ। ଅପରପକ୍ଷରେ ଜୈବ ଚାଷରେ ଉତ୍ପାଦନ ଅପେକ୍ଷାକୃତ କମ୍ ଏକଥା ସମସ୍ତେ ଜାଣନ୍ତି। ତେଣୁ ଜୈବ ଚାଷକୁ ବିରୋଧ କରନ୍ତି। କିନ୍ତୁ ଆପଣ ଆଜି ଗାଁକୁ ଯା'ନ୍ତୁ, ଦେଖିବେ ଜୈବ ଚାଷର ପରିବେଶକୁ। ପ୍ରତିଟି ଗାଁର ଚାଷୀ ନିଜେ କହିବେ ଜୈବ ଚାଷର ଉପକାରିତା। ଆମେ ଚିରସ୍ଥାୟୀ କୃଷି ଦିଗରେ କାର୍ଯ୍ୟ କରୁଛୁ। ଅମଳ ବୃଦ୍ଧି ଆଉ ଅଧିକ ଟଙ୍କା ଆଶାରେ ଆମେ ନିଜ ଜ୍ଞାତସାରରେ ଯଦି ନିଜ ପରିବାର ଲୋକଙ୍କୁ ବିଷ ଖୁଆଇବା, ଏହାଠାରୁ ବଡ଼ ପାପର କଥା କିଛି ବି ନ ହୋଇପାରେ। ୧୯୬୦ ମସିହାରେ ସବୁଜ ବିପ୍ଳବ କୃଷି କ୍ଷେତ୍ରରେ ପରିସ୍ଥିତିକୁ ବଦଳାଇ ଦେଇଥିଲା, ଯେଉଁଠାରେ ଚାଷୀମାନଙ୍କୁ ଖାଦ୍ୟ ସୁରକ୍ଷା ବଜାୟ ରଖିବା ପାଇଁ ଅଧିକ ଅମଳକ୍ଷମ ବିହନ ଏବଂ ସାର ସହିତ ପରିଚିତ କରାଯାଇଥିଲା। ଏହା ଉତ୍ପାଦନ ବୃଦ୍ଧି ଲାଭ ସୁନିଶ୍ଚିତ କରିଥିଲା, କିନ୍ତୁ ଶେଷରେ ସାରର ଅତ୍ୟଧିକ ବ୍ୟବହାର ଯୋଗୁଁ ଜମି ଅନୁର୍ବର ହୋଇପଡୁଥିଲା। ଯେତେ ଅଧିକ ଅମଳକ୍ଷମ ବିହନ ଜମିରେ ବ୍ୟବହାର କରାଯାଏ, ଗଛ ସେତେ ଅଧିକ ପୋଷକତତ୍ତ୍ୱ ମାଟିରୁ ଗ୍ରହଣ କରିବାକୁ ବାଧ୍ୟ ହୁଏ।

ଆଜିକାଲି ଅନେକଗୁଡ଼ିଏ ଏଫପିଓ ବା କୃଷକ ଉତ୍ପାଦକ ସଂଗଠନମାନ ଗାଁ ମାନଙ୍କରେ ଗଠନ ହେଲାଣି। କିନ୍ତୁ ଗାଁର କଥା ଟିକେ ଅଲଗା। ଚାଷ ବାସ ସାରି ସନ୍ଧ୍ୟାରେ ଗାଁର ଚାଷୀ ଯେବେ ଏକାଠି ହୁଅନ୍ତି, ଅନେକ କଥା ସେଠାରେ ଆଲୋଚନା ହୁଏ। ଅନେକ ସମୟରେ ଯେବେ କ୍ଷେତ୍ର ପରିଦର୍ଶନରେ ଗାଁମାନଙ୍କୁ ଯାଉ ସେବେ ସଂଧ୍ୟାରେ ସେଠାରେ ସମୟ ଅତିବାହିତ କରି ଗ୍ରାମୀଣ ଅର୍ଥନୀତିକୁ ବୁଝିବାକୁ ଚେଷ୍ଟା କରୁ। ଉପଲବ୍ଧି ହୁଏ ଯେ ଗାଁରେ ଚାଷୀ ସମୂହ ହିଁ ବିକାଶର ମଙ୍ଗ ଧରିବା ପାଇଁ ସର୍ବୋତ୍ତମ। ପଞ୍ଚାୟତ ସ୍ତରରୁ ଏହା ଆରମ୍ଭ ହୋଇ ଜଣେ ଜଣେ ଅଧିକାରୀ ଗାଁ ମାନଙ୍କରେ ଏହି କାର୍ଯ୍ୟକୁ ପରିଚାଳନା କରିବା ଦିଗରେ ସାହାଯ୍ୟ କରିବା ଆବଶ୍ୟକ। ଏହି ଜୈବ କୃଷକ ସମୂହ ବା ଅର୍ଗାନିକ ଫାର୍ମର କ୍ଲଷ୍ଟର ସବୁ ପଞ୍ଚାୟତ ଗଠନ ହେବା ଜରୁରୀ। ଯଦି ଆମେ ଜୈବ ଚାଷକୁ ଅଧିକରୁ ଅଧିକ ପ୍ରସାର କରିବାକୁ ଚାହିଁବା ଏହାର ଗୁରୁତ୍ୱ ସୁଦୂରପ୍ରସାରୀ ହେବ।

ପ୍ରଥମରେ ପଞ୍ଚାୟତ ସ୍ତରରେ ଜୈବ କୃଷକ ସମୂହ ସବୁ ସମୟରେ ଗାଁ ମାନଙ୍କରେ ଜୈବ ଚାଷର ଉପକାରିତା ସହ ଏହାର ବର୍ତ୍ତମାନ ସ୍ଥିତି ବିଷୟରେ ଚାଷୀ ଓ ଜନସାଧାରଣଙ୍କୁ ଅବଗତ କରାଇବେ। ସାର ବିଷ ବନାମ ଜୈବ ସାର ଏହାର କାଯ୍ୟଶୈଳୀ ଏବଂ ପ୍ରସ୍ତୁତି ପ୍ରଣାଳୀ ବିଷୟରେ ଚାଷୀମାନଙ୍କୁ ବୁଝାଇବେ। କର୍ମଶାଳାର ଆୟୋଜନ କେବଳ ପ୍ରଶିକ୍ଷଣ ନୁହେଁ, ବରଂ ଏହାର ପ୍ରତ୍ୟକ୍ଷ ତତ୍ତ୍ୱାବଧାନ କରି ଏହାକୁ କିପରି ଚାଷୀ ନିଜ ଜମିରେ ପ୍ରୟୋଗ କରିବେ ସେ ଦିଗରେ କାର୍ଯ୍ୟକରିବାକୁ ପଡ଼ିବ। ଆମେ ସମସ୍ତେ ଜାଣିଛୁ ଜୈବିକ ଚାଷରେ ଉତ୍ପାଦନ ଅପେକ୍ଷାକୃତ କମ୍। କିନ୍ତୁ ଏହାକୁ ଭାବି ଯଦି ଆମେ ମାଟିରେ ଅଧିକରୁ ଅଧିକ ସାର ବିଷ ପ୍ରୟୋଗ କରିବା ଏହା ଆମକୁ ଅଧିକ ଅମଳ ଦେବ, କିନ୍ତୁ ଶରୀରକୁ ରୋଗାକ୍ରାନ୍ତ କରିବ। ତେଣୁ ଶରୀରକୁ ସୁସ୍ଥ କରିବା ସହ ଏହା ସବୁଜ ପରିବେଶ ଗଠନ ଦିଗରେ ଜୈବିକ କୃଷି ସହାୟକ ହେବ। ଜୀବାମୃତ, ଘନଜୀବାମୃତର ଉପକାରିତାକୁ କେବଳ ପାଟିରେ କହିଦେଲେ ନୁହେଁ, ବରଂ ଏହାକୁ ପ୍ରୟୋଗ କରି କିପରି ମାଟିରେ ଅଣୁଜୀବଙ୍କ ସଂଖ୍ୟା ବଢ଼ିବ, ତାହାକୁ ଚାଷ ଜମିରେ ପ୍ରୟୋଗ କରିବାକୁ ପଡ଼ିବ। ରାଜ୍ୟ ଓ କେନ୍ଦ୍ର ସ୍ତରରେ ଜୈବ ଚାଷର ପ୍ରସାର ଦିଗରେ କାମ କରୁଥିବା ଅନୁଷ୍ଠାନ ଏ ଦିଗରେ ସ୍ୱତନ୍ତ୍ର ପଦକ୍ଷେପ ନେଇ ଏହି କ୍ଲଷ୍ଟରଗୁଡ଼ିକର ଉନ୍ନତ କାଯ୍ୟଶୈଳୀ ଦିଗରେ ଚେଷ୍ଟା କରିବା ଆବଶ୍ୟକ।

ଏହି କୃଷକ ସମୂହ ପରବର୍ତ୍ତୀ ପର୍ଯ୍ୟାୟରେ ବିଭିନ୍ନ ସରକାରୀ ଯୋଜନା ସହାୟତାରେ ନିଜର ଏଫପିଓ ଗଠନ କରିପାରିବେ। ପଞ୍ଚାୟତର ସରପଞ୍ଚମାନେ ଏ ଦିଗରେ ଏକ ପାଇଲଟ ମୋଡ୍‌ରେ କାର୍ଯ୍ୟ କରିବା ଆବଶ୍ୟକ। ସପ୍ତାହରେ ଥରେ ଅନ୍ତତଃ ପ୍ରତି ଗାଁକୁ ଯାଇ ଏହି କୃଷକ ସମୂହମାନଙ୍କ ମନୋବଳ ବୃଦ୍ଧି କରିବାରେ ସାହାଯ୍ୟ କରିପାରିବେ। ପ୍ରଥମାବସ୍ଥାରେ କିଛି କିଛି ପଞ୍ଚାୟତରୁ ଏହା ଆରମ୍ଭ ହେଲେ ପରବର୍ତ୍ତୀ ଅବସ୍ଥାରେ ଏହା ସମ୍ପୂର୍ଣ୍ଣ ଓଡ଼ିଶାରେ ପରିବ୍ୟାପ୍ତ ହୋଇପାରିବ। ଏହି କୃଷକ ସମୂହ ଦେଶୀ ବିହନ ସଂରକ୍ଷଣ କରିବା ଦିଗରେ କାର୍ଯ୍ୟ କରିବା ସହ ଅନ୍ୟ ଇଚ୍ଛୁକ ଚାଷୀମାନଙ୍କୁ ଏହାକୁ ପରୋକ୍ଷରେ ଯୋଗାଇ ଦେବାର ମାନସିକତା ସବୁ ଚାଷୀଙ୍କ ପାଖରେ ରହିବାର ଅବାଶ୍ୟତକା ଅଛି। ସେମାନଙ୍କର ଉତ୍ପାଦ କିପରି ସଠିକ ଭାବେ ବିକ୍ରୟ ହୋଇପାରିବ ସେ ଦିଗରେ ସରକାରୀ ଓ ବେସରକାରୀ ସ୍ତରରେ ଚିନ୍ତା କରିବାର ଅଛି। ଓଏନଡିସି ପ୍ଲାଟଫର୍ମ ମାଧ୍ୟମରେ ଚାଷୀମାନେ ନିଜ ଉତ୍ପାଦକୁ ବିକ୍ରୟ କରିପାରିବେ। ଜୈବ ଉତ୍ପାଦକୁ ପ୍ରମାଣୀକରଣ କରିବା ସହ ପ୍ରମାଣିତ ଉତ୍ପାଦକୁ ଜାତୀୟ ଓ ଅନ୍ତର୍ଜାତୀୟ ବଜାରରେ ବିକ୍ରୟ କରିବା ଦିଗରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ କରାଯାଉ। ଚାଷୀଙ୍କ ଉତ୍ପାଦ ବିକ୍ରୟ ହୋଇପାରିଲେ ହିଁ ସେମାନେ ଅଧିକ ଚାଷ କରିବା ଦିଗରେ ଆଗ୍ରହୀ ହେବ। ଗୋଟିଏ ଜମିରେ ଗୋଟିଏ ଫସଲ ଚାଷ ନ କରି ଫସଲ ବିବିଧିକରଣକୁ ଗୁରୁତ୍ୱ ଦେବା ଆବଶ୍ୟକ। ଏସବୁର ମିଳିତ ସମନ୍ୱୟ ରହିଲେ ହିଁ ଏକ ବିକଶିତ ଓଡ଼ିଶା ଗଠନର ସ୍ୱପ୍ନ ସାକାର ହୋଇପାରିବ।

(ଜୈବ ନିରୀକ୍ଷକ, ଓଡ଼ିଶା ରାଜ୍ୟ ଜୈବ ପ୍ରମାଣନ ସଂସ୍ଥା)
ଭୁବନେଶ୍ୱର, ମୋ: ୯୪୩୮୪୬୭୦୭୯

# ଏସି ତାପମାତ୍ରା ନିୟନ୍ତ୍ରଣ

ଇଂ ମାୟାଧର ସ୍ୱାଇଁ

ଦିନକୁ ଦିନ ପୃଥିବୀ ଉଷ୍ମ ହେବାରେ ଲାଗିଛି ଏବଂ ଏହା ସହିତ ଏୟାର କଣ୍ଡିସନିଂ (ଏସି)ର ବ୍ୟବହାର ବଢ଼ିବାରେ ଲାଗିଛି। ଘରେ ବ୍ୟବହୃତ ସମସ୍ତ ବୈଦ୍ୟୁତିକ ସରଞ୍ଜାମ ମଧ୍ୟରେ ଏସିରେ ସର୍ବାଧିକ ବିଦ୍ୟୁତ୍ ଖର୍ଚ୍ଚ ହୋଇଥାଏ। ଏହା ମଧ୍ୟ ବିଦ୍ୟୁତ୍ ଗ୍ରୀଡ ଉପରେ ଅଧିକ ଚାପ ପକାଇଥାଏ। ଖରାଦିନେ ଅଧିକ ବିଦ୍ୟୁତ୍ ଚାହିଦା ଥିବାରୁ ବିଦ୍ୟୁତ୍ କମ୍ପାନୀକୁ ଅନେକ ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିଥାଏ। ଗତ ଜୁନ୍ ମାସରେ ଦେଶରେ ସର୍ବାଧିକ ବିଦ୍ୟୁତ୍ ଚାହିଦା ୨୪୧୦୦୦ ମେଗାୱାଟ ଥିଲା ଏବଂ ଏଥିପାଇଁ ଏସି ହେଉଛି ମୁଖ୍ୟତଃ ଦାୟୀ।

ଏସି କୋଠରି ଭିତରୁ ଗରମ ବାୟୁକୁ ନେଇ ବାହାରେ ଛାଡ଼ିଦିଏ। ଅନ୍ୟ କେତେକ ଏସି କୋଠରି ଥଣ୍ଡା କରିବା ସହିତ ଶୀତଦିନେ ଏହାକୁ ଉଷୁମ ରଖିବା ପାଇଁ ଡିଜାଇନ ହୋଇଥାଏ। ଏସି ଏକ ରେଫ୍ରିଜିରାଣ୍ଟ ବ୍ୟବହାର କରେ, ଯାହା କୋଠରିର ଉତ୍ତାପକୁ ଶୋଷଣ କରେ ଏବଂ କମ୍ପ୍ରେସର ଦ୍ୱାରା ଏହାକୁ ବାହାରକୁ ପଠାଇଦିଏ। ଶୀତଦିନେ କୋଠରିକୁ ଉଷୁମ ରଖିବା ପାଇଁ ଏହା ଭିତରେ ତାପକ ବା ହିଟର୍ ଥାଏ। ଏଣୁ ଏହାର ନାମ ହେଉଛି ଏୟାରକଣ୍ଡିସନର ବା ଶୀତତାପ ନିୟନ୍ତ୍ରଣ ଯନ୍ତ୍ର। ନିକଟରେ କେନ୍ଦ୍ର ସରକାର ଏସି ତାପମାତ୍ରା ସେଟିଂକୁ ନିୟନ୍ତ୍ରଣ କରିବା ପାଇଁ ଗୋଟିଏ ପ୍ରସ୍ତାବ ଦେଇଛନ୍ତି ଏବଂ ଏହା ଖୁବ୍ ଶୀଘ୍ର ଆଇନ୍‌ରେ ରୂପାନ୍ତରିତ ହେବ ବୋଲି ପ୍ରକାଶ କରିଛନ୍ତି। ତାପମାତ୍ରା ସେଟିଂକୁ ୨୦ ଡିଗ୍ରୀ ଓ ୨୮ ଡିଗ୍ରୀ ସେଲସିୟସ ମଧ୍ୟରେ ରଖିବା ହେଉଛି ଏହି ପ୍ରସ୍ତାବ। ସରକାରଙ୍କ ଅନୁଯାୟୀ ଆମମାନଙ୍କର ଆରାମ ପାଇଁ ଏହି ତାପମାତ୍ରା ପରିସର ହେଉଛି ଯଥେଷ୍ଟ। ଏହି ନିୟମ ପ୍ରଣୟନ କରିବାର ଉଚିତ୍ କାରଣ ଅଛି। ତାପମାତ୍ରା ଯେତେ କମ୍ କରିବା, ଏସି ସେହି ଅନୁଯାୟୀ ଅଧିକ କାର୍ଯ୍ୟ କରିବ ଏବଂ ଏହା ଅଧିକ ବିଦ୍ୟୁତ୍ ବ୍ୟବହାର କରିବ। ଶକ୍ତି ମନ୍ତ୍ରଣାଳୟ ଅନୁଯାୟୀ ଏହାର ତାପମାତ୍ରା ସେଟିଂରେ ପ୍ରତି ଏକ ଡିଗ୍ରୀ ବୃଦ୍ଧି ପାଇଁ ଛଅ ପ୍ରତିଶତ ବିଦ୍ୟୁତ୍ ସଞ୍ଚୟ ହେବ। ଉଦାହରଣ ସ୍ୱରୂପ, ୨୪ ଡିଗ୍ରୀ ସେଲସିୟସ ତୁଳନାରେ ୧୮ ଡିଗ୍ରୀରେ ୩୬ ପ୍ରତିଶତ ଅଧିକ ବିଦ୍ୟୁତ୍ ଖର୍ଚ୍ଚ ହେବ।

ସାଧାରଣତଃ ଏସି ୨୦ ଡିଗ୍ରୀ ଓ ୨୮ ଡିଗ୍ରୀ ସେଲସିୟସ ତାପମାତ୍ରା ମଧ୍ୟରେ ଅଧିକ ଦକ୍ଷତାର ସହିତ କାର୍ଯ୍ୟ କରିଥାଏ। ଅନେକ ଗୃହ, ବ୍ୟାବସାୟିକ ପ୍ରତିଷ୍ଠାନ ଆଦିରେ ତାପମାତ୍ରାକୁ ୧୫ ଡିଗ୍ରୀ ସେଲସିୟସ୍‌ରେ ରଖାଯାଇଥାଏ। କେତେକଙ୍କର ଧାରଣା ଯେ ତାପମାତ୍ରା କମ୍ କଲେ କୋଠରି ଶୀଘ୍ର ଥଣ୍ଡା ହୋଇଯାଏ। ପ୍ରକୃତରେ ଶୀତଳନ ହାର ଏସି କ୍ଷମତା ଉପରେ ନିର୍ଭର କରିଥାଏ, ତାପମାତ୍ରା ସେଟିଂ ଉପରେ ନୁହେଁ। ତାପମାତ୍ରା ୨୪ ଡିଗ୍ରୀ, ୨୦ ଡିଗ୍ରୀ କିମ୍ବା ଏପରିକି ୧୬ ଡିଗ୍ରୀରେ ସେଟିଂ କଲେ ସୁଦ୍ଧା ଏହା ୨୮ ଡିଗ୍ରୀରୁ କୋଠରିକୁ ଥଣ୍ଡା କରିବା ପାଇଁ ସମାନ ସମୟ ନେଇଥାଏ। ଅନ୍ୟ ଏକ ଭୁଲ୍ ଧାରଣା ହେଉଛି ଯେ କୋଠରି ବାହାର ତାପମାତ୍ରା ଅଧିକ ଥିଲେ ଏସି ସେଟିଂ ୨୦ ଡିଗ୍ରୀରେ ରଖିଲେ ଯଥେଷ୍ଟ ଥଣ୍ଡା ହେବ ନାହିଁ। ବାସ୍ତବରେ ବାହାର ତାପମାତ୍ରା ୩୫ ଡିଗ୍ରୀ, ୪୦ ଡିଗ୍ରୀ କିମ୍ବା ଏପରିକି ୪୫ ଡିଗ୍ରୀ ହେଲେ ମଧ୍ୟ ୨୦ ଡିଗ୍ରୀ ସେଟିଂ ଆରାମଦାୟକ ହୋଇଥାଏ।

ଏସି ତାପମାତ୍ରା ସେଟିଂ ଉପରେ ବିଦ୍ୟୁତ୍ ଖର୍ଚ୍ଚ ନିର୍ଭର କରୁଥିବାରୁ ଆମର ସ୍ୱାଚ୍ଛନ୍ଦ୍ୟକୁ ଜଳାଞ୍ଜଳି ନ ଦେଇ ତାପମାତ୍ରା ୨୦ ଡିଗ୍ରୀ ସେଲସିୟସ୍ ରଖିଲେ ଦେଶର ଅନେକ ବିଦ୍ୟୁତ୍ ଖର୍ଚ୍ଚ ବଞ୍ଚିଯିବ ଏବଂ ଏହାକୁ କଳକାରଖାନାରେ ବ୍ୟବହାର କରାଯାଇପାରିବ। ପୁନଶ୍ଚ ଆମର ମୋଟ ବିଦ୍ୟୁତ୍ ଉତ୍ପାଦନର ପ୍ରାୟ ୫୦ ପ୍ରତିଶତ ତାପଜ ବିଦ୍ୟୁତ୍ କେନ୍ଦ୍ରରୁ ଉତ୍ପନ୍ନ ହେଉଛି, ଯାହା ବାୟୁମଣ୍ଡଳକୁ ଅଙ୍ଗାରକାମ୍ଳ ନିର୍ଗତ କରୁଥିବାରୁ ଜଳବାୟୁ ପରିବର୍ତ୍ତନ ହେଉଛି। ଏଣୁ ଏସି ତାପମାତ୍ରା ନିୟନ୍ତ୍ରଣ ଦ୍ୱାରା ଆମ ପରିବେଶ ସୁରକ୍ଷା ହୋଇପାରିବ। ପୁନଶ୍ଚ ଏକ ନିର୍ଦ୍ଦିଷ୍ଟ ଅଞ୍ଚଳରେ ଏକସଙ୍ଗରେ ଅନେକ ଏସି ଚାଲିଲେ ଗ୍ରିଡର ଭୋଲ୍ଟେଜ କମିଯାଏ ଏବଂ ବିଦ୍ୟୁତ୍ ବିଚ୍ଛିନ୍ନ ମଧ୍ୟ ହୋଇପାରେ।

ଏସିରେ ବିଦ୍ୟୁତ୍ ଖର୍ଚ୍ଚ ହ୍ରାସ କରିବା ପାଇଁ ଏହାର ଦକ୍ଷତା ବଢ଼ାଇବାକୁ ପଡ଼ିବ। ଶକ୍ତି ଦକ୍ଷତା ପରିଷଦ ଏସିଗୁଡ଼ିକୁ ୧ରୁ ୫ ଷ୍ଟାର ଚିହ୍ନ ଦେଇଛି। ଷ୍ଟାର ୧ ହେଉଛି ସବୁଠାରୁ କମ୍ ଦକ୍ଷ ଓ ଷ୍ଟାର ୫ର ଦକ୍ଷତା ହେଉଛି ସବୁଠାରୁ ଅଧିକ। ଏଣୁ ଷ୍ଟାର ୧ ରୁ ୫ ପର୍ଯ୍ୟନ୍ତ ବିଦ୍ୟୁତ୍ ଖର୍ଚ୍ଚ କମ୍ ହୋଇଥାଏ, ମାତ୍ର ଏସି ଦାମ ବଢ଼ିଯାଏ। ଏଣୁ ପରିବେଶବିତ୍‌ମାନେ କେବଳ ଷ୍ଟାର ୫ ଏସି ପ୍ରଚଳନ ପାଇଁ ଦାବି କରିଥା'ନ୍ତି। ୨୦୨୦ ମସିହାରେ ଶକ୍ତି ଦକ୍ଷତା ପରିଷଦ ଏସି ତାପମାତ୍ରା ସେଟିଂକୁ ସର୍ବନିମ୍ନ ୨୪ ଡିଗ୍ରୀ ସେଲସିୟସ ରଖିବା ପାଇଁ ନିୟମ କରିଥିଲା। ମାତ୍ର ଏହା ଫଳପ୍ରଦ ହେଲା ନାହିଁ। ପ୍ରଥମତଃ ଏହି ମୂଲ୍ୟ ଅଧିକ ଥିଲା ଏବଂ ଦ୍ୱିତୀୟରେ ଏସି ନିର୍ମାତାମାନେ ନିର୍ମାଣ ସମୟରେ ଏଥିପାଇଁ ବ୍ୟବସ୍ଥା କଲେ ନାହିଁ। ଏଣୁ ନୂଆ ଭାବେ ଆସିବାକୁ ଥିବା ଆଇନ୍‌ରେ ବ୍ୟବସ୍ଥା ରହୁଛି ଯେ ଏସି ନିର୍ମାତାମାନେ ଏପରି ଡିଜାଇନ କରିବେ ଯେପରି ତାପମାତ୍ରା ସେଟିଂକୁ ୨୦ ଡିଗ୍ରୀରୁ କମ କିମ୍ବା ୨୮ ଡିଗ୍ରୀରୁ ଅଧିକ କରିହେବ ନାହିଁ। ଜାପାନ, ଅଷ୍ଟ୍ରେଲିଆ ଓ ୟୁରୋପର କେତେକ ଦେଶରେ ଏସି ତାପମାତ୍ରା ନିୟନ୍ତ୍ରଣ ପାଇଁ ଆଇନ ଅଛି। ଭାରତର ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ ଏହି ନିଷ୍ପତ୍ତି ନେବାକୁ ପଡୁଛି ଯେତେବେଳେ ଶକ୍ତି ସମ୍ବନ୍ଧୀୟ କାର୍ବନ ଉତ୍ସର୍ଜନକୁ ହ୍ରାସ କରିବା ପାଇଁ ଆମ ଉପରେ ଜାଗତିକ ଚାପ ପଡୁଛି ଏବଂ ଭାରତ ୨୦୭୦ ମସିହା ସୁଦ୍ଧା ନେଟ୍ ଶୂନ୍ କାର୍ବନ ଉତ୍ସର୍ଜନ ଦେଶରେ ପରିଣତ ହେବା ପାଇଁ ଘୋଷଣା କରିଛି।

ମୋଟ ଉପରେ କହିଲେ ଏସି ତାପମାତ୍ରା ନିୟନ୍ତ୍ରଣ ଦ୍ୱାରା କମ୍ ବିଦ୍ୟୁତ୍ ବିଲ ଆସିବ, ବିଦ୍ୟୁତ୍ ଗ୍ରୀଡରେ ସ୍ଥିରତା ଆସିବ ଏବଂ ବାୟୁମଣ୍ଡଳକୁ କମ ଅଙ୍ଗାରକାମ୍ଳ ନିର୍ଗତ ହେବ। ପୁନଶ୍ଚ ଦେଖାଯାଇଛି ଯେ ବାହାରର ଝାଳବୁହା ଗରମରୁ ଭିତରର ଅତି ଥଣ୍ଡା ଅବସ୍ଥାକୁ ଆସିଲେ ଶ୍ୱାସକ୍ରିୟାଜନିତ ଚାପ ଓ ଶ୍ରାନ୍ତ ଦେଖାଦେଇପାରେ। କୋଠରି ତାପମାତ୍ରା ୨୨ରୁ ୨୬ ଡିଗ୍ରୀ ସେଲସିୟସ୍ ମଧ୍ୟରେ ରଖିଲେ ଆମ ସ୍ୱାସ୍ଥ୍ୟ ଉପରେ କୌଣସି ପ୍ରତିକୂଳ ପ୍ରଭାବ ନ ପକାଇ ଆମକୁ ଆରାମ ଦେଇପାରିବ ବୋଲି ବିଜ୍ଞାନଗତ ଭାବରେ ପ୍ରମାଣ କରାଯାଇଛି। ଏକ ଅଧ୍ୟୟନରୁ ଜଣାଯାଇଛି ଯେ ୫୦ ବର୍ଷରୁ ଅଧିକ ବୟସ୍କ ଲୋକ ୧୮ ଡିଗ୍ରୀ ସେଲସିୟସରୁ କମ୍ ତାପମାତ୍ରା ପରିବେଶରେ ରହିଲେ ସେମାନଙ୍କ ମଧ୍ୟରୁ ୧୬ ପ୍ରତିଶତ ଉଚ୍ଚ ରକ୍ତଚାପ, ନିମ୍ନ ଭିଟାମିନ୍ 'ଡି' ସ୍ତର ଏବଂ ହ୍ରାସିତ ଫୁସଫୁସ କ୍ରିୟା ଅନୁଭବ କରିଥା'ନ୍ତି। ଏଣୁ ସରକାରଙ୍କ ଆଇନ୍‌କୁ ମାନିବା ସହିତ ଏଥିନେଇ ସଚେତନତା ସୃଷ୍ଟି କରିବା ଆବଶ୍ୟକ।

(ସମ୍ପାଦକ, ସାଇନସ ହୋରିଜନ)
ଭୁବନେଶ୍ୱର, ମୋ: ୯୪୩୮୬୯୩୭୨୪

# ଲାଣ୍ଡିମାତା ମଠ ଓ ପିତା ଭୋଗ

ସ୍ୱପ୍ନେଶ୍ୱର

## ଲୋକକଥାରେ ଲୋକଦେବତା

ଶ୍ରୀମନ୍ଦିରର ଦକ୍ଷିଣ ଦ୍ୱାର ପାଖରେ ବୁଢ଼ୀଟିଏ କୁଡ଼ିଆଟିଏ କରି ବାସ କରୁଥିଲା। ବୁଢ଼ୀର ଆଗକୁ ପଛକୁ କେହି ନ ଥିଲେ। ଘରେ ମହାପ୍ରଭୁଙ୍କର ଚିତ୍ର ପ୍ରତିମାଟିଏ ରଖି ଭକ୍ତିର ସହ ପୂଜା କରେ। ବୁଢ଼ୀ ଭାବେ କାଳିଆ ତା'ର ପୁଅ। ଏ କଥା ପୁରୀବାସୀ ସମସ୍ତଙ୍କୁ ଜଣାଥିଲା। ତେଣୁ ସମସ୍ତେ ତା'କୁ 'ଲାଣ୍ଡିମାତା' ବୋଲି ଡାକୁଥିଲେ। ସବୁଦିନ ମନ୍ଦିରକୁ ଯାଇ ଯାଇ ନୀତିକାନ୍ତି ବିଷୟରେ ସେ ସବୁ ଜାଣିଥିଲା। ଯଦି କେବେ ଠାକୁରଙ୍କ ଭୋଗ ଲାଗିବାରେ ବିଳମ୍ବ ହୁଏ, ତା' ପୁଅକୁ ଭୋକ ଲାଗୁଥିବ ବୋଲି ବୁଢ଼ୀ କାନ୍ଦେ। ଅଣସର ସମୟରେ ଠାକୁରମାନେ ଜ୍ୱରରେ ପୀଡ଼ିତ ହୋଇ ଦର୍ଶନ ଦିଅନ୍ତି ନାହିଁ। ସେ ସମୟରେ ବୁଢ଼ୀ ଆଖିରୁ ଲୁହ ଶୁଖେ ନାହିଁ। ପୁଅର ଆରୋଗ୍ୟ କାମନା କରି ସେ ଉପବାସ ବ୍ରତ ରଖେ। ଜ୍ୱର ଦେବତାଙ୍କୁ ଆରାଧନା କରେ।

ଥରେ ବୁଢ଼ୀ ମନରେ ଏକ ଅଦ୍ଭୁତ ଖିଆଲ ଆସିଲା। ସେ ଚିନ୍ତା କଲା ଯେ ସୁଆର ପିଲାମାନେ ତା' ପୁଅ ପାଇଁ ଯାହା ସବୁ ଭୋଗ ପ୍ରସ୍ତୁତ କରୁଛନ୍ତି, ତା' ଭିତରୁ ଅଧିକାଂଶ ମଧୁର। ପିତା ଦିହକୁ ହିତ। ତେଣୁ ବୁଢ଼ୀ ଠିକ କଲା ଯେ ସେ ନିଜେ ପିତା ତୁଉଣ ରାନ୍ଧି ତା' ପୁଅକୁ ଖୁଆଇବ। ଦିନେ ଘରେ ଅତିଯତ୍ନର ସହ ପିତା ତୁଉଣ ରାନ୍ଧି ତାଟିଆରେ ରଖି କାନି ଘୋଡ଼େଇ ଲୁଚେଇ ନେଇଗଲା। ଗରୁଡ଼ ସ୍ତମ୍ଭ ପାଖରେ ଠିଆ ହୋଇ ତା' ତୁଉଣ ଗ୍ରହଣ କରିବା ପାଇଁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲା। କିନ୍ତୁ ତାଟିଆର ତୁଉଣ ଅକ୍ଷୁଣ୍ଣ ଥିବା ଦେଖି ମନ ଦୁଃଖରେ ଘରକୁ ଫେରି ଗଲା। ତା' ପରଦିନ ପୁଣି ଅଧିକ ଯତ୍ନର ସହ ରାନ୍ଧି ମନ୍ଦିର ନେଇଗଲା ଏବଂ ଠାକୁରଙ୍କୁ ନିଉଛାଳି ହେଲା। କିନ୍ତୁ ମହାପ୍ରଭୁ ତୁଉଣ ଗ୍ରହଣ କରୁ ନ ଥିଲେ। ଏହିପରି ଅନେକ ଦିନ ଚାଲିଗଲା।

ଥରେ ଜଗନ୍ନାଥ ଦାସ ବୁଢ଼ୀକୁ କାନ୍ଦି କାନ୍ଦି ମନ୍ଦିରରୁ ଫେରୁ ଥିବାବେଳେ ଦେଖି କାରଣ ପଚାରିଲେ। ବୁଢ଼ୀର କଥା ଶୁଣି ଜଗନ୍ନାଥ ଦାସ କହିଲେ- 'ତୁ ଜାଣିନୁ କି ମାଉସୀ? ସେ ପରା ଭାବର ଠାକୁର। ତାଙ୍କୁ ଯଦି ମୁଣ୍ଡ ବାଡ଼େଇ କାନ୍ଦି ଡାକିବୁ, ସେ ତୋ ଭୋଗ ସ୍ୱୀକାର କରିବେ।' ତା' ପରଦିନ ବୁଢ଼ୀ ଯତ୍ନର ସହ ପିତା ତୁଉଣ ରାନ୍ଧି ତାଟିଆକୁ କାନି ତଳେ ରଖି ମନ୍ଦିରକୁ ଗଲା। ଗରୁଡ଼ ସ୍ତମ୍ଭ ପାଖରେ ଠିଆ ହୋଇ ମୁଣ୍ଡ ବାଡ଼େଇ କାନ୍ଦିଲା। ଧାର ଧାର ରକ୍ତ ବୋହିବାକୁ ଲାଗିଲା। ତା' ପରେ ସେ ଅନୁଭବ କଲା ଯେ ତାଟିଆଟା ହଠାତ୍ ହାଲୁକା ଲାଗିଲା। ସେ ଦେଖିଲା ଯେ ତାଟିଆ ଖାଲି। ଏହା ଦେଖି ବୁଢ଼ୀ ଆନନ୍ଦରେ କାନ୍ଦି କାନ୍ଦି ବାହାରକୁ ଗଲା। ସିଂହଦ୍ୱାରେ ଦାସ ଗୋସେଇଁଙ୍କୁ ସବୁ କଥା କହିଦେଇ ଘରକୁ ଧାଇଁଲା। ତା' ପର ଦିନଠାରୁ ପ୍ରତିଦିନ ବୁଢ଼ୀ ପିତା ତୁଉଣ ତାଟିଆ ନେଇ ମନ୍ଦିରକୁ ଯାଉଥିଲା ଏବଂ ତାଟିଆ ଖାଲି ହେବା ପରେ ଘରକୁ ଫେରୁଥିଲା।

ଦିନେ ବୁଢ଼ୀ ଚିନ୍ତା କଲା ଯେ ଯଦି କାଳିଆ ସବୁଦିନ ତାଟିଆ ଖାଲି କରି ତୁଉଣ ଖାଇ ଦେଉଥିଲା, ଅଧିକ ଟିକିଏ ନେଲେ ପିଲାଟା ଖୁସିରେ ଖାଆନ୍ତା। ତେଣୁ ସେ ଦିନ ଟିକିଏ ଅଧିକ ତୁଉଣ ରାନ୍ଧି ଗୋଟେ ବଡ଼ ତାଟିଆରେ ରଖି ନେଇ ଚାଲିଲା। ବଡ଼ ତାଟିଆଟାକୁ କାନି ତଳେ ନେଲା ବେଳେ ସେବକମାନେ ଦେଖିଦେଲେ। ତୁଉଣ ମନ୍ଦିର ଭିତରକୁ ଯାଇ ପାରିବ ନାହିଁ ବୋଲି ସେମାନେ ଶୁଣେଇ ଦେଲେ ଏବଂ ବୁଢ଼ୀକୁ ମନ୍ଦିରରୁ ବାହାର କରିଦେଲେ। ବୁଢ଼ୀ କାନ୍ଦି କାନ୍ଦି ଘରକୁ ଫେରିଲା। ତୁଉଣ ତାଟିଆକୁ ମହାପ୍ରଭୁଙ୍କ ଚିତ୍ରପ୍ରତିମା ଆଗରେ ରଖି ପ୍ରାର୍ଥନା କଲା। ମହାପ୍ରଭୁ ଭକ୍ତର ଡାକ ଶୁଣିଲେ। ସେଠାରେ ବିଜେ କରି ତାଟିଆ ଖାଲି କରି ଦେଲେ। ଏହା ଦେଖି ବୁଢ଼ୀର ଆନନ୍ଦ କହିଲେ ନ ସରେ।

ମନ୍ଦିରରେ ଧୂପବେଳେ ମହାପ୍ରଭୁ ସେବକମାନଙ୍କର ଚକ୍ଷୁରେ ଦେଖାଗଲେ ନାହିଁ। ଖବର ପାଇ ଗଜପତି ମହାରାଜା ଶ୍ରୀମନ୍ଦିରରେ ପହଞ୍ଚି ଗର୍ଭଗୃହରେ ଗୁହାରିଆ ପଡ଼ିଲେ। ସେଠାରେ ମହାପ୍ରଭୁ ଶୂନ୍ୟବାଣୀ କଲେ- 'ରାଉତ! ମୋର ଭକ୍ତ ଲାଣ୍ଡିମାତା ମୋତେ ସବୁଦିନ ପିତା ତୁଉଣ ଅର୍ପଣ କରେ। ମୁଁ ତାହା ମହାଆନନ୍ଦରେ ଗ୍ରହଣ କରେ। ଆଜି ସେବକମାନେ ତାଙ୍କୁ ମନ୍ଦିରକୁ ଆସିବାକୁ ଅନୁମତି ନ ଦେବାରୁ ମୁଁ ପିତା ଭୋଗ ପାଇବା ପାଇଁ ତା' ଘରେ ଅଛି। ଆଜିଠାରୁ ପ୍ରତିଦିନ ତା' ଘରୁ ପିତା ଭୋଗ ମୋତେ ସମର୍ପଣ କରିବାର ବନ୍ଦୋବସ୍ତ କର।' ଗଜପତି ଲାଣ୍ଡିମାତାଙ୍କ ଦ୍ୱାରା ପ୍ରସ୍ତୁତ ପିତା ଭୋଗ ସବୁଦିନ ମହାପ୍ରଭୁଙ୍କୁ ସମର୍ପଣ ହେବ ବୋଲି ଘୋଷଣା କଲେ। ଲାଣ୍ଡିମାତା ରହୁଥିବା ଯାଗାରେ ଲାଣ୍ଡିମାତା ମଠ ଗଢ଼ି ଉଠିଲା ଏବଂ ଅନେକ ବର୍ଷ ପର୍ଯ୍ୟନ୍ତ ପିତା ଭୋଗ ଯୋଗାଇବାର ଦାୟିତ୍ୱ ନେଲା। ଆଜିକାଲି ତରକାରୀରେ ମେଥି ପକେଇ ମହାପ୍ରଭୁଙ୍କ ରୋଷ ଘରେ ପ୍ରସ୍ତୁତ ପିତା ଭୋଗ ସମର୍ପଣ କରାଯାଉଛି।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

## ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପୁଣି ରାସ୍ତାରେ ଦୌଡ଼ିବ ୨୦ ବର୍ଷ ପୁରୁଣା ଗାଡ଼ି

## ଦେବାକୁ ପଡିବ ମୋଟା ଅଙ୍କର ପଞ୍ଜୀକରଣ ଫି

ନୂଆଦିଲ୍ଲୀ,୨୬।୮(ଏଜେନ୍ସି): ଗାଡି ମାଲିକଙ୍କୁ ଆଶ୍ୱସ୍ତି! ଏଣିକି ୧୫ ବର୍ଷ ବଦଳରେ ୨୦ ବର୍ଷ ପାଇଁ ରାସ୍ତାରେ ଗଡ଼ିବ ଗାଡି। ହେଲେ ପୁରୁଣା ଗାଡ଼ିର ପଞ୍ଜିକରଣ ଲାଗି ଗାଡ଼ି ମାଲିକଙ୍କୁ ଦେବାକୁ ପଡିବ ମୋଟା ଅଙ୍କର ପଞ୍ଜୀକରଣ ଫି'। କାରଣ କେନ୍ଦ୍ର ସରକାର ୧୫ ବର୍ଷ ପୁରୁଣା ଯାନଗୁଡ଼ିକର ପଞ୍ଜୀକରଣକୁ ୨୦ ବର୍ଷ ପର୍ଯ୍ୟନ୍ତ ବୃଦ୍ଧି କରିବାକୁ ଅନୁମତି ଦେଇଛନ୍ତି। ଏଥିରେ ୨୦ ବର୍ଷ ପୁରୁଣା ଯାନର ପଞ୍ଜୀକରଣ ଲାଗି ଗାଡ଼ି ମାଲିକଙ୍କୁ ବର୍ଦ୍ଧିତ ନବୀକରଣ ଫି' ଦେବାକୁ ପଡିବ। ଏହି ନୂତନ ନିୟମ କେନ୍ଦ୍ରୀୟ ମୋଟର ଯାନ ନିୟମ (ତୃତୀୟ ସଂଶୋଧନ), ୨୦୨୫ ଅଧୀନରେ ଲାଗୁ କରାଯାଇଛି। ନୂଆ ନିୟମ ଅଗଷ୍ଟ ୨୦ରୁ ଲାଗୁ ହୋଇଛି। ଏହି ନିର୍ଦ୍ଦେଶନାମା ଦିଲ୍ଲୀ-ଏନସିଆର ବ୍ୟତୀତ ସମଗ୍ର ଦେଶରେ ଲାଗୁ ହେବ। କାରଣ ଦିଲ୍ଲୀ-ଏନସିଆରରେ ପୂର୍ବରୁ ୧୫ ବର୍ଷ ପୁରୁଣା ପେଟ୍ରୋଲ ଏବଂ ୧୦ ବର୍ଷ ପୁରୁଣା ଡିଜେଲ ଯାନ ଉପରେ ପ୍ରତିବନ୍ଧକ ଲଗାଯାଇଥିଲା। ଏହି ନବୀକରଣ ପ୍ରତି ୫ ବର୍ଷରେ କରିବାକୁ ପଡିବ ଏବଂ

**ପୂର୍ବରୁ ୧୫ ବର୍ଷ ପୁରୁଣା ଗାଡ଼ି ଚଳାଚଳ ଉପରେ ଲାଗିଥିଲା ରୋକ୍**

ଏଥିପାଇଁ ଏକ ସ୍ୱୀକୃତିପ୍ରାପ୍ତ ସ୍ୱୟଂଚାଳିତ ପରୀକ୍ଷଣ କେନ୍ଦ୍ର (ଏଟିଏସ୍) ରୁ ଫିଟନେସ୍ ପ୍ରମାଣପତ୍ର ହାସଲ କରିବା ବାଧ୍ୟତାମୂଳକ।

ଏହି ନୂଆ ନିୟମାନୁଯାୟୀ, ମୋଟରସାଇକେଲ ପଞ୍ଜୀକରଣ ନବୀକରଣ ପାଇଁ ୨୦୦୦ ଟଙ୍କା(ପୂର୍ବରୁ ୧୦୦୦ ଟଙ୍କା), ତିନି ଚକିଆ ଯାନ/କ୍ୱାଡ୍ରିସାଇକେଲ ପାଇଁ ୫୦୦୦ ଟଙ୍କା(ପୂର୍ବରୁ ୨୫୦୦ ଟଙ୍କା), ହାଲୁକା ମୋଟରଯାନ (କାରପରି ଏଲ୍‌ଏମ୍‌ଭି୧୦,୦୦୦ ଟଙ୍କା (ପୂର୍ବରୁ ୫୦୦୦ ଟଙ୍କା),ଆମଦାନୀ ହୋଇଥିବା ଦୁଇ ଚକିଆ ଯାନ ୨୦,୦୦୦ ଟଙ୍କା, ଆମଦାନୀ ହୋଇଥିବା ଚାରି ଚକିଆ ଯାନ ୮୦,୦୦୦ ଟଙ୍କା ଏବଂ ଅନ୍ୟାନ୍ୟ ବର୍ଗର ଯାନ ପାଇଁ ୧୨,୦୦୦ ଟଙ୍କା ଦେବାକୁ ପଡିବ। ସେହିପରି ବାଣିଜ୍ୟିକ ଯାନ କ୍ଷେତ୍ରରେ ଟ୍ୟାକ୍ସି ୭୦୦୦ ଟଙ୍କା (ପୂର୍ବରୁ ୧୦୦୦ ଟଙ୍କା),ବସ୍/ଟ୍ରକ୍ ପଞ୍ଜୀକରଣ ପାଇଁ ୧୨,୫୦୦ ଟଙ୍କା (ପୂର୍ବରୁ ୧୫୦୦ ଟଙ୍କା) ପଡିବ। ଏହାଛଡା ପଞ୍ଜିକରଣ ନବୀକରଣରେ ବିଳମ୍ବ ପାଇଁ ମଧ୍ୟ ବିଳମ୍ବିତ ଶୁଳ୍କ ଲାଗୁ ହେବ, ଯାହା ଘରୋଇ ଯାନ ପାଇଁ ପ୍ରତି ମାସରେ ୩୦୦ ଟଙ୍କା ଏବଂ ବାଣିଜ୍ୟିକ ଯାନ ପାଇଁ ପ୍ରତି ମାସରେ ୫୦୦ ଟଙ୍କା ଜରିମାନା ଲାଗୁ ହେବ।

# ୮ ଗେଟ୍ ବନ୍ଦ କଲା ହୀରାକୁଦ

ସମ୍ବଲପୁର, ୨୬।୮(ସମିସ): ଉପରମୁଣ୍ଡରେ ବର୍ଷା କମିଯାଇଥିବାରୁ ହୀରାକୁଦ ନଦୀବନ୍ଧକୁ ପ୍ରବେଶ ଜଳ ପରିମାଣ ହ୍ରାସ ପାଇଛି। ଏଥିପାଇଁ ଆଜି ଦୁଇଟି ପର୍ଯ୍ୟାୟରେ ୪ଟି ଲେଖାଏଁ ଗେଟ୍ ବନ୍ଦ କରିଦିଆଯାଇଛି। ଆଜି ପୂର୍ବାହ୍ନ ୯ଟା ୨୫ରେ ୪ଟି ଗେଟ୍ ବନ୍ଦ କରିବାକୁ ନିର୍ଦ୍ଦେଶ ଦିଆଯାଇଥିବା ବେଳେ ଅପରାହ୍ନ ସାଢ଼େ ୩ଟାରେ ଆଉ ୪ଟି ଗେଟ୍ ବନ୍ଦ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ବର୍ତ୍ତମାନ ହୀରାକୁଦ ନଦୀବନ୍ଧର ମାତ୍ର ୪ଟି ଗେଟ୍ ଖୋଲା ରହିଛି।

ଆଜି ଅପରାହ୍ନ ୩ଟା ସୁଦ୍ଧା ଜଳଭଣ୍ଡାରର ଜଳସ୍ତର ୬୨୧.୩୫ ଫୁଟ୍ ରହିଛି। ନଦୀବନ୍ଧର ବାମପାର୍ଶ୍ୱର ୩ଟି ଓ ଡାହାଣ ପାର୍ଶ୍ୱର ଗୋଟିଏ, ଏହିପରି ମୋଟ ୪ଟି ସ୍ଲୁଇସ୍ ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ହେଉଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧,୨୭,୦୧୩ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୧,୬୦,୧୫୧ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୧,୨୬,୨୧୬ ଘନଫୁଟ, ପାୱାର ଚେନାଲ ଦେଇ ୩୦,୬୮୨ ଘନଫୁଟ୍, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୩,୦୩୯ ଘନଫୁଟ୍ ଜଳ ନିଷ୍କାସିତ ହେଉଛି।

ସୂଚନାଯୋଗ୍ୟ, ଗତ ୨୪ ଘଣ୍ଟାରେ ନଦୀବନ୍ଧର ଉପରମୁଣ୍ଡରେ ୩.୧୧ ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୦.୪୧ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୧.୭୧ ଫୁଟ୍ ରହିଥିଲା।

**ହସ୍ପିଟାଲ ଛାତରୁ ଖସି ରୋଗୀ ମୃତ**

ରାଉରକେଲା,୨୬।୮ (ସମିସ): ସୁନ୍ଦରଗଡ଼ ଏନ୍‌ଟିପିସି ହସ୍ପିଟାଲର ୩ ମହଲା ଛାତରୁ ଖସି ଜଣେ ରୋଗୀଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକ ହେଲେ, ଅନୀଲ ସୋରେଙ୍ଗ(୨୮)। ସେ ସୁନ୍ଦରଗଡ଼ ସଦର ଥାନା ଅନ୍ତର୍ଗତ ଦଇନିଡିହ ଗାଁ ନିବାସୀ ପିୟାନା ସୋରେଙ୍ଗଙ୍କ ପୁଅ। ସେ ବାତରୋଗରେ ପୀଡ଼ିତ ଥିଲେ। ଆଜି ସକାଳେ ସେ ବାଲକୋନୀରେ ଛିଡ଼ା ହୋଇଥିବାବେଳେ ହଠାତ ତଳକୁ ଖସି ପଡ଼ିଥିଲେ। ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି।

# ଆଜି ମିଳିବ ସିଏମ୍ କିଷାନ ଟଙ୍କା

ଭୁବନେଶ୍ୱର, ୨୬।୮(ସମିସ): ରାଜ୍ୟ ସରକାରଙ୍କ ସିଏମ୍-କିଷାନ ଯୋଜନାର କିସ୍ତି ଆସନ୍ତାକାଲି ମିଳିବ। 'ନୂଆଁଖାଇ'ର ଅବ୍ୟବହିତ ପୂର୍ବରୁ ଏହା ପ୍ରଦାନ କରାଯିବ। ପ୍ରତି ଚାଷୀଙ୍କ ବ୍ୟାଙ୍କଖାତାକୁ ସିଧାସଳଖ ୨ ହଜାର ଟଙ୍କା ଲେଖାଏଁ ପଠାଯିବ। ଏହାଦ୍ୱାରା ରାଜ୍ୟର ୫୨ଲକ୍ଷ କ୍ଷୁଦ୍ର ଓ ନାମମାତ୍ର ଚାଷୀ ଉପକୃତ ହେବେ। ଏହି ଯୋଜନାରେ ରାଜ୍ୟ ସରକାର ଦୁଇଟି କିସ୍ତିରେ ୪ ହଜାର ଟଙ୍କା ପ୍ରଦାନ କରୁଛନ୍ତି।

**ଉପକୃତ ହେବେ ୫୨ ଲକ୍ଷ ଚାଷୀ**

ସୂଚନାଯୋଗ୍ୟ, ଗତ ବର୍ଷ 'ନୂଆଁଖାଇ' ଅବସରରେ ରାଜ୍ୟ ସରକାର ସିଏମ୍-କିଷାନ ଯୋଜନାର ପ୍ରଥମ କିସ୍ତି ପ୍ରଦାନ କରିଥିଲେ। ପରବର୍ତ୍ତୀ ପର୍ଯ୍ୟାୟରେ ଦ୍ୱିତୀୟ କିସ୍ତି ଦିଆଯାଇଥିଲା। ଏବେ ପୁଣି ଚଳିତବର୍ଷର ପ୍ରଥମ କିସ୍ତି ଦିଆଯିବା ନେଇ ଆଜି କୃଷିମନ୍ତ୍ରୀ ତଥା ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ସବୁ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଛନ୍ତି।

# ସବୁ ପୁରାତନ ମନ୍ଦିରର ହେବ ଜିଓ ଟ୍ୟାଗିଙ୍ଗ୍

ଭୁବନେଶ୍ୱର,୨୬।୮(ସମିସ): ଲୋକଲୋଚନ ଆଢୁଆଳରେ ରହିଥିବା ଓଡ଼ିଶାର ଐତିହ୍ୟ କୀର୍ତ୍ତିରାଜିକୁ ଖୋଜି ବାହାର କରିବା ସହ ସେସବୁର ଡାଟାବେସ୍ ପ୍ରସ୍ତୁତ କରାଯିବ। ସଂରକ୍ଷଣ, ସୌନ୍ଦର୍ଯ୍ୟକରଣ ଉପରେ ମଧ୍ୟ ଗୁରୁତ୍ୱ ଦିଆଯିବା ସାଙ୍ଗକୁ ପୁରାତନ ଐତିହ୍ୟ ଓ କିର୍ତ୍ତୀକରାଜିକୁ ପର୍ଯ୍ୟଟନ ସ୍ଥଳୀ ଭାବେ ପରିଚିତ କରାଯିବ। ମଙ୍ଗଳବାର ଲୋକସେବା ଭବନରେ ଅନୁଷ୍ଠିତ ଉଚ୍ଚସ୍ତରୀୟ ଥିବା ଐତିହ୍ୟ ଓ ପୁରାତନ କୀର୍ତ୍ତିରାଜିର ସୁରକ୍ଷା, ପାରିପାର୍ଶ୍ୱକ ବିକାଶ ଓ ଭଲ ସଡ଼କ ଯୋଗାଯୋଗ ବ୍ୟବସ୍ଥା, ଲୋକଲୋଚନ ଆଢୁଆଳରେ ଥିବା ଐତିହ୍ୟସ୍ଥଳୀକୁ ବିଶ୍ୱର ସବୁ ସ୍ଥାନରୁ ପର୍ଯ୍ୟଟକଙ୍କ ଆଗମନ ପାଇଁ ସୁଗମ ବ୍ୟବସ୍ଥା ଉପରେ ଗୁରୁତ୍ୱ ଦେଇଥିଲେ। ପୁରାତନ ମନ୍ଦିରର ଜିଓ ଟ୍ୟାଗିଂ କରାଯିବା ସହ ଜଗନ୍ନାଥ ସଂସ୍କୃତି ସହ ଜଡ଼ିତ ବିଭିନ୍ନ କ୍ଷେତ୍ରର ଉନ୍ନତିକରଣ, ରାଜ୍ୟରେ ଥିବା

- **ବିଶ୍ୱସ୍ତରୀୟ ହେବ ଖାରବେଳ ସମୟର କୀର୍ତ୍ତିରାଜି**
- **ଜଗନ୍ନାଥ ସଂସ୍କୃତି ଓ ବୌଦ୍ଧ କୀର୍ତ୍ତିରାଜିକୁ ପ୍ରାଥମିକତା**

ବୈଠକରେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଛନ୍ତି ଯେ, ଓଡ଼ିଶାର ଐତିହ୍ୟ ବହୁ ପୁରୁଣା। ଐର ଖାରବେଳଙ୍କ ସମୟ, ବୌଦ୍ଧ କୀର୍ତ୍ତିରାଜି, ଖଣ୍ଡଗିରି ଓ ଉଦୟଗିରି ଏବଂ ପାଇକ ବିଦ୍ରୋହ ସମୟର ପ୍ରାୟ ୩ ହଜାରରୁ ଅଧିକ ଐତିହ୍ୟସ୍ଥଳ ଲୁକ୍କାୟିତ ହୋଇ ପଡ଼ିରହିଛି। ଏଥିରୁ ୮୨ଟି କୀର୍ତ୍ତିରାଜିକୁ ଭାରତୀୟ ପ୍ରତ୍ନତତ୍ତ୍ୱିକ ସଂସ୍ଥା ରକ୍ଷଣାବେକ୍ଷଣ କରୁଥିବାବେଳେ ୨୧୨ଟି ରାଜ୍ୟ ପ୍ରତ୍ନତାତ୍ତ୍ୱିକ ସଂସ୍ଥା ହାତରେ ରହିଛି। ତେବେ ବାକି ଥିବା ଐତିହ୍ୟ ସ୍ଥଳର ଉପଯୁକ୍ତ ରକ୍ଷଣାବେକ୍ଷଣ ପାଇଁ ପର୍ଯ୍ୟଟନ, ସଂସ୍କୃତି ଓ ପୂର୍ତ୍ତ ବିଭାଗ ସମନ୍ୱୟରେ ଏକ ଟାସ୍କଫୋର୍ସ ଗଠନର ଆବଶ୍ୟକତା ଉପରେ ଗୁରୁତ୍ୱ ଦେଇଥିଲେ।

ସେହିପରି ଓଡ଼ିଶାର କୋଣ ଅନୁକୋଣରେ ସବୁ ଶକ୍ତିପୀଠକୁ ଯୋଡ଼ି ଏକ କରିଡର ନିର୍ମାଣ କରିବାକୁ ପୁରାତନ ଐତିହ୍ୟ ସ୍ଥଳୀଗୁଡ଼ିକର ପ୍ରୋଫାଇଲ୍ ପ୍ରସ୍ତୁତି ଉପରେ ଗୁରୁତ୍ୱ ଦିଆଯାଇଛି। ସେହିପରି ପ୍ରାଥମିକ ପର୍ଯ୍ୟାୟରେ ପର୍ଯ୍ୟଟନ ଦୃଷ୍ଟିରୁ ଗୁରୁତ୍ୱ ବହନ କରୁଥିବା ରାଜ୍ୟର ୭୫ଟି ଐତିହ୍ୟ ସ୍ମାରକର ସୁରକ୍ଷା ପାଇଁ ପଦକ୍ଷେପ ନିଆଯିବା ଉପରେ ଆଲୋଚନା ହୋଇଛି। ବୈଠକରେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ,ସଂସ୍କୃତ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ବିଭାଗର ସଚିବ ଡ. ବିଜୟ କେତନ ଉପାଧ୍ୟାୟ, ସ୍ୱତନ୍ତ୍ର ଶାସନ ସଚିବ ଦେବ ପ୍ରସାଦ ଦାସ, ପର୍ଯ୍ୟଟନ ବିଭାଗ କମିଶନର ବଳବନ୍ତ ସିଂ, ପୂର୍ତ୍ତ ବିଭାଗ ଉପଦେଷ୍ଟା ଜେ.କେ. ଦାସଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ।

# ଆଇଇଡି ବିସ୍ଫୋରଣ ଘଟଣା ଜଣେ ମାଓବାଦୀ ଗିରଫ

ରାଉରକେଲା,୨୬।୮(ସମିସ): ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତବର୍ତ୍ତୀ ସରଣ୍ଡା ଜଙ୍ଗଲରେ ମାଓବାଦୀଙ୍କ ଦ୍ୱାରା ଖଞ୍ଜା ଯାଇଥିବା ଆଇଇଡି ବିସ୍ଫୋରଣ ଯୋଗୁଁ ଗତ ଜୁନ୍‌ରେ ଜଣେ ସିଆରପିଏଫ୍ ଏଏସ୍‌ଆଇ ସତ୍ୟବାନ କୁମାର ସିଂ(୩୪) ସହିଦ ହୋଇଥିଲେ। ଏହି ଘଟଣାରେ କେ. ବଲାଙ୍ଗ ଥାନା ପୁଲିସ ଅମଝରନ୍ ଗ୍ରାମର ବିଶୁ ସିଂ(୫୮) କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଏନେଇ ରାଉରକେଲା ଜିଲ୍ଲା ପୁଲିସ କାର୍ଯ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପଶ୍ଚିମାଞ୍ଚଳ ଡିଆଇଜି ବ୍ରିଜେଶ ରାଏ ଏବଂ ଏସ୍‌ପି ନିତେଶ ୱାଧୱାନୀ ସୂଚନା ଦେଇଛନ୍ତି। ସେ କହିଛନ୍ତି, ଗତ ୧୪ ଜୁନ ସକାଳ ପ୍ରାୟ ସାଢେ ୫ଟା ବେଳେ ସରଣ୍ଡା ସିଲକୁଟା ଜଙ୍ଗଲ ରେଞ୍ଜରେ ସିଆରପିଏଫ୍ ଏବଂ ଏସଓଜି ଟିମ୍ ପକ୍ଷରୁ ମିଳିତ କମ୍ବି ଅପରେସନ୍ ଚାଲିଥିଲା। ସେଠାରେ ପୂର୍ବରୁ ସିପିଆଇ ମାଓବାଦୀ ସଂଗଠନ ଦ୍ୱାରା ଲଗାଯାଇଥିବା ଆଇଇଡି ବିସ୍ଫୋରଣ ଯୋଗୁଁ ଜଣେ ସିଆରପିଏଫ୍ ଏଏସଆଇ ସତ୍ୟବାନ କୁମାର ସିଂ ଗୁରୁତର ଭାବେ ଆହତ ହୋଇଥିଲେ। ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିଲା। ଗିରଫ ଅଭିଯୁକ୍ତ ବିଶୁ ସିଂହ ରେଞ୍ଜେଡା ଓ ବାଙ୍କୋରେ ହୋଇଥିବା ଆଇଇଡି ବିସ୍ଫୋରଣ, ବିସ୍ଫୋରକ ସାମଗ୍ରୀ ଲୁଟ୍ ଘଟଣାରେ ଜଡ଼ିତ ଥିବା ପୁଲିସ ନିକଟରେ ସ୍ୱୀକାର କରିଛି। ଉକ୍ତ ଥାନାରେ ପୂର୍ବରୁ ୨ଟି ଓ ବନ୍ଧମୁଣ୍ଡା ଜିଆର୍‌ପି ଥାନାରେ ଗୋଟିଏ ମାମଲା ରହିଥିବା ତଦନ୍ତରୁ ଜଣାପଡ଼ିଛି।

# ରାଜସ୍ୱ ଅମଲାଙ୍କ ଆନ୍ଦୋଳନ ସ୍ଥଗିତ

ଭୁବନେଶ୍ୱର,୨୬।୮(ସମିସ): ସରକାରଙ୍କ ପ୍ରତିଶ୍ରୁତି, ବନ୍ୟା ଓ ପାର୍ବଣକୁକୁ ଦୃଷ୍ଟିରେ ରଖି ଆନ୍ଦୋଳନ ସ୍ଥଗିତ ରଖିଛି ରାଜସ୍ୱ ଅମଲା ସଂଘ। ଫଳରେ ଦୀର୍ଘ ୧୫ ଦିନି ଆନ୍ଦୋଳନ ପରେ ପ୍ରଶାସନିକ ଅଚଳାବସ୍ଥା ସ୍ୱାଭାବିକ ହୋଇଛି। ସଂଘସଭାପତି କହିଛନ୍ତି, ବନ୍ୟାସ୍ଥିତିରେ ଯେମିତି ଲୋକ ଅସୁବିଧାର ସମ୍ମୁଖୀନ ନହେବେ ତେଣୁ ସରକାରଙ୍କ ସହ ଆଲୋଚନା ପରେ ଏଭଳି ନିଷ୍ପତ୍ତି ନେଇଛୁ। ସରକାର ଆମର କିଛି ଦାବି ମାନିବେ ବୋଲି ପ୍ରତିଶ୍ରୁତି ଦେଇଥିବା ସେ କହିଛନ୍ତି। ଏଠାରେ ଉଲ୍ଲେଖଯୋଗ୍ୟ ଯେ ଦୀର୍ଘ ୧୫ ଦିନ ହେଲେ ରାଜସ୍ୱ ଅମଲା କର୍ମଚାରୀ ଆନ୍ଦୋଳନରେ ବସିଥିଲେ। ଫଳ ସ୍ୱରୂପ ରାଜସ୍ୱ କାର୍ଯ୍ୟାଳୟରେ କାମ ଠପ୍ ହୋଇ ରହିଥିଲା। ରାଜସ୍ୱ କାର୍ଯ୍ୟାଳୟରେ ଅଚଳାବସ୍ଥା ଜାରି ରହିଥିଲା। ବାରମ୍ବାର ଅନୁରୋଧ ଓ ସରକାରଙ୍କ ନାଲିଆଖି ପରେ ମଧ୍ୟ ସେମାନେ ଆନ୍ଦୋଳନ ଜାରି ରଖିଥିଲେ। ମାତ୍ର ସୋମବାର ପୁଣି ଥରେ ରାଜସ୍ୱ ବିଭାଗ ପକ୍ଷରୁ ସବୁ ଜିଲ୍ଲାପାଳଙ୍କୁ ଚିଠି ଲେଖି ଛୁଟିରେ ଥିବା କର୍ମଚାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦେଇଥିଲେ। ଯାହା ପରେ ରାଜସ୍ୱ କର୍ମଚାରୀମାନେ ଆନ୍ଦୋଳନକୁ ସ୍ଥଗିତ ରଖିବାକୁ ବାଧ ହୋଇଥିବା କୁହାଯାଉଛି।

# ଏଆଇସିସି ଏସ୍‌ସି ପରାମର୍ଶଦାତା ପରିଷଦରେ ଭକ୍ତ

ଭୁବନେଶ୍ୱର,୨୬।୮(ସମିସ): ଅଖିଳ ଭାରତ କଂଗ୍ରେସ କମିଟି ପକ୍ଷରୁ ଅନୁସୂଚିତ ଜାତି (ଏସ୍‌ସି) ବିଭାଗର ପରାମର୍ଶଦାତା ପରିଷଦ ଗଠନ ହୋଇଛି। ଏହି କମିଟିରେ ପିସିସି ସଭାପତି ଭକ୍ତଚରଣ ଦାସ ସଦସ୍ୟ ଭାବେ ସ୍ଥାନ ପାଇଛନ୍ତି। ଏଆଇସିସି ପକ୍ଷରୁ ଗଠିତ ଏହି ପରିଷଦରେ ୪୧ ଜଣ ବରିଷ୍ଠ କଂଗ୍ରେସ ନେତାଙ୍କୁ ସ୍ଥାନ ଦିଆଯାଇଥିବା ବେଳେ ଓଡ଼ିଶାରୁ ଭକ୍ତଙ୍କୁ ସ୍ଥାନ ମିଳିଛି। ଏହି ନିଯୁକ୍ତି ପରେ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ ଖଡ଼ଗେ, ବିରୋଧୀ ଦଳର ନେତା ରାହୁଲ ଗାନ୍ଧୀ ଏଆଇସିସି ସାଧାରଣ ସମ୍ପାଦକ (ସଙ୍ଗଠନ) କେସି ଭେନୁଗୋପାଳଙ୍କୁ ଭକ୍ତ ଧନ୍ୟବାଦ ଜଣାଇଛନ୍ତି।

# ନିହାର ମହାନ୍ତିଙ୍କ ଜାମିନ ଖାରଜ

କଟକ, ୨୬।୮(ସମିସ): ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣାରେ କ୍ରାଇମବ୍ରାଞ୍ଚ ଦ୍ୱାରା ଗିରଫ ହୋଇଥିବା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ)ର ପ୍ରାକ୍ତନ ଉପ ସଭାପତି ଡ. ନିହାର ରଂଜନ ମହାନ୍ତି ଓ ଅନ୍ୟ ଜଣେ ଅଭିଯୁକ୍ତ ଅଜୟ ସାହୁଙ୍କ ଜାମିନ ଆବେଦନ ଆଜି ଖାରଜ ହୋଇଯାଇଛି। କଟକ ତୃତୀୟ ଅତିରିକ୍ତ ଦୌରା ଅଦାଲତ ଦୁଇ ଅଭିଯୁକ୍ତଙ୍କ ନିୟମିତ ଜାମିନ ଆବେଦନର ଶୁଣାଣି କରିବା ସହ ଏହାକୁ ଖାରଜ କରିଛନ୍ତି।

# ୮ ମାଓବାଦୀଙ୍କ ଆତ୍ମସମର୍ପଣ

ମାଲକାନଗିରି,୨୬।୮(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ତେଲେଙ୍ଗାନାରେ ସିପିଆଇ ମାଓବାଦୀ ସଙ୍ଗଠନର ୮ଜଣ ସକ୍ରିୟ ମାଓବାଦୀ ଆତ୍ମସମର୍ପଣ କରିଛନ୍ତି। ଆତ୍ମସମର୍ପଣକାରୀଙ୍କ ମଧ୍ୟରେ ଜଣେ ମହିଳା ସମେତ ୭ ପୁରୁଷ ମାଓବାଦୀ ରହିଛନ୍ତି। ଏହି ସଦସ୍ୟମାନେ ସଂଗଠନ ମଧ୍ୟରେ ବିଭିନ୍ନ କ୍ୟାଡର ଏସିଏମ୍ କ୍ୟାଡରର ଜଣେ, ସଂଗଠନର କେନ୍ଦ୍ରୀୟ ସଦସ୍ୟ ଭାବେ ଜଣେ ଏବଂ ୬ଜଣ ମିଲିସିଆ ସଦସ୍ୟ ଭାବେ କାର୍ଯ୍ୟ କରୁଥିଲେ। ସୂଚନାନୁଯାୟୀ, ତେଲେଙ୍ଗାନା ରାଜ୍ୟର ଭଦ୍ରାଦରି କୋଥାଗୁଡେମ ଜିଲ୍ଲାର ପୁଲିସ ନିକଟରେ ୮ ଜଣ ମାଓବାଦୀ ମାଓ ସଂଗଠନ ଛାଡ଼ି ଆତ୍ମସମର୍ପଣ କରିଛନ୍ତି। ଭଦ୍ରାଦରି କୋଥାଗୁଡେମ ଜିଲ୍ଲା ପୁଲିସ ଏବଂ ସିଆରପିଏଫ୍ ବାଟାଲିୟନ ଦ୍ୱାରା ମାଓ ଉପଦ୍ରୁତ ଅଞ୍ଚଳରେ ଲୋକଙ୍କ ବିକାଶ ଏବଂ କଲ୍ୟାଣ ପାଇଁ "ଅପରେସନ୍ ଚେୟୁଥା"ର ଆରମ୍ଭ କରିଥିବା ବେଳେ ଏଥିରେ ଆକର୍ଷିତ ହୋଇ ଏହି ୮ ମାଓବାଦୀ ମୁଖ୍ୟସ୍ରୋତରେ ସାମିଲ ହେବାକୁ ନିଷ୍ପତ୍ତି ନେଇଛନ୍ତି।


**AFFIDAVIT**

By virtue of an affidavit sworn Before Notary Public, Angul, dated 04/08/2025, I, Sujan Bhutia, Address At-Pandarabharania, Po-Budhapank, Ps- Banarpal, Dist-Angul, Odisha, Pin Code-759128 declare that I have changed the name of my son Chiranjivee Bhutia to Priyansu Bhutia Henceforth he shall be knows as **Priyansu Bhutia** for all propose.


## ଅବଶିଷ୍ଟାଂଶ

### ଆଜିଠୁ ୫୦%...

ଭାରତୀୟ ସାମଗ୍ରୀ ଉପରେ ୫୦% ଶୁଳ୍କ ଲାଗୁ ହେବା ପରେ ଏହାର ଚାହିଦା ହ୍ରାସ ପାଇବା ଆଶଙ୍କା ରହିଛି ଏବଂ ଏହାଦ୍ୱାରା ଭାରତୀୟ ଅର୍ଥନୀତି ଓ ମୋଟ ଘରୋଇ ଉତ୍ପାଦ ହ୍ରାସ ପାଇବ ବୋଲି ଅର୍ଥନୀତିଜ୍ଞମାନେ ଆକଳନ କରିଛନ୍ତି। ଏହାଛଡା ଶୁଳ୍କ ପ୍ରଭାବରେ ଦେଶରେ ଶିଳ୍ପପତିମାନେ ଉତ୍ପାଦନ ହ୍ରାସ କରିବାକୁ ବାଧ ହେବେ ଓ ପରିଣତିସ୍ୱରୂପ ଦେଶରେ ଲୋକଙ୍କ ଆୟ କମିବା ସହ ଚାକିରି ଉଭେଇଯିବ ବୋଲି ବଜାର ବିଶେଷଜ୍ଞମାନେ ଆକଳନ କରୁଛନ୍ତି। ଟାରିଫ୍ ପୂର୍ବରୁ ଏହାର ସିଧାସଳଖ ପ୍ରଭାବ ଭାରତୀୟ ସେୟାର ବଜାରରେ ଅନୁଭୂତ ହୋଇଛି। ମଙ୍ଗଳବାର ଷ୍ଟକ୍ ଏକ୍ସଚେଞ୍ଜରେ ସେନସେକ୍ସ ୮୦୦ ପଏଣ୍ଟ ତଳକୁ ଖସିଛି।

ଟ୍ରମ୍ପ ପ୍ରଶାସନର ୫୦% ଶୁଳ୍କ ଯୋଗୁଁ ଭାରତର ୮୭ ବିଲିୟନ ଡଲାରର ରପ୍ତାନି ପ୍ରଭାବିତ ହେବାର ଆଶଙ୍କା ରହିଛି। ଭାରତ ପ୍ରତିବର୍ଷ ଆମେରିକାକୁ ପ୍ରାୟ ୮୦ ବିଲିୟନ ଡଲାର ସାମଗ୍ରୀ ରପ୍ତାନି କରିଥାଏ, ଯାହା ମୋଟ ରପ୍ତାନିର ୧୮ ପ୍ରତିଶତ ଏବଂ ଜିଡିପିର ପ୍ରାୟ ୨.୫ ପ୍ରତିଶତ। ୫୦% ଶୁଳ୍କ ରପ୍ତାନିକୁ ୫୦ ପ୍ରତିଶତ ପର୍ଯ୍ୟନ୍ତ ହ୍ରାସ କରିବାର ସମ୍ଭାବନା ଥିବାରୁ ଜିଡିପି ମଧ୍ୟ ୦.୪% ପ୍ରତିଶତ ହ୍ରାସ ପାଇବାର ଆଶଙ୍କା ରହିଛି। ସେହିପରି ଏବେ ଫାର୍ମା କ୍ଷେତ୍ରରେ ଆମେରିକା ୨୫୦% ଶୁଳ୍କ ଲାଗୁ ଧମକ ଦେଇଥିବାରୁ ଏହାକୁ ନେଇ ଭାରତୀୟ ଫାର୍ମା କମ୍ପାନୀଗୁଡ଼ିକ ବେଶ୍ ଚିନ୍ତିତ। ଯଦି ଆମେରିକା ସହିତ କୌଣସି ବାଣିଜ୍ୟ ଚୁକ୍ତି ନ ହୁଏ ବା ଶୁଳ୍କ ହ୍ରାସ କରା ନ ଯାଏ, ତେବେ ଏହା ଦେଶର ୪୮.୨ ବିଲିୟନ ଡଲାର ମୂଲ୍ୟର ରପ୍ତାନି ଉପରେ ସିଧାସଳଖ ପ୍ରଭାବ ପଡ଼ିବ।

ଭାରତରୁ ଆମେରିକାକୁ ଅଧିକାଂଶ ଅଳଙ୍କାର, ପୋଷାକ, ଯନ୍ତ୍ରପାତି ଏବଂ ରାସାୟନିକ ପଦାର୍ଥ ରପ୍ତାନି କରାଯାଏ। ୫୦% ଶୁଳ୍କ ଆମେରିକାରେ ଏହି ଜିନିଷଗୁଡ଼ିକୁ ମହଙ୍ଗା କରିବ। ଯାହା ଫଳରେ ସେଠାରୁ ଅର୍ଡର ହ୍ରାସ ପାଇବ। କମ୍ ଅର୍ଡର ଯୋଗୁଁ କମ୍ପାନୀଗୁଡ଼ିକୁ ସେମାନଙ୍କର ଉତ୍ପାଦନ ହ୍ରାସ କରିବାକୁ ପଡିବ, ଯାହା ଦ୍ୱାରା କର୍ମଚାରୀ ଛଟେଇ ହୋଇପାରନ୍ତି। ତେଣୁ ଏହି କ୍ଷେତ୍ରଗୁଡ଼ିକରେ ଲେଶକେ ଚାକିରି ହରାଇବାର ଆଶଙ୍କା ରହିଛି। ଏହାବାଦ୍ ୫୦% ଶୁଳ୍କ ଆମେରିକାକୁ ରପ୍ତାନି ହ୍ରାସ କରିବ। ଏହାଦ୍ୱାରା ଭାରତର ଜିଡିପି ଅଭିବୃଦ୍ଧି ୦.୨% ରୁ ୦.୬% ହ୍ରାସ ପାଇବ ଏବଂ ସରକାରଙ୍କୁ ନିଜର ବାଣିଜ୍ୟ ନୀତିରେ ପରିବର୍ତ୍ତନ କରିବାକୁ ପଡ଼ିବ। ଆମେରିକା ଉପରେ ନିର୍ଭରଶୀଳତା ହ୍ରାସ କରିବା ପାଇଁ ସରକାରଙ୍କୁ ୟୁରୋପ, ରୁଷ କିମ୍ବା ଅନ୍ୟ ଦେଶରେ ବାଣିଜ୍ୟ ବୃଦ୍ଧି କରିବାକୁ ପଡିବ।

### ରାଜ୍ୟରେ ଆରମ୍ଭ...

ସରକାର ଆରମ୍ଭ କରିଛନ୍ତି 'ଆମ ଶାସନ' କାର୍ଯ୍ୟକ୍ରମ। ମଙ୍ଗଳବାର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସରକାରୀ ଯୋଜନା ଓ କାର୍ଯ୍ୟକ୍ରମର ସଫଳ ରୂପାୟନ ପାଇଁ ଆରମ୍ଭ କରିଛନ୍ତି 'ଆମ ଶାସନ'। ଏହି ବ୍ୟବସ୍ଥାରେ ଲୋକମାନେ ଉଭୟ ଅନ୍‌ଲାଇନ ଓ ଅଫଲାଇନ୍ ମାଧ୍ୟମରେ ସେମାନଙ୍କର ମତାମତ ବା ପରାମର୍ଶ ସରକାରଙ୍କୁ ଦେଇପାରିବେ। ରାଜ୍ୟ ସରକାରଙ୍କ ୱେବସାଇଟ୍ ଚାଟ୍‌ବଟ୍, ହ୍ୱାଟ୍ସଆପ୍ ଚାଟ୍‌ବଟ୍ +୯୧-୭୪୦୦୨୨୧୯୦୩, ଟୋଲ୍ ଫ୍ରି ନମ୍ବର ୧୪୪୭୧ ଜରିଆରେ ନିଜ ଅଭିଯୋଗ ଓ ପରାମର୍ଶ ଦିଆଯାଇ ପାରିବ। ଏହା ସହିତ ମୁଖ୍ୟମନ୍ତ୍ରୀ, ମନ୍ତ୍ରୀ ଏବଂ ଉଚ୍ଚ ପ୍ରଶାସନିକ ଅଧିକାରୀମାନେ ମଧ୍ୟ ଟେଲିଫୋନ୍ ଜରିଆରେ ମତାମତ ଗ୍ରହଣ କରିବେ।

କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସୁଶାସନର କେନ୍ଦ୍ରବିନ୍ଦୁ ହେଉଛନ୍ତି ନାଗରିକ। ତେଣୁ ସମସ୍ତ ସରକାରୀ କାର୍ଯ୍ୟକ୍ରମ, ଯୋଜନା, ସର୍ବୋପରି ସରକାରୀ ସେବା ବ୍ୟବସ୍ଥାକୁ ନାଗରିକ କୈନ୍ଦ୍ରିକ କରାଯାଇଛି। ଜନସାଧାରଣଙ୍କ ମତାମତ ବିନା କୌଣସି ଯୋଜନା ସଫଳ ହୋଇ ପାରିବ ନାହିଁ। 'ଆମ ଶାସନ' ସରକାର ଓ ପ୍ରଶାସନରେ ସ୍ୱଚ୍ଛତା, ପାରଦର୍ଶିତା, ଦାୟିତ୍ୱବୋଧତା ଓ ଉତ୍ତରଦାୟିତ୍ୱତା ଆଣିବ। ସେହିପରି ସରକାର ଓ ଲୋକଙ୍କ ମଧ୍ୟରେ ଥିବା ଦୂରତା ହ୍ରାସ ପାଇବ। ଲୋକଙ୍କ ମତାମତକୁ ସମ୍ମାନ ଜଣାଇ ବିଧିବ୍ୟବସ୍ଥାରେ ଆବଶ୍ୟକୀୟ ପରିବର୍ତ୍ତନ କରାଯିବ। ସୂଚନା ଯୋଗ୍ୟ ଯେ ବର୍ତ୍ତମାନ ଅନଲାଇନ ଜରିଆରେ ସରକାର ୩୨ଟି ବିଭାଗର ୪୨୮ଟି ସେବା ଯୋଗାଇ ଦେଉଛନ୍ତି। ଆମ ଶାସନ କାର୍ଯ୍ୟକ୍ରମରେ ପ୍ରଥମ ପର୍ଯ୍ୟାୟରେ ୮ଟି ବିଭାଗର ୧୩ଟି ସେବା ପାଇଁ ଫିଡ୍‌ବ୍ୟାକ୍ ବ୍ୟବସ୍ଥା ଆରମ୍ଭ କରାଯାଇଛି। ଏଗୁଡିକ ହେଲା ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଅନ୍ତ୍ୟୋଦୟ ଗୃହ ଯୋଜନା, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗର ମଧୁବାବୁ ପେନ୍‌ସନ ଯୋଜନା, ମହିଳା ଓ ଶିଶୁ ବିକାଶ ବିଭାଗର ସୁଭଦ୍ରା ଯୋଜନା, ଅନୁସୂଚିତ ଜନଜାତି ଓ ଜାତି ବିଭାଗର ସହିଦ ମାଧୋ ସିଂ ହାତଖର୍ଚ୍ଚ ଯୋଜନା, କୃଷି ଓ କୃଷକ ସଶକ୍ତିକରଣ ବିଭାଗର ଶ୍ରୀଅନ୍ନ ଓ ସିଏମ୍ କିଷାନ ଯୋଜନା, ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ଧାନ ସଂଗ୍ରହ କାର୍ଯ୍ୟକ୍ରମ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ଇନ୍ ପେସେଣ୍ଟ ଓ ଆଉଟ୍ ପେସେଣ୍ଟ ସେବା ଓ ଆୟୁଷ୍ମାନ ବୟୋବନ୍ଦନା ଯୋଜନା ଏବଂ ଗୃହ ବିଭାଗର ରଓଜ, ଅଗ୍ନି ନିରାପତ୍ତା ସାର୍ଟିଫିକେଟ୍ ପ୍ରଦାନ ଓ ପିଟିସନ।

ଆଜି କାର୍ଯ୍ୟକ୍ରମ ଆରମ୍ଭ ପରେ ବିଭିନ୍ନ ଜିଲ୍ଲାର କିଛି ହିତାଧିକାରୀଙ୍କ ସହ ମୁଖ୍ୟମନ୍ତ୍ରୀ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ଉପ ମୁଖ୍ୟମନ୍ତ୍ରୀ କେ.ଭି ସିଂହଦେଓ, ଇଲୋକ୍ଟ୍ରୋନିକ୍ସ ଓ ଆଇ.ଟି ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଶିଳ୍ପ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି ବିଦ୍ୟା ବିଭାଗ ପ୍ରମୁଖ ଶାସନ ସଚିବ ବିଶାଲ ଦେବ, ସ୍ୱାସ୍ଥ୍ୟ ବିଭାଗ ସଚିବ ଅଶ୍ୱତୀ ଏସ୍. ପ୍ରମୁଖ ଉପସ୍ଥିତ ଥିଲେ।

# ଚମ୍ପା ରାସପେଦାଙ୍କୁ ମୁଖ୍ୟମନ୍ତ୍ରୀଙ୍କ ସମ୍ବର୍ଦ୍ଧନା

ଭୁବନେଶ୍ୱର, ୨୬।୮(ସମିସ): ବିଶେଷ ଅନୁନ୍ନତ ଜନଜାତି ସମୁଦାୟ (ପିଭିଟିଜି) ଶ୍ରେଣୀଭୁକ୍ତ ଦିଦାୟୀ ଜନଜାତିର ପ୍ରଥମ ଝିଅ ଭାବେ ଡାକ୍ତରୀ ପଢ଼ିବା ପାଇଁ ମନୋନୀତ ଥିବା ଚମ୍ପା ରାସପେଦାଙ୍କୁ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସମ୍ବର୍ଦ୍ଧିତ କରିଛନ୍ତି। ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିବା ସହ ଉପହାର ଭାବେ ଏକ ଲାପଟପ୍ ଦେଇଛନ୍ତି। ଏହାସହ ଭଲ ପାଠ ପଢ଼ି ଜଣେ ଉତ୍ତମ ଡାକ୍ତର ଭାବେ ଲୋକଙ୍କ ସେବା କରିବାକୁ ପ୍ରୋତ୍ସାହିତ କରିଛନ୍ତି। ଅପରପକ୍ଷେ, ମୁଖ୍ୟମନ୍ତ୍ରୀଙ୍କ



ପ୍ରେରଣା ଓ ପରାମର୍ଶ ପାଠ ପଢ଼ିବାକୁ ସର୍ବଦା ପ୍ରୋତ୍ସାହିତ କରିବ ବୋଲି ନିଜ ପ୍ରତିକ୍ରିୟାରେ ଚମ୍ପା କହିଛନ୍ତି।

ସୂଚନାଯୋଗ୍ୟ, ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ୍‌ର ଆମ୍ଲିବେଡ଼ା ଗ୍ରାମର ଚମ୍ପା ପ୍ରଥମ ଦିଦାୟୀ ସମ୍ପ୍ରଦାୟର ପ୍ରଥମ ଡାକ୍ତରୀ ଛାତ୍ରୀ ଭାବେ ବାଲେଶ୍ୱରସ୍ଥିତ ଫକୀରମୋହନ ମେଡିକାଲ କଲେଜ ଏବଂ ହସ୍ପିଟାଲରେ ପାଠପଢ଼ିବେ। ତାଙ୍କ ବାପା ଲଚମୁ ରାସପେଦା ଚାଷକାର୍ଯ୍ୟ କରୁଥିବାବେଳେ ମା' ଗୃହିଣୀ। ଏକ ସାଧାରଣ ଆଦିବାସୀ ଚାଷୀ ପରିବାରରୁ ଆସୁଥିବା ଚମ୍ପା ଦୃଢ଼ ନିଷ୍ଠା ବଳରେ ସଫଳତା ପାଇଛନ୍ତି। ସେ ଖଇରପୁଟ ବ୍ଲକ୍ ନନ୍ଦିନୀଗୁଡ଼ାସ୍ଥିତ ପିଭିଟିଜି ବାଳିକା ଶିକ୍ଷା ବିଦ୍ୟାଳୟରୁ ଶିକ୍ଷାରମ୍ଭ କରିବା ପରେ ଚିତ୍ରକୋଣ୍ଡାସ୍ଥିତ ଏସ୍‌ଏସ୍‌ଡି ବାଳିକା ଉଚ୍ଚ ବିଦ୍ୟାଳୟରୁ ଦଶମ ଓ ଗୋବିନ୍ଦପାଲି ଏସ୍‌ଏସ୍‌ଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରୁ ୨୦୨୧ରେ ଯୁକ୍ତଦୁଇ ବିଜ୍ଞାନରେ ଉତ୍ତୀର୍ଣ୍ଣ ହୋଇଛନ୍ତି। ଆର୍ଥିକ ଅନଟନ ଉଚ୍ଚଶିକ୍ଷାରେ ଡୋରି ବାନ୍ଧିଦେବା ପରେ ନିଜର ଦୃଢ଼ ଇଚ୍ଛାଶକ୍ତି ବଳରେ ସେ ଡାକ୍ତର ହେବାର ସ୍ୱପ୍ନକୁ ସାକାର କରିଛନ୍ତି।


**AFFIDAVIT**

By virtue of an affidavit sworn before Executive Magistrate, Bhubaneswar vide Serial No. 116 dt. 26.08.2025, I, Subhashree Priyadarshnee Sahoo resident of Pratima Nivas, Paltanpadia, near Hengulai Temple, P.S./Dist. Khordha, Odisha, declare that I have changed my name from Subhashree Priyadarshnee Sethi to Subhashree Priyadarshnee Sahoo. Henceforth I shall be known as Subhashree Priyadarshnee Sahoo for all purposes.

**Subhashree Priyadarshnee Sahoo**

**AFFIDAVIT**

By virtue of an affidavit sworn before Executive Magistrate Bhograi Tahasil on dated-11/03/2025, I, **Mr. Braja Kishore Das,** Address AT/PO-Sankhari, PS- Bhograi, DIST-Balasore, PIN-756037 Odisha, declare that I have changed the name of my Son from **RIYANSH DAS** (old name) to **RAYANSH DAS** (new name). Henceforth, he shall be known as **RAYANSH DAS** (new name) for all purposes.

**Applicant Name: Braja Kishore Das**

**AFFIDAVIT**

I, Nakamani Hembram D/o Jadunath Hembrom, Resident of At-Jagda, PO/PS-Jhirpani, Rourkela Dist-Sundargarh PIN-769042, Odisha declare by this affidavit No.A/15 dtd 31.08.2024 that now onwards I shall be known as **NAKMANI NILIMA HEMBROM** for all future purposes.

**AFFIDAVIT**

By virtue of an affidavit sworn before Notary Public, Puri, dated 16/08/2025 I Subhashree Samantaray, Address: At- Balarampur, Po.-Rameswar, Via-J ankia, Dist. -Khorda, Pin-752020, Odisha declare that I have changed my name from **Suvashree Samantaray** to **Subhashree Samantaray**. Henceforth, I shall be known as **Subhashree Samantaray** for all purposes.

**AFFIDAVIT**

I, Sachit Agrawal S/o Ram Kumar Agarwal, Resident of At-W 5, Civil Township, Raghunathpali, Rourkela-4, Dist-Sundargarh PIN-769004, Odisha declare by this affidavit No.1625 dtd 26.08.2025 that now onwards I shall be known as **SACHIT AGARWAL** for all future purposes.

**AFFIDAVIT**

I, Usharani Nayak D/o Banabihari Das, Resident of Village-Alana, PO-Alanahat, Nuagaon, Dist-Jagatsinghapur, Odisha declare by this affidavit No.9373 dtd 18.10.2021 that now onwards I shall be known as **USHARANI DAS** for all future purposes.

**BRAHMAPUR MUNICIPAL CORPORATION**

No. 12468, Date: 23/08/25 C-962

**REQUEST FOR PROPOSAL**

Sealed RFP are invited to be reached from reputed Event Management Companies for organising the **"Event for LSG Day Celebration 2025" at Brahmapur.** The detailed terms & conditions are available at our office website www.berhampur.gov.in.The last date of receipt of tenders in this office by **28/08/2025, 05:00 PM** and will be opened on **29/08/2025 at 11:00** AM in the office of undersigned.

The Authority reserves the right to accept or reject any RFP without assigning any reason thereof.

OIPR-13035/11/0059/2526

Sd/- Commissioner
Brahmapur Municipal Corporation

**ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ, ସମ୍ବଲପୁର**
**ODISHA STATE OPEN UNIVERSITY,SAMBALPUR**
Established by an Act of Government of Odisha.

No. 1999/OSOU/2025 Dt. 26.08.2025

**EXPRESSION OF INTEREST**

OSOU intends to implement the **"e-Evaluation (Web based online Digital Evaluation)"** of Answer scripts through OSM Book scanning of Answer scripts without cutting/de-threading of Answer books. EOI is invited from the agencies having experience in the said services.

The interested agency may visit our website www.osou.ac.in for more details. Last date of submission of EOI with technical and financial bid in separate sealed envelopes are **26.09.2025.**

For more details visit our website:
www.osou.ac.in

Sd-
Registrar

**BLOCK EDUCATION OFFICE, NUAGAON, DIST.- NAYAGARH**

ଏତଦ୍ ଦ୍ୱାରା ଶ୍ରୀ ଉମେଶ ଚନ୍ଦ୍ର କର, ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ, ନୂଆଗାଁ, ସା/ପୋଷ୍ଟ/ଥାନା-ନୂଆଗାଁ, ଜିଲ୍ଲା-ନୟାଗଡ଼ଙ୍କୁ ସୂଚିତ କରାଯାଉଅଛି କି, ଆପଣ ଦୀର୍ଘ ଦିନ ଧରି ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ, କାର୍ଯ୍ୟାଳୟରେ ଅନୁପସ୍ଥିତ ଅଛନ୍ତି। ଆପଣଙ୍କୁ ବାରମ୍ବାର ସୂଚନା ଦେଲେ ମଧ୍ୟ ଆପଣ କାର୍ଯ୍ୟରେ ଯୋଗ ଦେଉନାହାନ୍ତି। ଆପଣ ଦେଇଥିବା ଠିକଣାରେ ଯୋଗାଯୋଗ କରିଥିଲେ ମଧ୍ୟ ଯୋଗାଯୋଗ ସମ୍ଭବ ହୋଇପାରୁନାହିଁ। ଆପଣଙ୍କୁ ସୂଚିତ କରାଯାଉଅଛି କି ଆପଣ ୦୭ (ସାତ) ଦିନ ମଧ୍ୟରେ କାର୍ଯ୍ୟରେ ଯୋଗ ନ ଦେଲେ ରାଜ୍ୟ ସରକାରଙ୍କ ନିୟମ ଅନୁଯାୟୀ ଆପଣଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ।

SD/- BLOCK EDUCATION OFFICE,
NUAGAON

### ଲଗାଣ ବର୍ଷାରେ ବେହାଲ ମାଲକାନଗିରି

# କୃତ୍ରିମ ବନ୍ୟା, ସ୍କୁଲ ଭିତରେ ପଶିଲା ପାଣି



ମାଲକାନଗିରି,୨୬।୮(ସମିସ): ଗତକାଲି ଠାରୁ ଲଗାଣ ବର୍ଷାରେ ବେହାଲ ହୋଇପଡିଛି ମାଲକାନଗିରି ଜିଲ୍ଲା। ସହର ଓ ଗାଁ ଗୁଡିକରେ କୃତ୍ରିମ ବନ୍ୟା ସୃଷ୍ଟି ହୋଇଛି। ବର୍ଷା ଦ୍ୱାରା ସ୍କୁଲ ଭିତରେ ପାଣି ପଶି ଶିକ୍ଷାଦାନରେ ବାଧାସୃଷ୍ଟି ହୋଇଛି। ବଙ୍ଗୋପସାଗର ଲଘୁଚାପ ସୃଷ୍ଟି ହେବା ଦ୍ୱାରା ଗତକାଲି ଠାରୁ ସମଗ୍ର ଜିଲ୍ଲାରେ ବର୍ଷା ଲାଗିରହିଛି। ଏହି ବର୍ଷାରେ ବିଭିନ୍ନ ନଦୀ ନାଳ, ଜଳଭଣ୍ଡାରରେ ଜଳସ୍ତର ବୃଦ୍ଧି ପାଇଛି। ବିଶେଷ କରି ସଦର ମହକୁମା ଠାରେ ଥିବା କୁମୁଟିଗୁଡା ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ କୃତ୍ରିମ ବନ୍ୟା ସୃଷ୍ଟି ହୋଇଛି। ବିଦ୍ୟାଳୟ ପଛ ପାଶ୍ୱର୍ରେ ଥିବା ଷ୍ଟେଟ ବ୍ୟାଙ୍କ ଗ୍ରାମୀଣ ସ୍ୱରୋଜଗାର ତାଲିମ ପ୍ରତିଷ୍ଠାନ ପକ୍ଷରୁ ଖୋଳା ଯାଇଥିବା ଏକ ବିରାଟ ଖାଲ ଯୋଗୁଁ ଜଳସ୍ତର ବୃଦ୍ଧି ପାଇ ଉକ୍ତ ବିଦ୍ୟାଳୟର ଶ୍ରେଣୀ ଗୃହରେ ପାଣି ପଶିବା ଦ୍ୱାରା ଶିକ୍ଷାଦାନ ବାଧା ପ୍ରାପ୍ତ ହୋଇଛି। ଷ୍ଟେଟ ବ୍ୟାଙ୍କ କତୃପକ୍ଷଙ୍କୁ ସ୍କୁଲ କମିଟି ପକ୍ଷରୁ ବାରମ୍ବାର କୁହାଯାଇଥିଲେ ମଧ୍ୟ ଉକ୍ତ ଖାଲଟିକୁ ପୋତା ଯାଇନଥିବାରୁ ସେଠାରେ ପାଣି ଜମି ଦୁର୍ଗନ୍ଧମୟ ପରିବେଶ ସୃଷ୍ଟି ହୋଇଛି। ମଶାବଂଶ ବୃଦ୍ଧି ପାଇବା ଦ୍ୱାରା ଛାତ୍ରଛାତ୍ରୀଙ୍କୁ ଓ କୁମୁଟିଗୁଡା ବସ୍ତିବାସନ୍ଦାଙ୍କୁ ମେଲେରିଆ ଜ୍ୱର ହେବା ନେଇ ଆଶଙ୍କା ପ୍ରକାଶ ପାଉଛି। ବର୍ଷା ଦ୍ୱାରା ଗୋବିନ୍ଦପାଲି ଘାଟି ସପ୍ତଧାରା ନଦୀ ଜଳ ଉଛୁଳି ନିଚା ରାସ୍ତା ଉପରେ ୩ ଫୁଟ ଉଚ୍ଚର ପାଣି ଯିବା ଦ୍ୱାରା ଜୟପୁର ମାଲକାନଗିରି ୩୨୬ ନମ୍ବର ଜାତୀୟ ରାଜପଥ ଦୁଇ ପାଶ୍ୱର୍ରେ ପ୍ରାୟ ଦୁଇ ଘଣ୍ଟା ପର୍ଯ୍ୟନ୍ତ ଯାନବାହନ ଚଳାଚଳ ଠପ୍ ହୋଇଯାଇଥିଲା। ଆଜି ସକାଳ ୯ଟାରେ ମାଲକାନଗିରି ସହରରେ ପ୍ରବଳ ବର୍ଷା ହେବା ଦ୍ୱାରା ଜାତୀୟ ରାଜପଥରେ କୃତ୍ରିମ ବନ୍ୟା ସୃଷ୍ଟି ହୋଇ ପାଣିର ସୁଅ ଛୁଟି ଥିଲା। ବର୍ଷା ଯୋଗୁ ଅନ୍ଧାର ହୋଇଯାଇଥିବାରୁ ଟ୍ରକ୍ ଓ ବସ୍ ଗୁଡିକ ଲାଇଟ୍ ଲଗାଇ ପାଣି ସ୍ରୋତରେ ଯାତାୟତ କରୁଥିବାର ଦେଖିବାକୁ ମିଳିଥିଲା। ମାଲକାନଗିରି ଜିଲ୍ଲାର ୭ଟି ବ୍ଲକ ଅଞ୍ଚଳରେ ୨୪ ଘଣ୍ଟା ମଧ୍ୟରେ ସର୍ବ ମୋଟ ୩୪୩ ମିଲିମିଟରେ ବର୍ଷା ହୋଇଥିବା ବେଳେ ସମଗ୍ର ଜିଲ୍ଲାରେ ହାରାହାରି ୪୯.୦୧ ମିଲିମିଟର ବର୍ଷା ହୋଇଛି। ମାଲକାନଗିରି ବ୍ଲକ ଅଞ୍ଚଳରେ ୩୨. ୮ ମିଲିମିଟର ବର୍ଷା, ମାଥିଲି ବ୍ଲକରେ ୯୬ ମିଲି ମିଟର ବର୍ଷା, ଖଇରପୁଟ ବ୍ଲକରେ ୮୨ ମିଲି ମିଟର ବର୍ଷା, କୋରୁକୋଣ୍ଡା ବ୍ଲକରେ ୨୬ ମିଲି ମିଟର, ଚିତ୍ରକୋଣ୍ଡା ବ୍ଲକରେ ୬୦ ମିଲି ମିଟର, କାଲିମେଳା ବ୍ଲକରେ ୨୮ ମିଲିମିଟର, ପଡିଆ ବ୍ଲକରେ ୧୮. ୩ ମିଲି ମିଟର ବର୍ଷା ହୋଇଥିବାର ଜିଲ୍ଲା ଜରୁରୀକାଳୀନ ବିଭାଗ ସୂତ୍ରରୁ ସୂଚନା ମିଳିଛି। ଲଘୁଚାପ ବର୍ଷା ଯୋଗୁଁ ମାଲକାନଗିରି ତଳୁଆ ଅଞ୍ଚଳରେ ବନ୍ୟା ପରିସ୍ଥିତିର ଆଶଙ୍କାକୁ ଆଖି ଆଗରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ସଜାଗ ରହିବା ସହିତ ବିଡିଓ, ତହସିଲଦାର ମାନଙ୍କୁ ପ୍ରସ୍ତୁତ ରହିବା ପାଇଁ ଜିଲ୍ଲାପାଳ ସୋମେଶ ଉପାଧ୍ୟାୟ ନିର୍ଦ୍ଦେଶ ଦେଇଛନ୍ତି।

### କାକଲପଡା ପ୍ରଧାନଶିକ୍ଷକଙ୍କ ବଦଳି ଦାବି

# ଜିଲ୍ଲାପାଳଙ୍କ ନିକଟରେ ଫେରାଦ ହେଲେ ଗାଁ ଲୋକେ

ବୈପାରୀଗୁଡ଼ା,୨୬।୮ (ସମିସ):



କୋରାପୁଟ ଜିଲ୍ଲାପାଳଙ୍କ ନିକଟରେ ପହଞ୍ଚିଲା କାକଲପଡ଼ା ଉଚ୍ଚମାଧ୍ୟମିକ ବିଦ୍ୟାଳୟ ପ୍ରଧାନ ଶିକ୍ଷକଙ୍କ ବଦଳି ଦାବି। ବୈପାରୀଗୁଡା ବ୍ଲକ କାର୍ଯ୍ୟାଳୟ ପରିସରରେ ଆୟୋଜିତ ଜିଲ୍ଲାସ୍ତରୀୟ ଜନ ଶୁଣାଣିରେ କୋରାପୁଟ ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନଙ୍କୁ ଭେଟି ଏକ ଲିଖିତ ଦାବିପତ୍ର ପ୍ରଦାନ କରିଛନ୍ତି ଗ୍ରାମବାସୀ। ଗାଁ ଲୋକଙ୍କ ଅଭିଯୋଗ ଅନୁଯାୟୀ, କାକଲପଡା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ଆଲୋକ ରଞ୍ଜନ ମହାରଣାଙ୍କ ମନମୁଖୀ କାର୍ଯ୍ୟକଳାପକୁ ବିରୋଧ କରାଯାଉଛି। କିଛି ବର୍ଷ ଧରି କାକଲପଡା ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଅବ୍ୟବସ୍ଥା ମଧ୍ୟରେ ଚାଲିଛି। ଗତ କିଛି ଦିନ ପୂର୍ବେ ମଧ୍ୟାହ୍ନଭୋଜନ ଥାଳିରେ ପୋକ ବାହାରିଥିଲା। ଏନେଇ ଛାତ୍ରଛାତ୍ରୀ ଗୋଟିଏ ଦିନ ନୁହେଁ, ବହୁ ଦିନ ଧରି ଏପରି ଖାଦ୍ୟରୁ ପୋକ ବାହାରୁଥିବା ନେଇ ଅଭିଯୋଗ କରିଥିଲେ। ଏଥିଲାଗି ଛାତ୍ରଛାତ୍ରୀଙ୍କୁ ନାଲି ଆଖିଦେଖାଇ ଧମକାଇଥିଲେ ପ୍ରଧାନ ଶିକ୍ଷକ। ସେହିପରି ବନ ବିଭଗର ବିନା ଅନୁମତିରେ ନିଜେ ବିଦ୍ୟାଳୟ ପରିସରରୁ ଷାଠିଏରୁ ଅଧିକ ଆକାଶିଆ ଗଛ କାଟିଥିବା ବେଳେ ସେଥିମଧ୍ୟରୁ ଦଶଟି ଶାଗୁଆନ ଗଛ କଟାଯାଇଛି। ଯାହାକି ବେନିୟମ ହୋଇଛି ବୋଲି ଅଭିଯୋଗ ଆଣିଛନ୍ତି ଗାଁ ଲୋକେ। ଏନେଇ ସ୍ଥାନୀୟ ୱାର୍ଡ ସଭ୍ୟ ବିଦ୍ୟାଳୟ ଭାରପ୍ରାପ୍ତ ପ୍ରଧାନ ଶିକ୍ଷକଙ୍କୁ ପଚାରିବାରୁ ତାଙ୍କୁ ଦୁର୍ବ୍ୟବହାର କରିଥିଲେ। ଅଭିଭାବକ ମାନେ ବିଦ୍ୟାଳକୁ ଯାଇ ଏହାକୁ ପ୍ରତିବାଦ କରିବାରୁ ସେ ଶୁଣି ନଥିଲେ। ଫଳରେ କୁନି କୁନି ପିଲାଙ୍କ ଭବିଷ୍ୟତ ଉନ୍ନତି ପାଇଁ ଗାଁ ଲୋକେ ଜିଲ୍ଲାପାଙ୍କ ନିକଟରେ ଫେରାଦ ହୋଇଛନ୍ତି।

### ଏଟିଏମ୍‌ରୁ କମ୍ ଟଙ୍କା ବାହାରିଲା

# ଚିନ୍ତାରେ ହିତାଧିକାରୀ

ନନ୍ଦପୁର, ୨୬।୮ (ସମିସ):

କୋରାପୁଟ ଜିଲ୍ଲା ନନ୍ଦପୁର ସଦର ମହକୁମାରେ ଅବସ୍ଥିତ ଏଚ୍‌ଡିଏଫସି ଏଟିଏମ୍‌ରୁ ଟଙ୍କା ଉଠାଣ ବେଳେ କମ୍ ଟଙ୍କା ବାହାରିଛି। ଜଣେ ବ୍ୟକ୍ତି ୨୦ ହଜାର ଟଙ୍କା ଉଠାଇବା ବେଳେ ସେଥିରେ ୧୭ ଶହ ଟଙ୍କା କମ୍ ଥିବା ଜଣାପଡ଼ିଛି। ଗ୍ରାହକ ଜଣକ ହେଲେ ଦୈତାରି ମୁଦୁଲି। ତାଙ୍କ ଘର ଖୁର୍ଜି ପଞ୍ଚାୟତ ଅଧୀନସ୍ଥ ସେମେଲା ଗ୍ରାମରେ। ମଙ୍ଗଳବାର ସକାଳ ୯ଟା ସମୟରେ ଦୁଇଟି ଏଟିଏମ୍ ଧରି ନନ୍ଦପୁର ସ୍ଥିତ ଏଚ୍‌ଡିଏଫସି ଏଟିଏମ୍‌କୁ ସେ ଆସିଥିଲେ। ଗୋଟିଏ ବ୍ୟାଙ୍କ୍ ଅଫ୍ ବରଦା ଆଉ ଗୋଟେ ଏୟାର ଟେଲ ପ୍ୟାମେଣ୍ଟ ବ୍ୟାଙ୍କ୍‌ର। ଏହି ଦୁଇ ଏଟିଏମ୍ କାର୍ଡରୁ ଥରଟିଏ ଦଶ ହଜାର ଟଙ୍କା ବାହାର କଲାବେଳେ ମେସିନରୁ ବାହାରିଲା ୯୨୦୦ ଟଙ୍କା। ଆଉ ଥରେ ବାହାରିଲା ୯୧୦୦। ଏହି ଦୁଇଥର ଟଙ୍କା ଉଠାଣ ବେଳେ ତାଙ୍କୁ ୧୭ଶହ ଟଙ୍କା କମ୍ ମିଳିଥିଲା। ସେ ତୁରନ୍ତ ଏଚଡିଏଫସି କଷ୍ଟମର କେୟାରକୁ ଫୋନ୍ କରିବା ପରେ ନିଜସ୍ୱ ବ୍ୟାଙ୍କ୍‌କୁ ଯୋଗାଯୋଗ କରିବାକୁ ନିର୍ଦ୍ଦେଶ ହୋଇଥିଲା। ତେବେ ସେ ଟଙ୍କା ଫେରି ପାଇବେ କି ନାହିଁ, ଏବେ ଚିନ୍ତାରେ ପଡ଼ିଥିବା ଜଣାପଡ଼ିଛି।

# ଜାତୀୟ ପୁରସ୍କାର ପାଇଁ ମନୋନୀତ ଶିକ୍ଷକଙ୍କୁ ଜିଲ୍ଲାପାଳଙ୍କ ସମ୍ବର୍ଦ୍ଧନା

ମାଲକାନଗିରି, ୨୬।୮(ସମିସ): ଆଜି ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ ଜାତୀୟ ଶିକ୍ଷକ ପୁରସ୍କାର ପାଇଁ ମନୋନୀତ ହୋଇଥିବା ଶିକ୍ଷକ ବସନ୍ତ କୁମାର ରଣାଙ୍କୁ ନିଜ କାର୍ଯ୍ୟାଳୟ ପ୍ରକୋଷ୍ଠରେ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରି ସମ୍ବର୍ଦ୍ଧନା ଦେଇଛନ୍ତି। ଏହି ଜାତୀୟ ସ୍ତର ସଫଳତାରେ ଜିଲ୍ଲାପାଳ ନିଜର ଖୁସି ବ୍ୟକ୍ତ କରିବା ସହ ଏହା ଆମ ଜିଲ୍ଲା ମାଲକାନଗିରି ପାଇଁ ଗର୍ବ ଓ ଗୌରବର ବିଷୟ ବୋଲି କହିଛନ୍ତି। ଏହି ଅବସରରେ ଜିଲ୍ଲାପାଳ



ଶ୍ରୀ ରଣାଙ୍କ ସହ କିଛି ସମୟ ଆଲୋଚନା କରିଥିଲେ। ଶ୍ରୀ ରଣା ସେପ୍ଟେମ୍ବର ୩ରେ ବିଶାଖପାଟଣାରୁ ନୂଆଦିଲ୍ଲୀ ଅଭିମୁଖେ ଯାତ୍ରା କରିବେ ବୋଲି ସୂଚନା ଦେଇଛନ୍ତି। ସେପ୍ଟେମ୍ବର ୫ରେ ଗୁରୁ ଦିବସ ଅବସରରେ ନୂଆଦିଲ୍ଲୀ ସ୍ଥିତ ବିଜ୍ଞାନ ଭବନରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଶ୍ରୀ ରଣା ପୁରସ୍କାର ଗ୍ରହଣ କରିବେ। ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ନିଜର ଶିକ୍ଷକତା ଜୀବନ ଆରମ୍ଭ କରିଥିବା ଶ୍ରୀ ରଣା କୁନି କୁନି ପିଲାଙ୍କ ନିମନ୍ତେ ଅଭିନବ ଶିକ୍ଷା ପଦ୍ଧତି ଆପଣେଇ ଥିଲେ। ମାଲକାନଗିରି ଜିଲ୍ଲାର କନ୍ଦେଲ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ଭାବେ କାର୍ଯ୍ୟରତ ଶ୍ରୀ ରଣା ବିଦ୍ୟାଳୟରେ ଛାତ୍ରଛାତ୍ରୀ ମାନଙ୍କ ସର୍ବାଙ୍ଗୀନ ଉନ୍ନତି ପାଇଁ ସଦା ସର୍ବଦା ଚେଷ୍ଟିତ । ସେମାନଙ୍କ ପାଇଁ ଉତ୍ସର୍ଗୀକୃତ। ସୂଚନା ଥାଉ କି ସମଗ୍ର ରାଜ୍ୟରେ କେବଳ ଦୁଇ ଜଣ ଶିକ୍ଷକ ଏହି ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି। ତନ୍ମଧ୍ୟରୁ ଶ୍ରୀ ରଣା ଅନ୍ୟତମ। ୩୦ଟି ଜିଲ୍ଲାର ୯୦ ଜଣ ଶିକ୍ଷକଙ୍କ ମଧ୍ୟରୁ ୬ ଜଣ ଜାତୀୟସ୍ତର ନିମନ୍ତେ ଚୟନ ହୋଇଥିଲେ। ଏହି ଅବସରରେ ଜିଲ୍ଲା ଶିକ୍ଷା ଅଧିକାରୀ ଚିତ୍ତ ରଞ୍ଜନ ପାଣିଗ୍ରାହୀ, ଶିକ୍ଷା ବିଭାଗ ଯନ୍ତ୍ରୀ ସରୋଜ ସାମନ୍ତରାୟଙ୍କ ସମେତ ଶିକ୍ଷା ବିଭାଗର କର୍ମଚାରୀ ଉପସ୍ଥିତ ଥିଲେ।

### ବିଷମକଟକ ବ୍ଲକରେ ପାର୍ବଣ ଋତୁ ପାଇଁ ଗାଇଡ୍‌ଲାଇନ୍

# ପ୍ରଶାସନର ନିୟମକୁ ଉଲ୍ଲଂଘନ କଲେ କାର୍ଯ୍ୟାନୁଷ୍ଠାନ



ବିଷମ କଟକ,୨୬।୮(ସମିସ): ରାୟଗଡ଼ା ଜିଲ୍ଲା ବିଷମ କଟକ ବ୍ଲକରେ ପାର୍ବଣ ଋତୁ ନିମନ୍ତେ ତହସିଲ କାର୍ଯ୍ୟାଳୟ ପକ୍ଷରୁ ଜାରି କରାଗଲା ଗାଇଡ୍‌ଲାଇନ। ଏନେଇ ବିଷମକଟକ ତହସିଲଦାର କେ.ଭେଙ୍କେଟେଶ୍ୱର ରେଡ୍ଡିଙ୍କ ଅଧ୍ୟକ୍ଷତାରେ ତହସିଲ କାର୍ଯ୍ୟାଳୟରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ଥାନା ଅଧିକାରୀ ସୂର୍ଯ୍ୟଚନ୍ଦ୍ର ପାଢ଼ୀ ଯୋଗ ଦେଇଥିଲେ। ବିଷମ କଟକ ବ୍ଲକର ବିଭିନ୍ନ ପଞ୍ଚାୟତରେ ଗଣେଶ ପୂଜା .ଲକ୍ଷ୍ମୀପୂଜା ଓ ଦୁର୍ଗା ପୂଜା କମଟି ସଦସ୍ୟଙ୍କୁ ନେଇ ଏହି ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଗଣେଶ ପୂଜା ଆରମ୍ଭରୁ ପାର୍ବଣ ଋତୁ ଆରମ୍ଭ ହୋଇଯାଇଥାଏ। ଗଣେଶ ପୂଜା, ଲକ୍ଷ୍ମୀପୂଜା, ଦୁର୍ଗା ପୂଜା କିପରି ଶାନ୍ତିଶୃଙ୍ଖଳାର ସହ ପାଳିତ ହେବ, ସେଥିପାଇଁ ପ୍ରଶାସନ ପକ୍ଷରୁ ଜାରି ହୋଇଥିବା ସମସ୍ତ ଗାଇଡ୍ ଲାଇନ୍ ଉପରେ ଆଲୋଚନା କରାଯାଇଥିଲା। ପୂଜା ପେଣ୍ଡାଲ ୪୦ ଫୁଟରୁ ଅଧିକ ଉଚ୍ଚତା ଓ ଭଗବାନଙ୍କ ମୂର୍ତ୍ତି ୩୦ ଫୁଟରୁ ଅଧିକ ଉଚ୍ଚତାକୁ ବାରଣ କରାଯାଇଛି। ତହସିଲଦାରଙ୍କ ଦ୍ୱାରା ସ୍ୱୀକୃତିପ୍ରାପ୍ତ ମୂର୍ତ୍ତି ଛଡ଼ା ଅନ୍ୟ କୌଣସି ମୂର୍ତ୍ତିରେ ପୂଜା କରିବାକୁ ବାରଣ କରାଯାଇଛି। ପୂଜା ନିମନ୍ତେ ପ୍ରଶାସନର ଅନୁମତି ନେବା ବାଧ୍ୟତା ରହିଛି। ବିଦ୍ୟୁତ ବିଭାଗର ବିନା ଅନୁମତିରେ ବିଦ୍ୟୁତ୍ ସଂଯୋଗ କରିପାରିବେ ନାହିଁ। ତେଣୁ ଏହାକୁ ବେଆଇନ ଦର୍ଶାଯାଇଛି। ସାଉଣ୍ଡ ସିଷ୍ଟମ ଉପରେ କଟକଣା ଜାରି କରାଯାଇଛି। ପୂଜା ଭସାଣି ସମୟରେ ପୁଲିସର ଅନୁମତି ନେବାପାଇଁ କୁହାଯାଇଛି। ଭସାଣିରେ ଡିଜେ ଶବ୍ଦକୁ ସମ୍ପୂର୍ଣ୍ଣ ବାରଣ କରାଯାଇଛି। ଭସାଣି ସମୟରେ ସତର୍କତା ଅବଲମ୍ବ କରିବା ସହ ଶାନ୍ତିଶୃଙ୍ଖଳା ରକ୍ଷା କରିବା ପାଇଁପୂଜା କମିଟି ମାନଙ୍କୁ ପରାମର୍ଶ ଦିଆଯାଇଛି। ପ୍ରଶାସନର ନିୟମକୁ ଯେଉଁମାନେ ଉଲ୍ଲଂଘନ କରିବେ, ସେମାନଙ୍କ ଉପରେ କଡ଼ା କାର୍ଯ୍ୟନୁଷ୍ଠାନ ଗ୍ରହଣ କରାଯିବା ନେଇ ତହସିଲଦାର କେ.ଭେଙ୍କେଟେଶ୍ୱର ରେଡି ଥାନା ଅଧିକାରୀ ସୂର୍ଯ୍ୟଚନ୍ଦ୍ର ପାଢ଼ୀ ଚେତାବନୀ ଦେଇଛନ୍ତି। ପାର୍ବଣ ଋତୁର ସମସ୍ତ ପୂଜା ପର୍ବକୁ ଶାନ୍ତିଶୃଙ୍ଖଳାର ସହ ପାଳନ କରିବା ନେଇ ସମସ୍ତ ପୂଜା କମିଟି ସଦସ୍ୟ ମାନଙ୍କ ପ୍ରଶାସନ ପକ୍ଷରୁ ଅନୁରୋଧ କରାଯାଇଛି।

# ବାଲି ଚୋରାଚାଲଣ, ୨ ଟିପର ଜବତ

ଗୁଡାରୀ,୨୬।୮ (ସମିସ): ଗୁଡାରି ସହରରେ ଦିନକୁ ଦିନ ବେଆଇନ ବାଲି ଚୋରା ଚାଲାଣ ବଢିବାରେ ଲାଗିଛି । ଗୁଡାରୀରୁ ଦୁଇଟି ଟିପର ଓଡି ୧୮ ସି ୧୪୪୯ ଏବଂ ଓଡି ୧୮ ପି ୫୫୫୩ ବେଆଇନ୍ ଭାବରେ ବାଲି ଚୋରା ଚାଲଣା ବେଳେ ଗତ ରବିବାର ରାତି ପ୍ରାୟ୨ଟା ସମୟରେ ଗୁମୁଡ଼ା ପାଣ୍ଠିର ଏସ୍‌ଆଇ ବିରେନ୍ଦ୍ର କୁମାର ରାୟ ତତ୍ତ୍ୱାବଧାନରେ ଏକ ଟିମ ଗୁମୁଡ଼ା ଠାରେ କାବୁ କରିଥିଲେ। ଗୋଟିଏ ଗାଡିର ନମ୍ବର ପ୍ଲେଟ ସହ ନଥିପତ୍ର ମେଳ ଖାଉନ ଥିବାବେଳେ ଅନ୍ୟ ଗାଡିର କାଗଜପତ୍ର ସମ୍ପୂର୍ଣ୍ଣ ଭୁଲ ଥିବା ଜଣାପଡିଛ। ସନ୍ଧ୍ୟା ୭ଟା ସମୟରେ ରାୟଗଡ଼ା ଖଣି ବିଭାଗର ଦୁଇ କାର୍ଯ୍ୟରତ ଅଫିସର ଗୁମୁଡ଼ା ପାଣ୍ଠି ଏସଆଇଙ୍କ ସହ ସମସ୍ତ ତଥ୍ୟ ନେବା ପରେ ଦୁଇଟି ଗାଡିକୁ ପ୍ରାୟ ୭ ଲକ୍ଷ ଟଙ୍କା ଜରିମାନ ପୈଠ କରିବା ପାଇଁ ଗାଡ଼ି ମାଲିକକୁ କହିଥିଲେ। କିନ୍ତୁ ଗାଡି ମାଲିକ ରାଜି ନ ହେବା ଫଳରେ ତାଙ୍କୁ ଖଣି ବିଭାଗ ସାତ ଦିନ ଭିତରେ ଟଙ୍କା ପଇଠ କରିବାକୁ ପଡ଼ିବ, ନଚେତ ଗାଡିକୁ ସିଜ୍ କରି କୋର୍ଟ ଚାଲଣା କରାଯିବ ବୋଲି କହିଛନ୍ତ। ଏଥିରେ ପ୍ରଶ୍ନ ଉଠୁଛି ସରକାର ଖଣି ଖାଦାନ, ଚୋରା ଚାଲଣାରୁ ରୋକ ଲଗାଇବା ପାଇଁ ବିଭିନ୍ନ ସ୍କ୍ୱାର୍ଡ ଗଠନ କରିଥିଲେ ମଧ୍ୟ କାହା ଇଙ୍ଗିତରେ ରାତି ଅଧିଆ ବାଲି ଚୋରାଚାଲାଣ ହେଉଛି ତାହା ପ୍ରଶ୍ନବାଚୀ ସୃଷ୍ଟି କରୁଛି। ସୂଚନା ଅନୁଯାୟୀ ଗୁଣପୁରର ଜଣେ ପ୍ରଭାବଶାଳି ବ୍ୟକ୍ତି ନିଜକୁ ଖଣିମନ୍ତ୍ରୀଙ୍କ ପାଖ ଲୋକ କହି ବାଲି ଚୋରାଚାଲାଣ କରୁଥିବା ଦଲାଲଙ୍କୁ ସାହାସ ଦେଉଥିବା ଆଲୋଚନା ହେଉଛି। ପ୍ରଶାସନ ଏ ନେଇ ତଦନ୍ତ କରି କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି।

# ମାତିଲେ ଲୁଟେରା; ୧ .୭୫ ଲକ୍ଷ ଲୁଟ୍ ଅଭିଯୋଗ

ରାୟଗଡ଼ା,୨୬।୮(ସମିସ): କିଛି ଦିନର ବ୍ୟବଧାନ ପରେ ରାୟଗଡ଼ାରେ ପୁଣି ମାତିଲେ ଲୁଟେରା। ସୋମବାର ଦିନ ଦ୍ୱିପ୍ରହରରେ ସହରର କପିଳାସ ଛକ ନିକଟରୁ ଗାଡିରେ ଲାଗିଥିବା ଏକ ବ୍ୟାଗରୁ ୧ ଲକ୍ଷ ୭୫ ହଜାର ଟଙ୍କା ଲୁଟ ହୋଇଥିବା ଅଭିଯୋଗ ହୋଇଛି। ଲୁଟେରାମାନେ ଆଖି ପିଛୁଳାକେ ଟଙ୍କା ନେଇ ଚମ୍ପଟ ମାରିଥିବା ଅଭିଯୋଗକାରୀ ପ୍ରକାଶ କରିଛନ୍ତି। ମିଳିଥିବା ସୂଚନା ମୁତାବକ, ରାୟଗଡ଼ ଜିଲ୍ଲାର କୋଲନରା ବ୍ଲକ ଚାନ୍ଦିଲି ଥାନା ଅନ୍ତର୍ଗତ ମୁକୁନ୍ଦପୁର ଗ୍ରାମର ଏସ.ସାହୁ ଦିନ ଦିପହରରେ ରାୟଗଡା ସ୍ଥିତ ଏସ୍‌ବିଆଇ ବ୍ୟାଙ୍କ ମୁଖ୍ୟ ଶାଖାରୁ ୨ ଘଣ୍ଟା ୧୦ ମିନିଟ୍ ସମୟରେ ୧ ଲକ୍ଷ ୭୫ ହଜାର ଟଙ୍କା ଉଠାଇ ଟଙ୍କାକୁ ଏକ ବ୍ୟାଗରେ ରଖି ଗାଡ଼ିରେ ଧରି ଚାଉଳ କିଣି ସାରି ସେଠାରୁ କପିଳାସ ରୋଡ଼ରେ ଚଣା କିଣିବା ପାଇଁ ଗାଡିକୁ ରଖି ଦୋକାନ ଭିତରକୁ ଯାଇଥିଲେ। ଆସିଦେଖିଲା ବେଳକୁ ବ୍ୟାଗ ସହ ଟଙ୍କା ଚୋରି ହୋଇଥିବା ଜାଣି ପାରିଥିଲେ। ଏହି ଘଟଣା ପରେ ଏସ.ସାହୁ ରାୟଗଡ଼ା ଟାଉନ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତି କରି ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ନିକଟରେ ଥିବା ଏକ ସିସିଟିଭି ଯାଞ୍ଚ ସମୟରେ ଦୁଇଟି ବାଇକ୍‌ରେ ୪ଜଣ ଲୁଟେରା ଏହି ଘଟଣାରେ ସମ୍ପୃକ୍ତ ଥିବା ରାୟଗଡ଼ା ଟାଉନ ଥାନା ପୁଲିସ ସନ୍ଦେହ କରି ତଦନ୍ତ ଆରମ୍ଭ କରିଥିବା ଜଣାପଡିଛି।

# ପରିବହନ ବିଭାଗର ଗାଡ଼ି ତଲାସୀ ଓ ସଚେତନତା କାର୍ଯ୍ୟକ୍ରମ



ଗୁଣପୁର, ୨୬।୮ (ସମିସ): ରାୟଗଡ଼ା ଜିଲ୍ଲା ପରିବହନ ବିଭାଗ ତରଫରୁ ଗୁଣପୁର ମହାବିଦ୍ୟାଳୟ, ବାଇପାସ ଛକଠାରେ ୧୮ ବର୍ଷରୁ କମ୍ ବୟସର ପିଲାମାନେ ଗାଡ଼ି ଚଳାଉଥିବା ସମୟରେ ଯାଞ୍ଚ ଓ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପିଲା ଅପେକ୍ଷା ବାପାମାଆ ସଚେତନ ହେବା ଆବଶ୍ୟକ। ପିଲାଙ୍କୁ ଗାଡ଼ି ଦେବା ପୂର୍ବରୁ ଜନ୍ମ ତାରିଖ ଯାଞ୍ଚ କରନ୍ତୁ। ସାବାଳକ ହୋଇ ନ ଥିଲେ, ଗାଡି ଦିଅନ୍ତୁ ନାହିଁ। ସେଭଳି କଲେ ଯେକୌଣସି ମୁହୂର୍ତ୍ତରେ ଜରିମାନା ଦେବାକୁ ପଡ଼ିବ। ବିଶେଷ କରି କଲେଜ ପଢୁଆ ଛାତ୍ରଛାତ୍ରୀ ଓ ନାବାଳକଙ୍କୁ ନେଇ ସାବଧାନ ଓ ସତର୍କ କରାଇଲା ପ୍ରଶାସନ। ବିନା ହେଲମେଟ , ଲାଇସେନ୍ସ, ଦ୍ରୁତ ଗତିରେ ଗାଡି ଚଳାଇବା ଓ ତାହା ପୁଣି ଏକାଧିକଙ୍କୁ ଗାଡିରେ ବସାଇ ଚଳାଇବା ମହାଙ୍ଗା ସାବ୍ୟସ୍ତ ହୋଇଛି । ଗୁଣପୁର କଲେଜ ସମ୍ମୁଖ ରାସ୍ତାରେ ଗାଡ଼ି ଯାଞ୍ଚ ସମୟରେ ସମ୍ପୃକ୍ତ ଛାତ୍ରଛାତ୍ରୀଙ୍କ ଅବିଭାବକଙ୍କୁ ମଧ୍ୟ ଡକାଯାଇ ସଚେତନ କରାଯାଇଥିଲା। ଆଗକୁ ମଧ୍ୟ ଏଭଳି ଯାଞ୍ଚ କରାଯିବା ନେଇ ଜଣାପଡିଛି। ୨୮ ଜଣଙ୍କ ନାମରେ ଚାଲାଣ କଟାଯାଇ ୧୬୩୦୦୦ ଟଙ୍କାର ଜରିମାନା ଆଦାୟ କରାଯାଇଥିବା ରାୟଗଡ଼ା ଏମଭିଆଇ ପି. ଦୁର୍ଗାପ୍ରସାଦ ରାଓ ସୂଚନା ଦେଇଛନ୍ତି। ଦୁର୍ଘଟଣାକୁ ଏଡାଇବା ପାଇଁ ପରିବହନ ବିଭାଗ ପକ୍ଷରୁ ଏଭଳି ପଦକ୍ଷେପ ନିଆଯାଉଥିବା ବିଭାଗ ପକ୍ଷରୁ କୁହାଯାଇଛି। ଆଜିର ଏହି କାର୍ଯ୍ୟକ୍ରମରେ ରାୟଗଡ ସଦର ଏମ୍‌ଭି ଆଇ, ସେମାନଙ୍କ କର୍ମଚାରୀ, ଗୁଣପୁର ଆଦର୍ଶ ଥାନା କର୍ମଚାରୀ ଉପସ୍ଥିତ ଥିଲେ।

# ଲଗାଣ ବର୍ଷାରେ ଘର କାନ୍ଥ ଭୁଶୁଡ଼ିଲା

ଚନ୍ଦ୍ରପୁର,୨୬।୮ (ସମିସ): ଆଦିବାସୀ ଅଧ୍ୟୁଷିତ ଚନ୍ଦ୍ରପୁର ବ୍ଲକ ବିଜାପୁର ଗ୍ରାମର ଇନ୍ଦିରାନଗର ସାହିର ଟୁଟୁ ଦଣ୍ଡସେନାଙ୍କ



ଘର କାନ୍ଥ ଭୁଶୁଡ଼ି ପଡ଼ିଛି। ଗତ ଚାରି ଦିନ ଲଗାଣ ବର୍ଷା ଯୋଗୁଁ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବର୍ଷା ଯୋଗୁଁ ଜନଜୀବନ ପ୍ରଭାବିତ ହେଉଛି। ପ୍ରଶାସନ ପକ୍ଷରୁ ବର୍ଷାଜନିତ କ୍ଷୟକ୍ଷତି ପାଇଁ ତତ୍ପରତା ପ୍ରକାଶ ପାଉ ନ ଥିବା ବିଜାପୁର ନାଏବ୍ ସରପଞ୍ଚ ଆପାରାଓ ପାଡଗଣ୍ଡା ଅଭିଯୋଗ କରିଛନ୍ତି। ସରକାର ତୁରନ୍ତ କ୍ଷତିଗ୍ରସ୍ତକୁ ସହାୟତା ଯୋଗାଇ ଦେବାକୁ ଅନୁରୋଧ କରିଛନ୍ତି।

# ମାଲକାନଗିରି ଜିଲ୍ଲାରେ ଆରମ୍ଭ ହେଲା 'ଆମ ଶାସନ' ପୋର୍ଟାଲ

ମାଲକାନଗିରି, ୨୬।୮ (ସମିସ):




ଶାସନ ବ୍ୟବସ୍ଥାରେ ସ୍ୱଚ୍ଛତା ଆଣିବା ଉଦ୍ଦେଶ୍ୟରେ ରାଜ୍ୟ ସରକାର "ଆମ ଶାସନ' ବ୍ୟବସ୍ଥା ଆରମ୍ଭ କରିଛନ୍ତି। ଆଜି ଲୋକସେବା ଭବନରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ 'ଆମ ଶାସନ' ପୋର୍ଟାଲର ଶୁଭାରମ୍ଭ କରିଛନ୍ତି। ରାଜ୍ୟର ସମସ୍ତ ଜିଲ୍ଲା ଆଭାସି ମାଧ୍ୟମରେ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଆଜି ଜିଲ୍ଲାପାଳ କାର୍ଯ୍ୟାଳୟ ସ୍ଥିତ ଓସ୍ୱାନ ହଲ ଠାରେ ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିବା ବେଳେ ଅତିରିକ୍ତ ଜିଲ୍ଲାପାଳ ସାଧାରଣ ସୋମନାଥ ପ୍ରଧାନ, ଜିଲ୍ଲା ମଙ୍ଗଳ ଅଧିକାରୀ ଶ୍ରୀନିବାସ ଆଚାରୀ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଗୌରୀ ନାୟକ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ନିର୍ମଳ ଧରୁଆ, ଜିଲ୍ଲା ସୂଚନା ଓ ଲୋକସଂପର୍କ ଅଧିକାରୀ ପ୍ରମିଳା ମାଝୀ, ଜିଲ୍ଲା ପରିଷଦ ଅର୍ଥ ପରିଚାଳକ ମାନସ ମିଶ୍ର, ଡିଇଜିଏମ ଶୁଭାଶିଷ ପଟ୍ଟନାୟକଙ୍କ ସମେତ ବିଭିନ୍ନ ଯୋଜନାର ହିତାଧିକାରୀ ଯୋଗ ଦେଇଥିଲେ। ଏହି ବ୍ୟବସ୍ଥା ଦ୍ୱାରା ମୁଖ୍ୟମନ୍ତ୍ରୀ, ମନ୍ତ୍ରୀ ଏବଂ ବିଭାଗୀୟ ଅଧିକାରୀ ମାନେ ଟେଲିଫୋନ ମାଧ୍ୟମରେ ନାଗରିକମାନଙ୍କ ମତାମତ ନେବେ। ସେହିପରି କ୍ଷେତ୍ର ପରିଦର୍ଶନ ସମୟରେ ସରକାରୀ ଅଧିକାରୀ ମାନେ ମୋବାଇଲ୍ ଆପ୍ ମାଧ୍ୟମରେ ନାଗରିକ ମାନଙ୍କ ମତାମତ ନେବେ। ଏହା ଦ୍ୱାରା ଏକ ବିକଶିତ ଓଡ଼ିଶା ଗଠନ ଦିଗରେ ମୁଖ୍ୟମନ୍ତ୍ରୀ ଓ ପ୍ରଶାସନ ସିଧାସଳଖ ନାଗରିକଙ୍କ ମତାମତ ଶୁଣିବେ। ପ୍ରଥମ ପର୍ଯ୍ୟାୟରେ ପଞ୍ଚାୟତିରାଜ, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ, ମହିଳା ଓ ଶିଶୁ କଲ୍ୟାଣ, ଜନଜାତି ଉନ୍ନୟନ, କୃଷି ଓ କୃଷକ ସଶକ୍ତିକରଣ, ଖାଦ୍ୟ ଯୋଗାଣ, ସ୍ୱାସ୍ଥ୍ୟ ଓ ଗୃହ ବିଭାଗ ଅର୍ଥାତ୍ ୮ ଗୋଟି ବିଭାଗର ୧୩ ଟି ସେବା ଯୋଗାଇ ଦିଆଯିବ। ହିତାଧିକାରୀ ମାନେ ୱେବ ପୋର୍ଟାଲ, ହ୍ୱାଟ୍‌ସଆପ୍ ଚାର୍ଟ(୯୧-୭୪୦୦୨୨୧୯୦୩), ଚାଟବଟ୍, ଇମେଲ, ଟୋଲ ଫ୍ରି ଫୋନ କଲ(୧୪୪୭୧) ଇତ୍ୟାଦି ମାଧ୍ୟମରେ ସିଧାସଳଖ ନିଜର ମତାମତ ଦେଇ ପାରିବେ। ଆମ ଶାସନ ପ୍ଲାଟଫର୍ମ ଜରିଆରେ ତୃଣମୂଳ ସ୍ତରରୁ ମତାମତ ପାଇବାରେ ରାଜ୍ୟ ସରକାରଙ୍କୁ ସହାୟକ ହେବ।

# ପରାମାଳି ଗ୍ରାମରେ ବସୁଧା ଯୋଜନା ପ୍ରହସନ

କଲ୍ୟାଣସିଂହପୁର, ୨୬।୮ (ସମିସ):



ଲୋକଙ୍କୁ ପାନୀୟ ଜଳ ଯୋଗାଇବା ସରକାରଙ୍କ ପ୍ରାଥମିକତା ହୋଇଥିଲେ ମଧ୍ୟ କେବଳ ଷ୍ଟାଣ୍ଡ ପୋଷ୍ଟ କରି ବର୍ଷ ବର୍ଷ ଜଳ ଯୋଗାଣ ନ କରିବା ବସୁଧା ଯୋଜନା ଏକ ପ୍ରହସନ ବୋଲି ପ୍ରମାଣିତ ହୋଇଛି। ରାୟଗଡା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକର ପାର୍ସଲି ପଞ୍ଚାୟତ ଦୁର୍ଗମ ପାହାଡିଆ ଗ୍ରାମ ପରାମଳି। ଏହି ଗ୍ରାମରେ ୨୨ ଘର ଡାଙ୍ଗରିଆ ପରିବାର ବସବାସ କରି ଆସୁଛନ୍ତି। ଏମାନଙ୍କ ପାଇଁ ବ୍ଲକ ପ୍ରଶାସନ ଓ ଡିକେଡିଏ ସ୍ୱଚ୍ଛ ପାଣି ଯୋଗାଇବା ପାଇଁ ଲକ୍ଷ ଲକ୍ଷ ଟଙ୍କା ପାଣି ଭଳିଆ ଖର୍ଚ୍ଚ କରୁଥିଲେ ବି ତିନି ବର୍ଷ ହେଲା ଏହା ଷ୍ଟାଣ୍ଡପୋଷ୍ଟରେ ସୀମିତ ରହିଯାଇଛି। ମେଗା ପ୍ରକଳ୍ପ ନା ଗନ୍ଧ ନ ଥିବାରୁ ଲୋକଙ୍କ ପାଇଁ ଅଭିଶପ୍ତ ହୋଇଛି କହିଲେ ଭୁଲ ହେବନାହିଁ। ଗ୍ରାମରେ ପୂର୍ବରୁ ଦୁଇଟି କୂଅରେ ନଳକୂପ ବସାଇ ପାଣିର ବ୍ୟବସ୍ଥା କରାଯାଇଥିଲା। ବିଭିନ୍ନ ସମୟରେ ପାଣିର ସମସ୍ୟା ବଢ଼ିବାରୁ ନଳକୂପ ଖନନ କରାଯାଇଥିଲା। ପରେ ଉକ୍ତ ନଳ କୂପରେ ପାଞ୍ଚ ଲକ୍ଷ ଟଙ୍କା ବ୍ୟୟ କରି ସୋଲାର ବ୍ୟବସ୍ଥା କରାଗଲା। ଲୋକେ ଆଶ୍ୱସ୍ତି

## ମେଗା ପ୍ରକଳ୍ପର ଦେଖାନାହିଁ

ହେଲେ ପାଣି ମିଳିବ ଓ ସମସ୍ତ ଘରକୁ ପାଣି ଯୋଗାଣ ହେବ। କିନ୍ତୁ ସୋଲାର ପ୍ୟାନେଲ୍ ଓ ଟାଙ୍କି ଲଗାଇଥିଲେ ମଧ୍ୟ କେବଳ ଗୋଟିଏ ଟ୍ୟାବ୍‌ରେ ପାଣି ଯୋଗାଣ ହେଉଛି। ସୋଲାର ଟାଙ୍କିରୁ ଷ୍ଟାଣ୍ଡ ପୋଷ୍ଟକୁ ପାଇପ୍ ସଂଯୋଗ କରାଯାଇ ନ ଥିବାରୁ ସେମିତି ପଡି ଭାଙ୍ଗି ରୁଜି ଗଲାଣି। ବ୍ଲକ ଓ ଡିକେଡିଏ ସଂସ୍ଥା ନିକଟରେ ବାରମ୍ବାର ଅଭିଯୋଗ କରିଥିଲେ ମଧ୍ୟ କେହି ବି କର୍ଣ୍ଣପାତ କରୁ ନ ଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ବାରମ୍ବାର ବ୍ଲକ ଜଳ ଓ ପରିମଳ ବିଭାଗ ପକ୍ଷରୁ ଡଙ୍ଗରିଆ ଅଞ୍ଚଳରେ ସୋଲାର ଟାଙ୍କି ପ୍ରତିଷ୍ଠା କରି ଲୋକଙ୍କୁ ଜଳ ଯୋଗାଇ ଆସୁଥିଲେ ମଧ୍ୟ ନିମ୍ନ ମାନର ଯନ୍ତ୍ରାଂଶ ସୋଲାର ଟାଙ୍କି ଲଗା ଯାଉଥିବାରୁ ଗୋଟିଏ ବର୍ଷ ପରେ ନଷ୍ଟ ହୋଇ ଯାଉଛି। ପୂର୍ବରୁ ପାର୍ସଲୀ ପଞ୍ଚାୟତରେ ଓପିଲିପି ସଂସ୍ଥା କାର୍ଯ୍ୟ କରିଥିଲେ ମଧ୍ୟ ନିମ୍ନମାନର କାର୍ଯ୍ୟ ଓ ଯନ୍ତ୍ରାଂଶ ବ୍ୟବହାର କରାଯାଉଥିବାରୁ ପାଣି ସମସ୍ୟା ଅଞ୍ଚଳବାସୀଙ୍କୁ ଭୋଗିବାକୁ ପଡୁଛି ବୋଲି ଅଭିଯୋଗ କରିଛନ୍ତି ଗ୍ରାମର ମହିଳା ମାନେ। ନିୟମଗିରି ଡଙ୍ଗରିଆଙ୍କ ପାଇଁ ସରକାର ଯୋଜନାପରେ ଯୋଜନା କରି କୋଟି କୋଟି ଟଙ୍କା ପାଣି ଭଳିଆ ଖର୍ଚ୍ଚ କରିଥିଲେ ମଧ୍ୟ ଆଜିଯାଏ ଘର ଘରକୁ ପାଣି ମୁନ୍ଦାଏ ଯୋଗାଇବାରେ ବିଫଳ ହୋଇଛି ପ୍ରଶାସନ। ଏଭଳି ସ୍ଥିତି ଦେଖି ଗତ କିଛିଦିନ ପୂର୍ବେ ଏକ ନୂତନ ନଳକୂପ ଖନନ କରାଯାଇଛି। ଗତ ଦୁଇଦିନ ପୂର୍ବେ ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣି ନିୟମଗିରି ଅଞ୍ଚଳ ଗସ୍ତରେ ଯିବା ସମୟରେ ଡାଙ୍ଗରିଆଙ୍କ ପାଣି ସମସ୍ୟା ନଜରକୁ ଆସିଥିଲା। ବ୍ଲକ ପ୍ରଶାସନକୁ ନିର୍ଦ୍ଦେଶ ଦେଇ ଅଞ୍ଚଳରେ ପାଣିର ସମସ୍ୟା ସମାଧାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ତେବେ ଏହାର ସମାଧାନ କେବେ ହେଉଛି ତାହା ଦେଖିବାକୁ ଲୋକେ ଚାହିଁ ରହିଛନ୍ତି।

# ଉମରକୋଟ ପୌର ଅଧ୍ୟକ୍ଷାଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ



ଉମରକୋଟ୨୬।୮ (ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ପୌର ପରିଷଦର ଜନସାଧାରଣଙ୍କ ଦ୍ୱାରା ନିର୍ବାଚିତ ଅଧ୍ୟକ୍ଷା ରାଧା ଭତ୍ରାଙ୍କ ବିରୁଦ୍ଧରେ ସମସ୍ତ ୧୪ କାଉନସିଲର ଆଜି ଅନାସ୍ଥା ପ୍ରସ୍ତାବ ଆଣିଛନ୍ତି। ଫଳରେ ଉମରକୋଟରେ ରାଜନୀତି ସରଗରମ ହୋଇଯାଇଛି। ଉମରକୋଟ ପୌର ପରିଷଦରେ ବିଜେଡ଼ି ଟିକେଟରୁ ସିଧାସଳଖ ଲୋକଙ୍କ ଠାରୁ ଭୋଟ ପାଇ ରାଧା ଭତ୍ରା ବିଜୟୀ ହେଇଥିଲେ। ପୌର ପରିଷଦର ସମସ୍ତ ୧୪ ଜଣ କାଉନସିଲରରୁ ବିଜେଡ଼ି ୧୨ , ବିଜେପି ୧ ଓ କଂଗ୍ରେସ ୧ କାଉନସିଲର ନିର୍ବାଚିତ ହୋଇଥିଲେ। ଆଜି ସମସ୍ତ କାଉନସିଲର ନବରଙ୍ଗପୁର ଯାଇ ଅତିରିକ୍ତ ଜିଲ୍ଲାପାଳ ବିଶ୍ୱଜିତ ବର୍ମନଙ୍କୁ ଭେଟିବା ସହ ୧୪ କାଉନ୍ସିଲରଙ୍କ ସ୍ୱାକ୍ଷରିତ ଥିବା ଏକ ପତ୍ର ପ୍ରଦାନ କରି ତୁରନ୍ତ ଅନାସ୍ଥା ପ୍ରସ୍ତାବ ଆଣିବା ପାଇଁ କାଉନସିଲର ମାନଙ୍କ ଏକ ବୈଠକ ତୁରନ୍ତ ଡାକିବା ପାଇଁ ଅନୁରୋଧ କରିଛନ୍ତି। ଏହି ପତ୍ରରେ ପୌରଅଧ୍ୟକ୍ଷା ବିରୁଦ୍ଧରେ ୪ଟି ଅଭିଯୋଗ ଦର୍ଶାଇଛନ୍ତି ସମସ୍ତ କାଉନସିଲର। ସେଗୁଡିକ ହେଲା ୨୦୨୨ରେ ୨୯ ଲକ୍ଷ ଟଙ୍କାର ଫିନାଇଲ, ବ୍ଲିଚିଂ ଓ ମଶା ତେଲ କିଣାରେ ବ୍ୟାପକ ଦୁର୍ନୀତି ହୋଇଛି। ଯାହାକି କାଉନସିଲର ମାନଙ୍କ ଦ୍ୱାରା ଗଠିତ ହୋଇଥିବା ସାନିଟାରି କମିଟି ତଦନ୍ତ ବେଳେ ଏହି ସବୁ ଜିନିଷ ପୌର କାର୍ଯ୍ୟାଳୟକୁ ଆସିନଥିବା ଜାଣିବାକୁ ପାଇଥିଲେ। ଦ୍ୱିତୀୟ ରେ ମୁନସିପାଲିଟି ଧାରା ଅନୁସାରେ ମାସିକ କାଉନ୍ସିଲ ବୈଠକ ଡକାଯାଉ ନଥିବା, ତୃତୀୟରେ ନୂତନ ବସ୍‌ଷ୍ଟାଣ୍ଡ ଠାରେ ପୌର ପରିଷଦ ଦ୍ୱାରା ନିର୍ମିତ ଭେଣ୍ଡିଂ ଜୋନ ପ୍ରଦାନରେ ବ୍ୟାପକ ଆର୍ଥିକ ଅନିୟମିତତା ହୋଇଥିବା ପ୍ରକୃତ ହିତାଧିକାରୀଙ୍କୁ ନ ମିଳିଥିବା ଓ ଚତୁର୍ଥରେ ପରିଷଦ କାର୍ଯ୍ୟାଳୟରେ ବ୍ୟାପକ ଆର୍ଥିକ ଅନିୟମିତତା ଓ କ୍ଷମତାର ଅପ ବ୍ୟବହାର କରାଯାଇଥିବା କାଉନସିଲର ମାନେ ଉଲ୍ଲେଖ କରିଛନ୍ତି। ଏହି ଘଟଣା ପରେ ଉମରକୋଟରେ ରାଜନୀତି ସରଗରମ ହେଇଛି। ଘଟଣାକୁ ନେଇ ବିଜେଡି ଜିଲା ସଭାପତି ତଥା ବିଜେଡି ବିଧାୟକ ମନୋହର ରନ୍ଧାରୀଙ୍କୁ ଯୋଗାଯୋଗ କରିବାରୁ ସେ କହିଛନ୍ତି କଣ ପାଇଁ ଏହିଭଳି ପରିସ୍ଥିତି ଆସିଲା ତାକୁ ନେଇ ଅନୁଧ୍ୟାନ କରାଯିବ। ଅତିରିକ୍ତ ଜିଲାପାଳ ବିଶ୍ୱଜିତ ବର୍ମନ କହିଛନ୍ତି ପୌର ପରିଷଦର କାଉନସିଲର ମାନେ ଆସିଥିଲେ। ରିଜୋଲ୍ୟୁସନ ମାଧ୍ୟମରେ ଅନାସ୍ଥା ପାଇଁ ଦାବିପତ୍ର ଦେଇଛନ୍ତି । ନିୟମ ଅନୁଯାୟୀ, ଜିଲା ପ୍ରଶାସନ ପଦକ୍ଷେପ ନେବେ। ଜିଲ୍ଲାପାଳ ବର୍ତ୍ତମାନ ଛୁଟିରେ ଅଛନ୍ତି । ଜିଲାପାଳ କାର୍ଯ୍ୟରେ ଯୋଗ ଦେବା ପରେ ଘଟଣାକୁ ନେଇ ପଦକ୍ଷେପ ନିଆଯିବ ବୋଲି ସେ କହିଛନ୍ତି।

## ଜିଲ୍ଲାରେ ୨୧,୪୮୬ ଚାଷୀଙ୍କ ନାମ ପଞ୍ଜୀକରଣ

# ୟୁରିଆ ସାର ଅଭାବ ନେଇ ଚାଷୀ ହନ୍ତସନ୍ତ

ରାୟଗଡ଼ା,୨୬।୮ (ସମିସ): ଚଳିତ ଖରିଫ ଋତୁରେ ଧାନ ବିକ୍ରି କରିବା ପାଇଁ ଜିଲ୍ଲାର ୧୧ଗୋଟି ବ୍ଲକର ୧୪ଟି ସମବାୟ ସମିତିରେ ୨୧,୪୮୬ ଜଣ ଚାଷୀ ନିଜ ନାମ ପଞ୍ଜୀକରଣ କରିଛନ୍ତି। ଜିଲ୍ଲାର ବିଷମକଟକ ଲ୍ୟାମ୍ପସରେ ୨୮୦୨, ଚନ୍ଦ୍ରପୁରରେ ୨୮୯, ଗୁଡାରିରେ ୧୩୭୩, ଗୁଣୁପୁରରେ ୨୬୫୦, କଲ୍ୟାଣସିଙ୍ଗପୁରରେ ୧୮୯୭, କାଶୀପୁରରେ ୩୮୭, ଟିକିରିରେ ୪୬୫, କୋଲନରାରେ ୧୦୫୨, ମୁନିଗୁଡାରେ ୧୪୦୦ଜଣ ଏବଂ ଅମ୍ବାଦଳାରେ ୮୩୮, ପଦ୍ମପୁରରେ ୩୮୮୨,ରାମନାଗୁଡ଼ାରେ ୩୩୬୫,ରାୟଗଡରେ ୭୦୦ ଓ ରାୟଗଡ ଏମପିସିଏସରେ ୩୮୬ଜଣ ଙ୍କୁ ମିଶାଇ ୨୧, ୪୮୬ଜଣ ଚାଷୀ ପଞ୍ଜିକରଣ କରିଛନ୍ତ। ତେବେ ସମଗ୍ର ରାଜ୍ୟରେ ୟୁରିଆ ସାର ସଙ୍କଟ ଦେଖା ଦେଇଥିବା ବେଳେ ରାୟଗଡା ଜିଲ୍ଲାରେ ଲଘୁଚାପଜନୀତ ଲଗାଣ ବର୍ଷାରେ ଜମି ଭିଜି ଓଦା ହୋଇଥିବା ବେଳେ ରୁଆ ଯାଇଥିବା ଧାନ ଚାଷ ୟୁରିଆ ସାର ପାଇଁ ଅନାଇ ବସିଛି। ଜିଲ୍ଲାରେ ଅନେକ ଚାଷୀ ସରକାରୀ ଦରରେ ୟୁରିଆ ସାର ପାଇ ପାରୁ ନ ଥିବାରୁ ଚିନ୍ତାରେ ପଡିଛନ୍ତି। ଜିଲ୍ଲାର ବିଭିନ୍ନ ବ୍ଲକ୍‌ରେ ଥିବା ଲ୍ୟାମ୍ପ୍‌ସ ଗୁଡିକରେ ଆସିଥିବା ସାର ଗୁଡିକ ସରିଯାଇଥିବା ବେଳେ ସରକାରୀ ନିର୍ଦ୍ଧାରିତ ଦର ୨୬୭ ଟଙ୍କା ପରିବର୍ତେ ବଜାରରେ ବେସରକାରୀ ଡିଲରଙ୍କ ଠାରେ ୫ଶହରୁ ୭୦୦ଟଙ୍କା ଦେଇ କିଣିବାକୁ ବାଧ ହେଉଛନ୍ତି ଚାଷୀ। ଫଳରେ ଜିଲ୍ଲାକୁ ଆସିଥିବା ଟନ ଟନ ସାରର କାହିଁକି ଅଭାବ ଦେଖାଦେଇଛି ବୋଲି ଚାଷୀ ସଂଗଠନ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇଛି। ଜିଲ୍ଲାକୁ ଧାନ ଚାଷ ପାଇଁ ଆବଶ୍ୟକ ସାର କୃଷି ବିଭାଗର ଇଣ୍ଡେଂଟ ଅନୁସାରେ ପ୍ରତିବର୍ଷ ସାର ମିଳିଥାଏ। ଚଳିତ ବର୍ଷ କୃଷି ବିଭାଗ ପକ୍ଷରୁ ଖରିଫ ବର୍ଷରେ ଜିଲ୍ଲାରେ ୩୨୨୫୦ମେଟ୍ରିକ ଟନ ଇଣ୍ଡେଂଟ ଦିଆଯାଇଥିଲା। ଫଳରେ ଚଳିତ ଅଗଷ୍ଟ ମାସ ୨୪ତାରିଖ ସୁଦ୍ଧା ୨୪୩୭୧.୫ ମେଟ୍ରିକ ଟନ ସାର ଜିଲ୍ଲାକୁ ଆସିଛି। ସେହିପରି ମୌସୁମୀ ବର୍ଷାର ଲୁଚକାଳିରେ ଅଗଷ୍ଟ ମାସରେ ମଧ୍ୟ ଆବଶ୍ୟକ ପରିମାଣ ବୃଷ୍ଟିପାତ ହୋଇ ନ ଥିବାରୁ ଅନେକ ସ୍ଥାନରେ ଆଜି ବି ଧାନ ରୁଆ ହୋଇପାରି ନାହିଁ। ଜିଲ୍ଲାରେ ଧାନ ଚାଷକୁ ଛାଡିଲେ ଅର୍ଥକାରୀ ଲାଭ ଫସଲ ଭାବେ କପା ଓ ନୀଳଗିରି ଚାଷ ଅଧିକ ମାତ୍ରାରେ କରାଯାଉଛି। ଏହି ଚାଷ ପାଇଁ ଅନେକ ବେନାମୀ ଚାଷୀମାନେ ୟୁରିଆ ସାର ନେଇ ଯାଉଥିବା ଅଭିଯୋଗ ହେଉଛି। ଫଳରେ ଜିଲ୍ଲାରେ ସାରର କୃତ୍ରିମ ଅଭାବ ଦେଖାଦେଇଛି। ସେହିପରି ଚଳିତ ବର୍ଷ ଜିଲ୍ଲାର ବିଭିନ୍ନ ଲ୍ୟାମ୍ପସକୁ ୬୭୩୧.୫୯୦ମେଟ୍ରିକ ଟନ ୟୁରିଆ ପହଞ୍ଚିଥିବା ବେଳେ ସେଥିମଧ୍ୟରୁ ଋଣ କରିଥିବା ଚାଷୀଙ୍କୁ ୪୬୬୧.୯୩୫ମେଟ୍ରିକ ଟନ୍ ୟୁରିଆ ଦିଆଯାଇଥିବା ବେଳେ ୧୮୩୯.୬୭୫ ମେଟ୍ରିକ ଟନ ୟୁରିଆ କ୍ୟାସ୍ ନେଇ ଲ୍ୟାମ୍ପ୍‌ସରେ ଚାଷୀଙ୍କୁ ବିକ୍ରି କରାଯାଇଥିବା ଜଣାପଡିଛି। ବର୍ତମାନ ସୁଦ୍ଧା ୬୫୦୧.୬୦୦ମେଟ୍ରିକ ଟନ୍ ୟୁରିଆ ଚାଷୀଙ୍କୁ ଦିଆଯାଇଥିବା ବେଳେ ଆହୁରି ୨୩୦ ମେଟ୍ରିକ୍ ଟନ ବିଭିନ୍ନ ୟୁରିଆ ସାର ଲ୍ୟାମ୍ପ୍‌ସରେ ଥିବା ବେଳେ ୧୬୮ ମେଟ୍ରିକ ଟନ୍ ସାର ଡିଲରଙ୍କ ପାଖରେ ଥିବା ବିଭାଗୀୟ ସୂତ୍ରରୁ ଜଣାପଡିଛି। ଅର୍ଥକାରୀ ଫସଲ କପା ଓ ନୀଳଗିରି ଚାଷ ପାଇଁ ଅଧିକ ୟୁରିଆ ସାର ବ୍ୟବହାର ପାଇଁ ଚାଲି ଯାଉଥିବାରୁ ଜିଲ୍ଲାରେ ଏକ ପ୍ରକାର ଘୋର ଅଭାବ ଦେଖାଦେଇଛି ବୋଲି ବିଭାଗୀୟ ଅଧିକାରୀ କହିଛନ୍ତି। ଜିଲ୍ଲାରେ ସାରର ଅଭାବୀ ବିକ୍ରି କେଉଁ କାରଣରୁ ଉପୁଜୁଛି ତାହାର ମୂଳ କାରଣ ଖୋଜିବାକୁ ପଡିବାକୁ ଥିବା ବେଳେ ଅଫ୍‌ଲାଇନରେ ସାର ବିକ୍ରି କରାଯାଉଥିବା ବେଳେ ଅନ୍‌ଲାଇନ ପିଓଏସ ମେସିନର ଆବଶ୍ୟକତା କାହିଁକି କରାଯାଉନାହିଁ। ଫଳରେ କାଗଜ କଲମରେ ସାର ସରି ଯାଉଥିବା କୁହାଯାଉଥିବା ବେଳେ କିନ୍ତୁ ଅନଲାଇନରେ ସାର ଗଚ୍ଛିତ ଥିବା ବିଭାଗ ପକ୍ଷରୁ କୁହାଯାଉଛି। ଏଥିରେ ଲ୍ୟାମ୍ପ୍‌ସ ସ୍ତରରେ ଯେଉଁ ଅବ୍ୟବସ୍ଥା ରହୁଛି, ତାହାର ସମାଧାନ ଯଦି ସରକାରୀ ସ୍ତରରେ ବିଭାଗୀୟ ଅଧିକାରୀମାନେ ଧ୍ୟାନ ଦିଅନ୍ତେ ତେବେ ଏଭଳି କୃତ୍ରିମ ଅଭାବ ରହିବ ନାହିଁ ବୋଲି ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ସଭ୍ୟ ସୁମନ୍ତ ମହାରଣା ଅଭିଯୋଗ କରିଛନ୍ତି। ଏ ନେଇ ସେ ଜିଲ୍ଲାପାଳଙ୍କ ଦୃଷ୍ଟି ଆର୍କର୍ଷଣ କରିଥିବା କହିଛନ୍ତି। ଅପରପକ୍ଷେ ଚାଷୀଙ୍କୁ ଉପଯୁକ୍ତ ସାର ପ୍ରଦାନରେ ଜିଲ୍ଲା କୃଷି ବିଭାଗ ସକ୍ଷମ ହୋଇ ପାରୁ ନ ଥିବା ଚାଷୀ ସଂଗଠନମାନେ ଅଭିଯୋଗ କରୁଥିବା ବେଳେ ଆଗାମୀ ଦୁଇ ଦିନ ମଧ୍ୟରେ ଜିଲ୍ଲାକୁ ଆହୁରି ୧୫୦୦ ମେଟ୍ରିକ ଟନ ସାର ପହଞ୍ଚିବ। ଯଦ୍ୱାରା ସାରର ଅଭାବ ରହିବ ନାହିଁ ବୋଲି ଭାରପ୍ରାପ୍ତ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଶେଖ ଏହାସନ ପ୍ରକାଶ କରିଛନ୍ତି।

# ଗଣେଶ ପୂଜା ପାଇଁ କୋରାପୁଟ ସହର ଚଳଚଞ୍ଚଳ

କୋରାପୁଟ,୨୬।୮ (ସମିସ): ଆସନ୍ତାକାଲି (ବୁଧବାର) ଧରାପୃଷ୍ଠକୁ ବିରାଜମାନ କରିବେ ବିଘ୍ନ ବିନାଶକ ଶ୍ରୀଗଣେଶ। ଏଥିପାଇଁ ଚଳଚଞ୍ଚଳ ହୋଇଉଠିଛି କୋରାପୁଟ ସହର। ଗଣେଶ ପୂଜା ପ୍ରସ୍ତୁତି ଜୋରଦାର ଚାଲିଛି। ଚିକମିକ୍ ଆଲୁଅରେ ଝଲସିବ ଗାଁଠୁ ସହର। ଉତ୍ସବମୁଖର ହୋଇ ଉଠିବ ପରିବେଶ। ସହରର ବିଭିନ୍ନ ସାହିରେ ମୂର୍ତ୍ତି ପ୍ରସ୍ତୁତ କରିବାରେ ଦିନ ରାତି ଏକ କରି ଦେଇଥିବା କାରିଗରମାନେ ଏବେ ମୂର୍ତ୍ତୀରେ ଶେଷ ସ୍ପର୍ଶ ଦେଉଛନ୍ତି। ଏହାଛଡା ଗାଁ ଗଣ୍ଡା ଓ ସହରର ଗଳି କନ୍ଦିରେ ବିଘ୍ନ ବିନାଶକଙ୍କ ପୂଜା ପାଇଁ ପ୍ରସ୍ତୁତି ଜୋରଦାର ଚାଲିଛି। ଘରେ ପୂଜା କରିବା ପାଇଁ ମାଟିର ଛୋଟ ମୂର୍ତ୍ତିଠାରୁ ଆରମ୍ଭ କରି ପ୍ଲାଷ୍ଟର ଅଫ୍ ପ୍ୟାରିସରେ ତିଆରି ହୋଇଛି ବିଘ୍ନ ବିନାଶକଙ୍କ ବିଶାଳକାୟ ପ୍ରତିମୂର୍ତ୍ତି। ମୂର୍ତ୍ତି କିଣିବାକୁ ଦୋକାନରେ ଗ୍ରାହକଙ୍କ ଭିଡ ଲାଗିଛି। କୋରାପୁଟରେ ଗଣେଶ ପୂଜା ପ୍ରସ୍ତୁତି ଜୋରଦାର ହୋଇଛି।""ଗଣେଷ ପୂଜା ଉତ୍ସବ ଘରେ, ବିଦ୍ୟାଳୟରେ ଓ ସାହିର ଛକ ଜାଗାରେ ଗଣପତି ପୂଜା ପାଇବେ। କିନ୍ତୁ ପୂର୍ବେ ଗଣେଶ ପୂଜା ଆୟୋଜନ କରିବା ସମୟରେ ମିଳୁଥିବା ଆନନ୍ଦ କ୍ରମେ କମିବାରେ ଲାଗୁଥିବା ଶିଳ୍ପୀ ଆଶଙ୍କା କରିଛନ୍ତି। ନିଜ ଛାତ୍ର ଜୀବନରେ ବିଦ୍ୟାଳୟରେ ଅନୁଷ୍ଠିତ ହେଉଥିବା ଗଣେଶ ପୂଜାରେ ଗଣେଶ ମୂର୍ତ୍ତି ତିଆରି କରିଥିବା ଶିଳ୍ପୀ ଶ୍ରୀ ରଣାଙ୍କ ମତରେ, ଗଣେଶ ପୂଜା କେବଳ ଏକ ପୂଜା ନୁହେଁ ବରଂ ଏକ ସାମୂହିକ ଯଜ୍ଞ। ବିଦ୍ୟାଳୟରେ ଗଣେଶ ପୂଜା କରିବା ପାଇଁ ଛାତ୍ରଛାତ୍ରୀ ପରସ୍ପର ମଧ୍ୟରେ ସୁସମ୍ପର୍କ ରଖି ଯୋଜନା କରୁଥିଲେ। ପୂଜା ସୁରୁଖୁରୁରେ ତୁଲାଇବାକୁ ଦାୟିତ୍ୱ ନିଅନ୍ତି। ପୂର୍ବେ ବିଦ୍ୟାଳୟରେ ପିଲାଏ ନିଜେ ମୂର୍ତ୍ତି ନିର୍ମାଣ କରୁଥିବା ଯୋଗୁଁ ମାଟି ଆଣିବା ଠାରୁ ଆରମ୍ଭ କରି ମୂର୍ତ୍ତିରେ ରଙ୍ଗ ଭରିବା ଯାଏଁ ଏକ ଅପୂର୍ବ ଆନନ୍ଦ ପାଉଥିଲେ। କିନ୍ତୁ ବର୍ତ୍ତମାନ ବଜାରରୁ ତିଆରି ହୋଇଯାଇଥିବା ମୂର୍ତ୍ତି କିଣି ପୂଜା କରୁଥିବା ଯୋଗୁଁ ଆଜିର ଛାତ୍ରଛାତ୍ରୀ ସେହି ଅନନ୍ୟ ଆନନ୍ଦ ପାଇବାରୁ ବଞ୍ଚିତ ହେଉଥିବା କହିଛନ୍ତି ଶିଳ୍ପୀ। ବର୍ତ୍ତମାନ କୋରାପୁଟ ବଜାରରେ ମିଳୁଥିବା ଗଣେଶ ମୂର୍ତ୍ତିରୁ ଅଧିକାଂଶ ଆନ୍ଧ୍ର ପ୍ରଦେଶରୁ ଅଣାଯାଇଥିବା ବେଳେ କୋରାପୁଟରେ ମୂର୍ତ୍ତି ତିଆରି କରିବା ପାଇଁ ଚିକିଟା ମାଟି ମିଳୁନାହିଁ। ଫଳରେ ବାହାର ବଜାରରୁ ଆସିଥିବା ପ୍ଲାଷ୍ଟର ଅଫ୍ ପ୍ୟାରିସରେ ନିର୍ମିତ ମୂର୍ତ୍ତି କିଣିବା ପାଇଁ ସମସ୍ତେ ବାଧ ହେଉଛନ୍ତି। କୋରାପୁଟ ସହରର ପୂଜା ମଣ୍ଡପ ଗୁଡିକରେ ବିଭିନ୍ନ ରକମର ମୂର୍ତ୍ତିର ଆକର୍ଷଣୀୟ ରହିବା ଜଣାପଡୁଛି।ଛୋଟ ଛୋଟ ମୂର୍ତ୍ତି ପ୍ରସ୍ତୁତ କରୁଥିବା କାରିଗର ଚଳିତ ବର୍ଷ ଉଚ୍ଚତା ବିଶିଷ୍ଟ ଗଜାନନଙ୍କ ମୂର୍ତ୍ତି ନିର୍ମାଣ କରି ବେଶ ଦୁଇ ପଇସା ରୋଜଗାର କରିପାରିଛନ୍ତି। ପାଞ୍ଚରୁ ସାତ ପ୍ରକାର ମାଟିକୁ ମିଶ୍ରଣ କରିବା ସହ ନଡ଼ା, ସୁତୁଲି, ରାସାୟନିକ ରଙ୍ଗବଦଳରେ ଆପୁଚି ଅଠା, ଖଡି କଲର ବ୍ୟବହାର କରି ବଡ଼ବଡ଼ ମୂର୍ତ୍ତି ନିର୍ମାଣ କରୁଛନ୍ତି। ଏହାଛଡା ଗଣେଶ ପୂଜା ନିମନ୍ତେ ଭୋଗ କ୍ରୟ କରିବା ପାଇଁ ସହରରେ ବିଭିନ୍ନ ଫଳ ଦୋକାନରେ ଭିଡ ଲାଗିଛି। ଭୋଗ କିଣିବା ପାଇଁ ପିଲାଙ୍କ ଠାରୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ଲୋକ ମାନଙ୍କର ଭିଡ ଦେଖାଦେଇଛି।

# ଲଗାଣ ବର୍ଷା, ଜଳଭଣ୍ଡାର ଗେଟ୍ ଖୋଲିଲା

ଲମତାପୁଟ,୨୬।୮ (ସମିସ): ଲମତାପୁଟରେ ବର୍ଷା ଲାଗି ରହିଛି । ବର୍ଷା ଯୋଗୁଁ ଜଳ ଭଣ୍ଡାରରେ ଜଳସ୍ତର ବଢ଼ିବାରେ ଲାଗିଛି। ଜଳ ଭଣ୍ଡାରର ସୁରକ୍ଷାକୁ ଦୃଷ୍ଟିରେ ରଖି ବିଭାଗୀୟ ଅଧିକାରୀ ୨ଟି ଜଳ ଭଣ୍ଡାରରୁ ଚାରଟି ଗେଟ ଖୋଲିଛନ୍ତି । ଜଳାପୁଟ ମୁଖ୍ୟ ଜଳ ଭଣ୍ଡାରର ବିପଦ ସଂକେତ ୨୭୫୦ ଫୁଟ ରହିଥିବା ବେଳେ ବର୍ତମାନ ୨୭୪୮.୧୫ ଫୁଟ ଜଳସ୍ତର ରହିଛି । ଡ୍ୟାମର ୫,୬ ନମ୍ବର ଗେଟ ଖୋଲାଯାଇ ୧୦ ହଜାର କ୍ୟୁସେକ ଜଳ ମାଛକୁଣ୍ଡ ଡି ଡ୍ୟାମକୁ ଛଡ଼ାଯାଇଛି। ସେହିଭଳି ମାଛକୁଣ୍ଡ ଡି ଡ୍ୟାମରେ ମଧ୍ୟ ଜଳସ୍ତର ବଢିବାରୁ ବିଭାଗୀୟ ଅଧିକାରୀ ଡି ଡ୍ୟାମର ୬ ଏବଂ ୭ ନମ୍ବର ଗେଟକୁ ଖୋଲିଛନ୍ତି । ଡି ଡ୍ୟାମର ବିପଦ ୨୫୯୦ ଫୁଟ ରହିଥିବା ବେଳେ ବର୍ତମାନ ୨୫୮୭ ଫୁଟ ଛୁଇଁବା ପରେ ମାଛକୁଣ୍ଡ ଡି ଡ୍ୟାମରୁ ମଧ୍ୟ ୨ଟି ଗେଟ ଖୋଲାଯାଇ ପ୍ରତି ସେକେଣ୍ଡରେ ୬ ହଜାର କ୍ୟୁସେକ ଜଳ ନିଷ୍କାସିତ କରାଯାଉଛି।

# ବନ ବିଭାଗର ଚଢ଼ଉ, ୨ ଗିରଫ



ରାଇଘର୨୬।୮ (ସମିସ): ନବରଙ୍ଗପୁର ଜିଲ୍ଲା ରାଇଘର ବ୍ଲକ ଅନ୍ତର୍ଗତ ସୋନପୁର ଗ୍ରାମରେ ବନ ବିଭାଗ ଦ୍ୱାରା ଛାନ୍‌ଭିନ କରାଯାଇଥିବା ସୂଚନା ମିଳିଛି। ଗତ ଜାନୁଆରୀ ମାସରେ ଲକ୍ଷ ଲକ୍ଷ ଟଙ୍କାର କାଠ ସାମଗ୍ରୀ ଜବତ ହୋଇଥିଲା। ବର୍ତ୍ତମାନ ନବରଙ୍ଗପୁର ଡିଏଫ୍‌ଓଙ୍କ ନିର୍ଦ୍ଦେଶ କର୍ମେ ସୋନପୁର ଗ୍ରାମରେ ନବରଙ୍ଗପୁର ବନ ବିଭାଗ ଏବଂ ଛତିଶଗଡ଼ ବନ ବିଭାଗଙ୍କ ଉଦ୍ୟମରେ ସୋନପୁର ଗ୍ରାମରେ ଚଢ଼ଉ କରାଯାଉଥିବା ସୂଚନା ମିଳିଛି। ଏହି ଛାନ୍‌ଭିନରେ ନବରଙ୍ଗପୁର ଜିଲ୍ଲାର ବନ ବିଭାଗ ଓ ଛତିଶଗଡ଼ ବନ ବିଭାଗ ସାମିଲ ହୋଇଥିଲେ। ଯାହା ଫଳରେ କିଛି ଦିନ ପାଇଁ ସ୍ଥାନୀୟ କାଠ ମାଫିଆ ମାନଙ୍କ ମଧ୍ୟରେ କୋକୁଆ ଭୟ ସୃଷ୍ଟି ହୋଇଥିଲା। ସୋନପୁର ଗ୍ରାମରେ ବନ ବିଭାଗ ପକ୍ଷରୁ ଘର ଘର ବୁଲି ଛାନ୍‌ଭିନ ପରେ ଭୟର ବାତାବରଣ ଦେଖିବାକୁ ମିଳିଛି। ଖବର ସଂଗ୍ରହ ବେଳେ କାହାଠାରୁ କଣ ମିଳିଛି ତାହା ସ୍ପଷ୍ଟ ହୋଇନାହିଁ। ନବରଙ୍ଗପୁର ଓ ଛତିଶଗଡ଼ ବନ ବିଭାଗ କର୍ମଚାରୀ ଏଥିରେ ସାମିଲ ଥିଲେ।

# ଗୋପବନ୍ଧୁ ସାମ୍ବାଦିକ ସ୍ୱାସ୍ଥ୍ୟବୀମା ଯୋଜନା ଆବେଦନ ତାରିଖ ବୃଦ୍ଧି

ନବରଙ୍ଗପୁର,୨୬।୮ (ସମିସ): ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ଗୋପବନ୍ଧୁ ସାମ୍ବାଦିକ ସ୍ୱାସ୍ଥ୍ୟବୀମା ଯୋଜନାର ଆବେଦନ ତାରିଖକୁ ବୃଦ୍ଧି କରାଯାଇଛି। ଏନେଇ ନବରଙ୍ଗପୁର ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ସୂଚନା ମିଳିଛି। ପୂର୍ବରୁ ଏହି ଆବେଦନର ଶେଷ ତାରିଖ ଅଗଷ୍ଟ ୨୫ ତାରିଖ ରହିଥିଲା। କିନ୍ତୁ ପରବର୍ତ୍ତୀ ସମୟରେ ସାମ୍ବାଦିକ ମାନଙ୍କ ଅନୁରୋଧ ରକ୍ଷା କରି ରାଜ୍ୟ ସରକାର ଏହି ଆବେଦନର ଶେଷ ତାରିଖକୁ ଅଗଷ୍ଟ ୩୦ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରିଛନ୍ତି। ଚଳିତ ବର୍ଷ ମଧ୍ୟ ଉଭୟ ନୂତନ ଏବଂ ନବୀକରଣ ନିମନ୍ତେ ସାମ୍ବାଦିକ ମାନଙ୍କ ଠାରୁ ଅନ୍‌ଲାଇନ୍ ମାଧ୍ୟମରେ ଆବେଦନ ଗ୍ରହଣ କରାଯାଉଥିବା ନବରଙ୍ଗପୁର ଜିଲ୍ଲା ସୂଚନା ଓ ଲୋକସଂପର୍କ ବିଭାଗ ଅଧିକାରୀ ମନୋଜ କୁମାର ବେହେରା ପ୍ରେସ ବିଜ୍ଞପ୍ତି ମାଧ୍ୟମରେ ସୂଚନା ଦେଇଛନ୍ତି।

# ଲଘୁଚାପ ପ୍ରଭାବରେ ୨୪ ଘଣ୍ଟାରେ ୪୭୨ ମିମି ବର୍ଷା

କୋରାପୁଟ,୨୬।୮ (ସମିସ): ଲଘୁଚାପ ପ୍ରଭାବରେ କୋରାପୁଟ ଜିଲ୍ଲାରେ ପ୍ରବଳ ବର୍ଷା ହୋଇଥିବାବେଳେ ଜନଜୀବନ ସମ୍ପୂର୍ଣ୍ଣ ପ୍ରଭାବିତ ହୋଇଥିବା ଦେଖିବାକୁ ମିଳିଛି। ଗତ ୨୪ ଘଣ୍ଟାରେ ଜିଲ୍ଲାରେ ୪୭୨.୨ ମିମି ବର୍ଷା ପାଣିପାଗ ବିଭାଗ ରେକର୍ଡ କରିଥିବାବେଳେ ଲମତାପୁଟ ବ୍ଲକରେ ସର୍ବାଧିକ ୧୦୨.୨ ମିମି ବର୍ଷା ହୋଇଥିବା ଜଣାପଡ଼ିଛି। ସେହିପରି କୋରାପୁଟ ବ୍ଲକରେ ୨୨.୮ ମିମି ବର୍ଷା ହୋଇଥିବା ବେଳେ ପଟ୍ଟାଙ୍ଗିରେ ୨୨.୨, ବନ୍ଧୁଗାଁରେ ୧୩.୪, ନନ୍ଦପୁରରେ ୭, ଦଶମନ୍ତପୁରରେ ୩୦ ମିମି ବର୍ଷା ହୋଇଛି। ଅନ୍ୟ ପକ୍ଷରେ ନାରାୟଣପାଟଣା ବ୍ଲକରେ ୧୬.୨ ମିମି ବର୍ଷା ହୋଇଥିବା ବେଳେ ଲକ୍ଷ୍ମୀପୁରରେ ୨୯.୨,ସେମିଳିଗୁଡାରେ ୩୮, ଜୟପୁରରେ ୧୮, କୁନ୍ଦୁରାରେ ୧୯.୬, ବୋରିଗୁମ୍ମାରେ ୧୪.୬ ଏବଂ ବୈପାରିଗୁଡ଼ା ବ୍ଲକରେ ୧୪୨ ମିମି ବର୍ଷା ହୋଇଛି।

# 'ଇନୋଭେସନ୍ ଏଣ୍ଡ ଷ୍ଟାର୍ଟଅପ୍' କାର୍ଯ୍ୟକ୍ରମ

ପଟ୍ଟାଙ୍ଗି,୨୬।୮ (ସମିସ): ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ନିର୍ଦ୍ଦେଶ କ୍ରମେ ଗାଙ୍ଗେଶ୍ୱରୀ ସ୍ନାତକ ମହାବିଦ୍ୟାଳୟରେ ଇନୋଭେସନ୍ ଏବଂ ଷ୍ଟାର୍ଟପ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପଟ୍ଟାଙ୍ଗି ତହସିଲଦାର ଦେବେନ୍ଦ୍ର ବାହାଦୁର ସିଂ ଧାରୁଆ ଯୋଗ ଦେଇଥିଲେ। ସେ ନିଜ ଅଭିଭାଷଣରେ ଛାତ୍ରଛାତ୍ରୀମାନଙ୍କୁ ସ୍ୱାବଲମ୍ବୀ ହେବା ପାଇଁ ଉତ୍ସାହିତ କରିଥିଲେ। ଗାଙ୍ଗେଶ୍ୱରୀ ସ୍ନାତକ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ଜଗ୍ନେଶ୍ୱର ସାହୁଙ୍କ ଅଧ୍ୟକ୍ଷତା ଉଦ୍‌ଯାପନୀ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ସେ ଛାତ୍ରଛାତ୍ରୀ ମାନଙ୍କୁ ସ୍ନାତକ ଶିକ୍ଷା ସମାପ୍ତ ପରେ କିପରି ସଫଳ ଉଦ୍ୟୋଗୀ ଓ ସ୍ୱାବଲମ୍ବୀ ହୋଇପାରିବେ ସେ ସମ୍ପର୍କରେ ବୁଝାଇଥିଲେ। ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀମାନେ ଆଗାମୀ ଦିନରେ ବିଶ୍ୱବିଦ୍ୟାଳୟ ସ୍ତରୀୟ ପ୍ରତିଯୋଗିତାରେ ଭାଗନେବେ ବୋଲି ଅଧ୍ୟକ୍ଷ କହିଛନ୍ତି। ଅଧ୍ୟାପକ ଅମିୟ କୁମାର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଛାତ୍ରଛାତ୍ରୀମାନେ ପ୍ରୋଜେକ୍ଟ ଦସ୍ତାବିଜ ପ୍ରସ୍ତୁତ କରିଥିଲେ। କୃତୀ ପ୍ରତିଯୋଗୀଙ୍କୁ ମହାବିଦ୍ୟାଳୟ ପକ୍ଷରୁ ମାନପତ୍ର ଓ ସ୍ମୃତି ଚିହ୍ନ ଦେଇ ପୁରସ୍କୃତ କରାଯାଇଥିଲା। ଅଧ୍ୟାପିକା ଅବନୀ ମହାରଣା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ଲଗାଣ ବର୍ଷା, ରାସ୍ତା ଉପରେ ଜଳସ୍ରୋତ



ଲମତାପୁଟ,୨୬।୮ (ସମିସ): ୨୪ ଘଣ୍ଟା ଲଗାଣ ବର୍ଷାରେ ଲମତାପୁଟ ବେହାଲ। ପାହାଡିଆ ପାଣି ଆସି ଦୋକାନ ଏବଂ ଘର ଭିତରେ ୩ରୁ ୪ଫୁଟ ପଶି ଯିବାରୁ ଜନଜୀବନ ଅସ୍ତବ୍ୟସ୍ତ ହୋଇଛି। ସ୍ଥାନୀୟ ବାସିନ୍ଦା ଅଗ୍ନିଶମ ବିଭାଗକୁ ଖବର ଦେବା ପରେ ଘର ଭିତରେ ପାଣି ଯୋଗୁଁ ଫସି ରହିଥିବା ୩ ଜଣଙ୍କୁ ଉଦ୍ଧାର କରାଯାଇଛି। ବ୍ଲକ ପ୍ରଶାସନକୁ ଖବର ଦେବା ପରେ ଘଟଣା ସ୍ଥଳରେ ଜେସିବି ପହଞ୍ଚିଥିଲା। ଜେସିବି ମାଧ୍ୟମରେ ପାଣି ନିଷ୍କାସନ କରାଯାଇଥିଲା। ଲମତାପୁଟ ବ୍ଲକ ଅଗ୍ନିଶମ ବାହିନୀ ଏବଂ ବ୍ଲକ ପ୍ରଶାସନର ମିଳିତ ପ୍ରୟାସରେ ସେହି ସ୍ଥାନରୁ ଜଳ ନିଷ୍କାସନ ହୋଇପାରିଥିଲା। ଜୟପୁର ଲମତାପୁଟ ମୁଖ୍ୟ ରାସ୍ତା ଉପରେ ଦୁଇଫୁଟ ପାଣିର ସୁଅ ଦେଖିବାକୁ ମିଳିଥିଲା। ରାସ୍ତା କଡରେ ଥିବା ଧାନ ଚାଷ ଜମିରେ ପ୍ରଖର ସ୍ରୋତରେ ପାଣି ମାଡିଯାଇ ଚାଷ ସମ୍ପୂର୍ଣ ନଷ୍ଟ ହୋଇଛି। ବର୍ଷା ଆହୁରି ଲାଗି ରହିଲେ ଅଞ୍ଚଳରେ ପନିପରିବା ଚାଷ ସମ୍ପୂର୍ଣ ନଷ୍ଟ ହୋଇଯିବା ଆଶଙ୍କା ରହିଛି।

# ବର୍ଷା ଯୋଗୁଁ ଟ୍ରେନ୍ ବାତିଲ

କୋରାପୁଟ,୨୬।୮ (ସମିସ): ଗତ କିଛି ଦିନର ଲଗାଣ ବର୍ଷା ଏବଂ ଭାରତୀୟ ପାଣିପାଗ ବିଭାଗ ଦ୍ୱାରା ରେଡ୍ ଆଲର୍ଟ ଜାରି କରା ଯାଇଥିବାରୁ ବୁଧବାର ବିଶାଖାପାଟଣା ଠାରୁ କିରଣ୍ଡୁଲ ଯିବାକୁ ଥିବା ପାସେଞ୍ଜର ଟ୍ରେନକୁ ଆଜି ବାତିଲ କରାଯାଇଛି । ରେଳବାଇ ସୂତ୍ରରୁ ଜାରି ସୂଚନା ଅନୁଯାୟୀ ବୁଧବାର କିରଣ୍ଡୁଲ ଯିବାକୁ ଥିବା ଟ୍ରେନ ବିଶାଖାପାଟଣାଠାରୁ ବାହାରି ଆରୁକୁ ପର୍ଯ୍ୟନ୍ତ ଯିବ ଓ ପୁଣି ବିଶାଖାପାଟଣା ଫେରିଯିବ। ବୁଧବାର ଆରକୁ ଠାରୁ କିରଣ୍ଡୁଲ ଟ୍ରେନ୍ ବାତିଲ କରାଯାଇଛି।

# ସାର କଳାବଜାର ନେଇ ମୁହଁ ଖୋଲିଲେ ବିଧାୟକ

ଜୟପୁର, ୨୬।୮ (ସମିସ): କୋରାପୁଟ ଜିଲ୍ଲା ଜୟପୁର ଠାରେ ଆଜି ସଂଧ୍ୟାରେ ଏକ ସାମ୍ବାଦିକ ସମ୍ମିଳନୀରେ ଜିଲ୍ଲାରେ ସାରର କଳାବଜାରୀକୁ ନେଇ ବିଧାୟକ ତାରା ପ୍ରସାଦ ବାହିନୀପତି ମୁହଁ ଖୋଲିଛନ୍ତି। ଜିଲ୍ଲାରେ ଚାଷୀ ଚାଷ କାର୍ଯ୍ୟ ଜୋରଦାର ଚଳାଇଥିବା ବେଳେ ଜିଲ୍ଲାରେ



ସାରର କୃତ୍ରିମ ଅଭାବ ସୃଷ୍ଟି କରି କଳାବଜାର କରାଯାଉଛି। ରବିବାର ସୁଦ୍ଧା ଜିଲ୍ଲାରେ ଦୁଇଟି କର୍ମାନୀର ୩ହଜାର ୬ଶହ ମ୍ୟାଟ୍ରିକ ଟନ ସାର ମାଲବାହୀ ଟ୍ରେନ ଯୋଗେ ପହଞ୍ଚିବ। କୌଣସି ଚାଷୀଙ୍କୁ ସାର ପାଇଁ ଚିନ୍ତିତ ହେବାରୁ ଦିଆଯିବ ନାହିଁ। ଏହିପରି ରାଜ୍ୟ ସରକାଙ୍କ ନିକଟରୁ ଆବଶ୍ୟକ ସାର ନେଇ ଏକ ବିସ୍ତୃତ ରିପୋର୍ଟ ପ୍ରଦାନ କରାଯାଇଛି ଏବଂ ନିଜେ ବିଧାୟକ ରାଜ୍ୟର କୃଷିମନ୍ତ୍ରୀଙ୍କୁ ଜିଲ୍ଲାରେ ଚାଷୀ ମାନଙ୍କୁ ଆବଶ୍ୟକ ସାର ଯୋଗାଇ ଦେବାକୁ ଅନୁରୋଧ କରିଛନ୍ତି। ଏହିପରି ଆବଶ୍ୟକ ସ୍ଥଳେ ରାଜ୍ୟ ମୁଖ୍ୟମନ୍ତ୍ରୀଙ୍କ ସହ ଆଲୋଚନା କରିବାକୁ ସେ ପ୍ରସ୍ତୁତ ଏବଂ ଚାଷୀଙ୍କ ପଛରେ ସେ ରହିଛନ୍ତି ବୋଲି ବିଧାୟକ ଶ୍ରୀ ବାହିନୀପତି କହିଛନ୍ତି। ସେହିପରି କଳାବଜାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଏବଂ ନକଲି ପଟାସ ଗୁଡିକର ନମୁନା ସଂଗ୍ରହ କରାଯାଇ ଯାଞ୍ଚ କରାଯିବ ଏବଂ କୋଟପାଡର ମଧ୍ୟ ଯାଞ୍ଚ ପାଇଁ ପଠାଯାଇଛି। ଏହାର ରିପୋର୍ଟ ମିଳିବା ପରେ ଦୃଢ ପଦକ୍ଷପ ଗ୍ରହଣ କରିବାକୁ ବିଧାୟକ ରାଜ୍ୟ ସରକାରଙ୍କ ନିକଟରେ ଦାବି କରିବେ ବୋଲି ପ୍ରତିଶୃତି ଦେଇଛନ୍ତି। ଏହି ଅବସରରେ ବରିଷ୍ଠ ନେତା ନିହାର ବିଶୋୟ, ବସନ୍ତ ନାୟକ, ଗିରିଶ ପାଣିଗ୍ରାହୀ ଏବଂ ତ୍ରୀପତି ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

## ବାଇପାସ ରାସ୍ତାର ନୂଆ ଆଲାଇନ୍‌ମେଣ୍ଟ ଅନୁମୋଦିତ

# ପଡେଇଗୁଡାରୁ ଭବାନୀନଗର ପର୍ଯ୍ୟନ୍ତ ହେବ ବାଇପାସ୍

କୋରାପୁଟ,୨୬।୮ (ସମିସ):



ପୂର୍ବରୁ ଅନୁମୋଦିତ ହୋଇଥିବା କୋରାପୁଟ ବାଇପାସର ଆଲାଇନମେଣ୍ଟକୁ ପରିବର୍ତ୍ତନ କରାଯାଇ ନୂତନ ଆଲାଇନମେଣ୍ଟ ଅନୁମୋଦନ କରାଯାଇଛି। ପୂର୍ବରୁ କୋରାପୁଟ ଜୟପୁର ୨୬ ନଂ ଜାତୀୟ ରାଜପଥର ପଡେଇଗୁଡ଼ା ଛକରୁ ବାଇପାସ ଆରମ୍ଭ ହୋଇ ମାଛରା, ଉମୁରୀ, ଛପର ,କୋରାପୁଟ ପୌର ପରିଷଦ ଅନ୍ତର୍ଗତ ରଙ୍ଗବାଲିକୁମ୍ଭା, ଡାଙ୍ଗଦେଉଲା, ଲାଣ୍ଡିଗୁଡ଼ା ଦେଇ ଡୁରୁଗୁଡା ପର୍ଯ୍ୟନ୍ତ ଆଲାଇନମେଣ୍ଟ ଥିଲା। କିନ୍ତୁ ପୁରୁଣା ଆଲାଇନ୍‌ମେଣ୍ଟରେ କୋଲାବ ଜଳଭଣ୍ଡାର ପଡୁଥିବାରୁ ବୈଷୟିକ ଦଳ ଏହାକୁ ମନା କରିଦେଇଥିବା କୋରାପୁଟ ବିଧାୟକ ରଘୁରାମ ମାଛ କହିଛନ୍ତି। ବର୍ତ୍ତମାନ ପଡେଇଗୁଡ଼ାରୁ ମାନବର, ରେଲିକୁମ୍ଭା,ଚିନ୍ଦ୍ରୀ ଦେଇ ଭବାନୀନଗର ପର୍ଯ୍ୟନ୍ତ ନୂତନ ବାଇପାସ ଆଲାଇନମେଣ୍ଟ ରାସ୍ତା ସର୍ଭେ କରାଯାଇ ଏହାକୁ ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଅନୁମୋଦିତ କରାଯାଇଛି। ନୂତନ ପ୍ରସ୍ତାବିତ ଆଲାଇନମେଣ୍ଟକୁ କେନ୍ଦ୍ର ସରକାରଙ୍କ ନିକଟକୁ ପଠାଯିବ। ଏହା ଅନୁମୋଦିତ ହେବା ପରେ ଡିପିଆର ପ୍ରସ୍ତୁତ କରାଯିବ ବୋଲି କୋରାପୁଟ ବିଧାୟକ ରଘୁରାମ ମାଛ କହିଛନ୍ତି। ବିଧାୟକ ରଘୁରାମ ମାଛଙ୍କ ସହ କୋରାପୁଟ ପୌର ପରିଷଦ ଅଧ୍ୟକ୍ଷ ଲଲାଟ ରଞ୍ଜନ ସେଠୀ, କୋରାପୁଟ ବ୍ଲକ ଅଧ୍ୟକ୍ଷା ନମିତା ମାଝୀ, ସାଂସଦଙ୍କ ପ୍ରତିନିଧି ମନୋଜ ଆଚାର୍ଯ୍ୟ, ଅତିରିକ୍ତ ଜିଲ୍ଲାପାଳ ଭକ୍ତବନ୍ଧୁ ଜନାର୍ଦ୍ଦନ ଦଳେଇ,ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବେଣୁଧର ଶବର,କୋରାପୁଟ ଉପ ଜିଲ୍ଲାପାଳ ପ୍ରେମଲାଲ ହିଆଲ, କୋରାପୁଟ ତହସିଲଦାର ସୟଦ ସବିର ସାହା,କୋରାପୁଟ ପୌର ପରିଷଦ ଅଧିକାରୀ ଜ୍ଞାନଜିତ ତ୍ରୀପାଠୀ,ଜାତୀୟ ରାଜପଥ ନିର୍ବାହୀ ଯନ୍ତ୍ରୀ ସୋମର୍ଜିନୀ ସେଠୀ ପ୍ରମୁଖ ଉପସ୍ଥିତ ଥିଲେ।

# କଂଗ୍ରେସର ବ୍ଲକ୍‌ସ୍ତରୀୟ କର୍ମୀ ସମ୍ମିଳନୀ



ଚନ୍ଦ୍ରପୁର,୨୬।୮ (ସମିସ): ଚନ୍ଦ୍ରପୁର ମା' ଝାଲିଆ କମ୍ୟୁନିଟ୍ ହଲରେ କଂଗ୍ରେସ ଦଳର ବ୍ଲକସ୍ତରୀୟ କର୍ମୀ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। କର୍ମୀ ସମ୍ମିଳନୀରେ ଗୁଣୁପୁର ବିଧାୟକ ସତ୍ୟଜିତ ଗମାଙ୍ଗ ଯୋଗଦେଇ ଚନ୍ଦ୍ରପୁର ବ୍ଲକରେ ଦଳୀୟ ସଂଗଠନ କିଭଳି ସୁଦୃଢ ହୋଇ ପାରିବ ସେ ନେଇ ସ୍ଥାନୀୟ ନେତା ଓ କର୍ମୀ ମାନଙ୍କ ସହ ଆଲୋଚନା କରିଥିଲେ। ସମସ୍ତ ଗାଁକୁ ଯାଇ ଲୋକ ମାନଙ୍କ ମୌଳିକ ସମସ୍ୟା ଶିକ୍ଷା, ସ୍ୱାସ୍ଥ୍ୟ, ରାସ୍ତା ଘାଟ ନିର୍ମାଣ, ପାନୀୟ ଜଳ ସମସ୍ୟା ଭଳି ଅନେକ ସମସ୍ୟା ବୁଝି ସମାଧାନ କରିବା ପାଇଁ ଗୁରୁତ୍ୱ ଦେବେ ବୋଲି ବିଧାୟକ କହିଥିଲେ। ଆଗକୁ ପଞ୍ଚାୟତ ନିର୍ବାଚନ ଆସୁଛି। ପ୍ରତି ପଞ୍ଚାୟତରେ ଜଣେ ଲେଖାଏଁ ପଞ୍ଚାୟତ ସଭାପତି ମନୋନୀତ କରାଯାଇ, ସେ ପଞ୍ଚାୟତ ସ୍ତରୀୟ ସମସ୍ୟା ସମ୍ପର୍କରେ ବ୍ଲକ ସଭାପତିଙ୍କୁ ଅବଗତ କରାଇବେ ବୋଲି ବିଧାୟକ କହି ଥିଲେ। ପୋଲିସ୍ ଥାନା , ମେଡିକାଲ, ତହସିଲ ଅଫିସ୍‌ରେ ଲୋକ ମାନଙ୍କ ଅସୁବିଧା ସୁବିଧା ବିଷୟରେ ବୁଝିବା ପାଇଁ ଜଣେ ଲେଖାଏଁ ବ୍ୟକ୍ତିଙ୍କୁ ମନୋନୀତ କରି ତାଲିକା ଦେବାକୁ କର୍ମୀ ମାନଙ୍କୁ ପରାମର୍ଶ ଦେଇ ଥିଲେ। ଏହି କର୍ମୀ ସମ୍ମିଳନୀରେ ବ୍ଲକ କଂଗ୍ରସ ସଭାପତି ଜର୍ଜ କଡ଼ାସିକା, ବୁଡୁବାଲି ସରପଞ୍ଚ ଭୀମ ଗଗେରେଙ୍ଗା, ପଦ୍ମପୁର ପୂର୍ବତନ ଅଧ୍ୟକ୍ଷ ରମାକାନ୍ତ ମାଝୀ, ଚନ୍ଦ୍ରପୁର ପୂର୍ବତନ ସରପଞ୍ଚ ସୁବାସ ମାଝୀ, ପୁର୍ବତନ ସରପଞ୍ଚ ହାଡ଼ିବନ୍ଧୁ ବ୍ରେକବେଡା, ନୀଳମାଧବ ସାହୁ, ଦୁର୍ଗା ଦଳେଇ, ମୃତ୍ୟୁଞ୍ଜୟ ଦଣ୍ଡସେନା, ଗୋପୀ ଟାଙ୍ଗରାଙ୍ଗା,ପରୀକ୍ଷିତ ବେହେରା, ମୁରାରି ପ୍ରସାଦ ଦଣ୍ଡସେନା, ରତନ ମାଳବିଶୋଇ, ହିରୁମାଝୀ କିମ୍ବାକା, ଆପାରାଓ ପାଡ଼ାଗଣ୍ଡା, ଆଦମ ମାଝୀ, କାଳିଆ କାହ୍ନୁ ପସ୍କୋ,କାହ୍ନୁ ରାଜୁ, ରାଜୁ ପାଲାକା, ପତି ଗର୍ଡନାକା, ବାବାଜୀ କୁସୁଲିଆ, ଅଧିକ କଂଗ୍ରେସ କର୍ମୀ ଉପସ୍ଥିତ ରହି ଥିଲେ। ଭୀମ ଗଗେରେଙ୍ଗା ମଞ୍ଚ ପରିଚାଳନ କରିଥିଲେ।

## ଭବିଷ୍ୟତର ଯୁଦ୍ଧ ଅଧିକ ବିପଜ୍ଜନକ ହେବ: ସିଡିଏସ୍ ଅନିଲ ଚୌହାନ

ମହୁ, ୨୬।୮ (ଏଜେନ୍ସି): ଭାରତ ଶାନ୍ତିପ୍ରିୟ ଦେଶ ହୋଇଥିଲେ ବି ଶାନ୍ତିବାଦୀ ନୁହେଁ। ଶତ୍ରୁ ଏହି ଭୁଲ୍ ବୁଝାମଣାର ଶିକାର ନ ହେଉ। ଦେଶର ସେନା ଯୁଦ୍ଧ ପାଇଁ ସର୍ବଦା ପ୍ରସ୍ତୁତ ହୋଇ ରହିଛି। କାରଣ ଶାନ୍ତି ପାଇଁ ଯୁଦ୍ଧ ଦରକାର ବୋଲି ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ (ସିଡିଏସ) ଜେନେରାଲ ଅନିଲ ଚୌହାନ କହିଛନ୍ତି। ମଧ୍ୟପ୍ରଦେଶ ମହୁ ସ୍ଥିତ 'ଆର୍ମି ୱାର କଲେଜ'ରେ ଆୟୋଜିତ ରଣ ସମ୍ବାଦ କାର୍ଯ୍ୟକ୍ରମ-୨୦୨୫ରେ ସାମିଲ ହୋଇ ସିଡିଏସ ଏହି ଟିପ୍ପଣୀ ଦେଇଛନ୍ତି। ସିଡିଏସ୍ କହିଥିଲେ ଯେ ଶକ୍ତି ବିନା ଶାନ୍ତି ଏକ 'ୟୁଟୋପିଆନ୍' ଧାରଣା ମାତ୍ର। ସେ ଏକ ଲାଟିନ୍ ଉକ୍ତିର ଉଦାହରଣ ଦେଇ କହିଥିଲେ ଯେ ଯଦି ତୁମେ ଶାନ୍ତି ଚାହୁଁଛ, ତେବେ ଯୁଦ୍ଧ ପାଇଁ ପ୍ରସ୍ତୁତ ରୁହ। କାରଣ ଶାନ୍ତି କେବଳ ଶକ୍ତିରୁ ଆସିପାରିବ। 'ଅପରେସନ୍ ସିନ୍ଦୂର' ଏକ ନୂତନ ଯୁଗର ଯୁଦ୍ଧ ଥିଲା। ଏଥିରୁ ଅନେକ ଶିକ୍ଷା ପାଇଲୁ। ଏହା ମଧ୍ୟରୁ ଅଧିକାଂଶକୁ କାର୍ଯ୍ୟକାରୀ କରିବାକୁ ପ୍ରୟାସ ଚାଲିଛି।

## ଆପ୍ ନେତା ସୌରଭ ଭରଦ୍ୱାଜଙ୍କ ଘରେ ଇଡି ଚଢ଼ଉ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଆଉ ଜଣ ଆମ୍ ଆଦମୀ ପାର୍ଟି (ଆପ୍) ନେତା ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ରାଡ଼ାରରେ ଆସିଛନ୍ତି। ପୂର୍ବତନ ମନ୍ତ୍ରୀ ତଥା ଆପ୍ ନେତା ସୌରଭ ଭରଦ୍ୱାଜଙ୍କ ଘର ସମେତ ୧୩ ସ୍ଥାନ ଏଜେନ୍ସି ଚଢ଼ଉ କରିଛି। ହସ୍ପିଟାଲ ନିର୍ମାଣ ଦୁର୍ନୀତି ମାମଲାରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ଦିଲ୍ଲୀର ଦୁର୍ନୀତି ନିବାରଣ ଶାଖା (ଏସିବି) ବର୍ଷେ ତଳେ ଆପ୍ ସରକାର ସମୟରେ ସ୍ୱାସ୍ଥ୍ୟ ଭିତ୍ତିଭୂମି ସହିତ ଜଡିତ ପ୍ରକଳ୍ପରେ ବଡ଼ ଧରଣର ଦୁର୍ନୀତି ଅଭିଯୋଗର ତଦନ୍ତ ଆରମ୍ଭ କରିଥିଲା। ଜୁନ୍ ମାସରେ ପୂର୍ବତନ ସ୍ୱାସ୍ଥ୍ୟମନ୍ତ୍ରୀ ସୌରଭ ଭରଦ୍ୱାଜ ଏବଂ ସତ୍ୟେନ୍ଦ୍ର ଜୈନଙ୍କ ବିରୋଧରେ ମାମଲା ରୁଜୁ କରିଥିଲା। ପରେ ଏସିବି ମାମଲାକୁ ଇଡିକୁ ହସ୍ତାନ୍ତର କରିଥିଲା। କେନ୍ଦ୍ରୀୟ ଏଜେନ୍ସି ଜୁଲାଇରେ ମାମଲା ରୁଜୁ କରିଥିଲା। ଏହାକୁ ନେଇ କେଜ୍ରିୱାଲ କେନ୍ଦ୍ର ସରକାରଙ୍କୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ କେନ୍ଦ୍ର ସରକାର ଆପ୍ ପଛରେ ପଡ଼ିଛନ୍ତି ବୋଲି ଏହି ଚଢ଼ଉ ଦର୍ଶାଉଛି। ସରକାର ଆମର ସ୍ୱରକୁ ଦମନ କରିବାକୁ ଚାହୁଁଛନ୍ତି। ଆମେ ବିଜେପିକୁ ଭୟ କରୁନୁ।

## ବିଜେପି ନେତାଙ୍କଠାରୁ ମେଡାଲ ନେଲେନି ଡିଏମ୍‌କେ ନେତାଙ୍କ ପୁଅ

ଚେନ୍ନଇ, ୨୬।୮ (ଏଜେନ୍ସି): ତାମିଲନାଡୁରେ ରାଜନୈତିକ ବିବାଦ ପର ପିଢି ପର୍ଯ୍ୟନ୍ତ ପହଞ୍ଚି ଗଲାଣି। ବିଭିନ୍ନ କାର୍ଯ୍ୟକ୍ରମରୁ ଏଭଳି ଦୃଶ୍ୟ ସାମ୍ନାକୁ ଆସୁଛି। ତାମିଲନାଡୁ ଡିଏମକେ ନେତା ତଥା ମନ୍ତ୍ରୀ ଟିଆରବି ରାଜାଙ୍କ ପୁଅ ସୂର୍ଯ୍ୟ ରାଜା ବାଲୁ ବିଜେପି ନେତା ଆନାମଲାଇଙ୍କଠାରୁ ମେଡାଲ ନେବାକୁ ମନା କରିଦେଇଛନ୍ତି। ଆନାମଲାଇ ମେଡାଲ ପିନ୍ଧାଇବାକୁ ଆଗକୁ ବଢ଼ିବା ସମୟରେ ବାଲୁ ପଛକୁ ହଟି ଯାଇଥିଲେ। ଅନେକ ପ୍ରୟାସ ସତ୍ତ୍ୱେ ବି ସେ ମେଡାଲ ନେଇ ନ ଥିଲେ। ଶେଷରେ ବିଜେପି ନେତା ତାଙ୍କ ହାତକୁ ମେଡାଲ ଧରାଇ ଦେଇଥିଲେ। ସୋମବାର ଅନୁଷ୍ଠିତ ତାମିଲନାଡୁର ୫୧ତମ ରାଜ୍ୟ ସୁଟିଂ ଖେଳ ସମ୍ମାନ ସମାରୋହରେ ଏହି ଦୃଶ୍ୟ ଦେଖିବାକୁ ମିଳିଥିଲା। ଆନାମଲାଇଙ୍କୁ ମୁଖ୍ୟ ଅତିଥି ଭାବେ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଗତ ୧୩ ଦିନରେ ଦ୍ୱିତୀୟ ଥର ପାଇଁ ଏଭଳି ଘଟଣା ଘଟିଛି।

## ଆରଏସଏସ ଗୀତ ଗାଇଥିବାରୁ କ୍ଷମା ମାଗିଲେ ଶିବକୁମାର

ବେଙ୍ଗାଲୁରୁ, ୨୬।୮ (ଏଜେନ୍ସି): ବିଧାନସଭାରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସଏସ)ର ଗୀତ ଗାଇବାକୁ ନେଇ କର୍ଣ୍ଣାଟକ ଉପମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କୁ ନିଜ ଦଳରେ ସମାଲୋଚନା କରାଯାଉଛି। ଶେଷରେ ସେ ଏଥିପାଇଁ ବିଧାନସଭାରେ ହିଁ କ୍ଷମା ମାଗିଛନ୍ତି। ଏହି ଗୀତ ଗାଇଥିବାରୁ ଯଦି କାହାର ଭାବନାକୁ ଆଘାତ ଲାଗିଛି ତେବେ କ୍ଷମା ମାଗୁଛି ବୋଲି କହିଛନ୍ତି। ଆରଏସଏସ ପ୍ରଶଂସା କରିବା ତାଙ୍କ ଉଦ୍ଦେଶ୍ୟ ନ ଥିଲା ବୋଲି ସେ ସ୍ପଷ୍ଟ କରିଛନ୍ତି। ଶିବକୁମାର କହିଛନ୍ତି ଯେ ସେ ଜଣେ କଂଗ୍ରେସ ସଦସ୍ୟ। ମୃତ୍ୟୁ ପର୍ଯ୍ୟନ୍ତ କଂଗ୍ରେସ ସଦସ୍ୟ ହୋଇ ରହିବେ। ସାରା ଦେଶକୁ ଏହି ବାର୍ତ୍ତା ଦେବାକୁ ଚାହୁଁଛି ଯେ ନିଜକୁ କଂଗ୍ରେସ ପାଇଁ ମୁଁ ସମର୍ପି ଦେଇଛି। ଗାନ୍ଧୀ ପରିବାର ମୋ ପାଇଁ ଭଗବାନ ଏବଂ ମୁଁ ତାଙ୍କ ଭକ୍ତ। ସୂଚନା ଅନୁଯାୟୀ କର୍ଣ୍ଣାଟକ କଂଗ୍ରେସ ସଭାପତି ପଦରେ ଥାଇ ସେ କିଛି ଦିନ ତଳେ ବିଧାନସଭାରେ ଆରଏସଏସ ଗୀତ ଗାଇ ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରି ଦେଇଥିଲେ। ଗତ ୨୧ ତାରିଖରେ ଶିବକୁମାର ଆରଏସଏସ ପ୍ରାର୍ଥନା 'ନମସ୍ତେ ସଦା ବତ୍ସଲେ ମାତୃଭୂମେ'ର କିଛି ଧାଡ଼ି ପଢ଼ିଥିଲେ। ଏହା ଭାଇରାଲ ହେବାରୁ ଶିବକୁମାର ଏହି ଗୀତ ଗାଇ କାହାକୁ ପ୍ରଭାବିତ କରିବାକୁ ଚେଷ୍ଟା କରୁଛନ୍ତି ବୋଲି ବରିଷ୍ଠ କଂଗ୍ରେସ ନେତା ବି.କେ. ହରିପ୍ରସାଦ ପ୍ରଶ୍ନ କରିଥିଲେ।

## ଇରାନ ରାଷ୍ଟ୍ରଦୂତଙ୍କୁ ହଟାଇଲା ଅଷ୍ଟ୍ରେଲିଆ

କାନବେରା,୨୬।୮ (ଏଜେନ୍ସି) : ଅଷ୍ଟ୍ରେଲିଆ ମଙ୍ଗଳବାର ଇରାନ ରାଷ୍ଟ୍ରଦୂତଙ୍କୁ ଦେଶରୁ ବାହାର କରିଦେଇଛି। ସିଡନୀ ଏବଂ ମେଲବୋର୍ଣ୍ଣରେ ଇହୁଦୀ ସମ୍ପ୍ରଦାୟ ଉପରେ ଆକ୍ରମଣ ପାଇଁ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି ବୋଲି ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ଆନ୍ଥୋନି ଆଲବାନିସ କହିଛନ୍ତି। ସେ ସୂଚନା ଦେଇଛନ୍ତି ଯେ ୨୦୨୪ ଅକ୍ଟୋବରରେ ସିଡନୀର ଲୁଇସ୍ କଣ୍ଟିନେଣ୍ଟଲ କିଚେନ ଏବଂ ୨୦୨୪ ଡିସେମ୍ବର ୬ରେ ମେଲବୋର୍ଣ୍ଣର ଅଦାସ ସଭାଗୃହରେ ଆକ୍ରମଣ କରାଯାଇଥିଲା। ଇରାନ ଏଥିପାଇଁ ଯୋଜନା ପ୍ରସ୍ତୁତ କରିଥିଲା ଏବଂ ପରେ ଆକ୍ରମଣ କରିଥିବା ନେଇ ପ୍ରମାଣ ମିଳିଛି। ଏହା ଅଷ୍ଟ୍ରେଲିଆ ପାଇଁ ବିପଜ୍ଜନକ। ସମାଜର ଏକତାକୁ ଭାଙ୍ଗି ଅଶାନ୍ତି ସୃଷ୍ଟି ଇରାନର ଉଦ୍ଦେଶ୍ୟ । ଇସ୍ରାଏଲ-ହମାସ ଯୁଦ୍ଧ ଆରମ୍ଭ ହେବା ପରେ ଅଷ୍ଟ୍ରେଲିଆରେ ଇହୁଦୀ ସ୍କୁଲ୍, ଘର, ମନ୍ଦିର ଉପରେ ଆକ୍ରମଣ ବୃଦ୍ଧି ପାଇଛି। ଆଲ୍‌ବାନିଜ କହିଛନ୍ତି ଯେ ଅଷ୍ଟ୍ରେଲିଆ ମଧ୍ୟ ତେହରାନ ସ୍ଥିତ ନିଜ ଦୂତାବାସକୁ ବନ୍ଦ କରିଦେଇଛି। ଏହା ସହିତ ଇରାନର ଇସଲାମିକ ରିଭୋଲ୍ୟୁସନାରୀ ଗାର୍ଡ କ୍ରସ୍ପକୁ ସେ ଆତଙ୍କବାଦୀ ସଂଗଠନ ଘୋଷଣା କରିଛନ୍ତି।

# ୪୮ ଘଣ୍ଟା ଧରି ଜମ୍ମୁ-କଶ୍ମୀର, ହିମାଚଳରେ ପ୍ରକୃତିର ତାଣ୍ଡବ



### ବାଦଲଫଟା ବର୍ଷା, ଭୂସ୍ଖଳନ ନେଲା ୧୦ ଜୀବନ
### ଖସୁଛି ଅତଡ଼ା, ବୈଷ୍ଣୋ ଦେବୀ ଯାତ୍ରା ସ୍ଥଗିତ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଜମ୍ମୁ-କଶ୍ମୀର ଏବଂ ହିମାଚଳ ପ୍ରଦେଶରେ ଗତ ୪୮ ଘଣ୍ଟା ଧରି ଚାଲିଛି ପ୍ରକୃତିର ତାଣ୍ଡବ। ବାଦଲଫଟା ବର୍ଷା ଏବଂ ବନ୍ୟା ଯୋଗୁଁ ଘର ସହିତ ଦୋକାନ ବଜାର ସବୁ ଭାସି ଯାଇଛି। ବଡ଼ ବଡ଼ କୋଠା ଭୁଶୁଡ଼ି ପଡ଼ିଛି, ରାସ୍ତା ବିଚ୍ଛିନ୍ନ ଏବଂ ଶତାଧିକ ଘର ବନ୍ୟା ପାଣି ଘେରରେ। ପ୍ରକୃତିର ଏହି ତାଣ୍ଡବରେ ୧୦ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନେକ ଲୋକ ଆହତ ହୋଇଛନ୍ତି। ପ୍ରବଳ ବର୍ଷା ଯୋଗୁଁ ଅତଡ଼ା ଖସୁଥିବାରୁ ବୈଷ୍ଣୋବଯାତ୍ରାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି।

ବର୍ଷା ଓ ବନ୍ୟା ଯୋଗୁଁ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି ଜମ୍ମୁ ଅଞ୍ଚଳ। ଆଜି ବାଦଲଫଟା ବର୍ଷା ଯୋଗୁଁ ୪ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ୧୦ଟି ଘର ଭାସିଯାଇଛି। ଜମ୍ମୁ, କଠୁଆ, ସାମ୍ବା ଏବଂ କିସ୍ତୱାର ଅଞ୍ଚଳରେ ଏବେ ବି ଭୀଷଣ ବର୍ଷା ଜାରି ରହିଛି। ଏହାପୂର୍ବରୁ ମଧ୍ୟ କିସ୍ତୱାରରେ ବାଦଲଫଟା ବର୍ଷା ହୋଇଥିଲା। ଇତିମଧ୍ୟରେ ଜମ୍ମୁ-କଶ୍ମୀରର ରିଆସି ଜିଲ୍ଲା ତ୍ରିକୁଟ ପର୍ବତରେ ଅବସ୍ଥିତ ମାତା ବୈଷ୍ଣବ ଦେବୀ ମନ୍ଦିରକୁ ଯାଇଥିବା ରାସ୍ତାରେ ଅତଡ଼ା ଖସିବାରୁ ୬ ଜଣ ପ୍ରାଣ ହରାଇଛନ୍ତି ଏବଂ ୧୪ ଜଣ ଆହତ ହୋଇଛନ୍ତି। ବିଭିନ୍ନ ସ୍ଥାନରେ ରାସ୍ତା ଦବି ଯାଇଥିବାରୁ ବୈଷ୍ଣବ ଯାତ୍ରାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି। ପ୍ରବଳ ବର୍ଷା ଓ ବନ୍ୟା ଯୋଗୁଁ ଜମ୍ମୁ ଅଞ୍ଚଳରେ ସମସ୍ତ ସରକାରୀ ଅଫିସ ଓ ଶିକ୍ଷାନୁଷ୍ଠାନକୁ ବନ୍ଦ କରିଦିଆଯାଇଛି। ଜମ୍ମୁ-ଶ୍ରୀନଗର ଜାତୀୟ ରାଜପଥକୁ ଗାଡ଼ି ଚଳାଚଳ ପାଇଁ ବନ୍ଦ କରି ଦିଆଯାଇଛି। ତାୱି ନଦୀରେ ବନ୍ୟାଜଳ ସ୍ତର ବୃଦ୍ଧି ପାଉଥିବାରୁ ସମଗ୍ର ଜମ୍ମୁ ଅଞ୍ଚଳ ପାଇଁ ଆଲର୍ଟ ଜାରି କରାଯାଇଛି। ଲୋକମାନଙ୍କୁ ନିରାପଦ ସ୍ଥାନକୁ ନିଆଯାଉଛି।

ସେହିଭଳି ହିମାଚଳ ପ୍ରଦେଶରେ ମଧ୍ୟ ପରିସ୍ଥିତି ଗମ୍ଭୀର ରହିଛି। ପ୍ରବଳ ବର୍ଷା ଯୋଗୁଁ ବେଆସ ନଦୀରେ ବନ୍ୟା ଆସି ମନାଲି ଓ ଆଖପାଖ ଅଞ୍ଚଳରେ ବ୍ୟାପକ କ୍ଷତି ପହଞ୍ଚାଇଛି। ବନ୍ୟା ଓ ଅତଡ଼ା ଖସିବା ଯୋଗୁଁ ଅନେକ ଘର, ବ୍ୟାବସାୟିକ ପ୍ରତିଷ୍ଠାନ ଓ ହୋଟେଲ ଭାସିଯାଇଛି। ବ୍ୟାପକ ଅଞ୍ଚଳ ଜଳମଗ୍ନ ହୋଇଯାଇଥିବାରୁ ବାହ୍ୟ ଜଗତରୁ ବିଚ୍ଛିନ୍ନ ହୋଇଯାଇଛି। ନଦୀ ପାଣି ଉଛୁଳିବାରୁ ମନାଲିରେ ଏକ ବହୁତଳା ବିଶିଷ୍ଟ ହୋଟେଲ ଏବଂ ୪ଟି ଦୋକାନ ଘର ଭାସିଯାଇଛି। ବନ୍ୟା ଯୋଗୁଁ ମନାଲି-ଲେହ ରାଜପଥର ବିଭିନ୍ନ ସ୍ଥାନରେ ବଡ଼ ବଡ଼ ଖାଲ ସୃଷ୍ଟି ହୋଇଛି। କୁଲ୍ଲୁ-ମନାଲି ଜାତୀୟ ରାଜପଥ ମଧ୍ୟ ଅନେକ ସ୍ଥାନରେ ଦବି ଯାଇଛି କିମ୍ବା ଭାସିଯାଇଛି। ମନାଲି ନିକଟବର୍ତ୍ତୀ ଅଞ୍ଚଳରେ ଶତାଧିକ ଲୋକ ପାଣି ଘେରରେ ରହିଛନ୍ତି। ସେମାନଙ୍କ ପାଖରେ ରିଲିଫ ପହଞ୍ଚିପାରି ନାହିଁ। ବିଦ୍ୟୁତ ଯୋଗାଣ ବି ବିଚ୍ଛିନ୍ନ ହୋଇଯାଇଛି। ବହାଙ୍ଗରେ ଏକ ଦୁଇ ମହଲା ହୋଟେଲ ଭାସିଯାଇଥିବା ବେଳେ ଦୁଇଟି ରେସ୍ତୋରାଁ ଏବଂ ଦୁଇଟି ଦୋକାନଘର ଭୁଶୁଡ଼ି ପଡ଼ିଛି। ଏହି ଅଞ୍ଚଳରେ ବ୍ୟାପକ କ୍ଷତି ହୋଇଥିଲେ ମଧ୍ୟ କୌଣସି ଜୀବନହାନିର ଖବର ମିଳିନାହିଁ। ଏହି ଅଞ୍ଚଳରେ ସମସ୍ତ ଶିକ୍ଷାନୁଷ୍ଠାନକୁ ବନ୍ଦ କରି ଦିଆଯାଇଛି। ଗତ ଜୁନ ମାସ ୨୦ ତାରିଖରୁ ହିମାଚଳ ପ୍ରଦେଶରେ ବର୍ଷା ଓ ବନ୍ୟା ଲାଗି ରହିଛି। ବର୍ଷା ଓ ବନ୍ୟା ଯୋଗୁଁ ବ୍ୟାପକ କ୍ଷତି ହୋଇଛି। ଜୁନ୍ ୨୦ରୁ ଆଜି ପର୍ଯ୍ୟନ୍ତ ବର୍ଷା ଓ ବନ୍ୟା ଯୋଗୁଁ ରାଜ୍ୟରେ ୧୫୬ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୩୮ ଜଣ ଏବେ ବି ନିଖୋଜ ରହିଛନ୍ତି। ଅନେକ ସ୍ଥାନ ଏବେ ବି ବିଚ୍ଛିନ୍ନ ରହିଥିବା ବେଳେ ବିଦ୍ୟୁତ ଯୋଗାଣ ସ୍ୱାଭାବିକ ହୋଇପାରୁ ନାହିଁ।

## ଅମ୍ବାନୀଙ୍କ ବନତାରାର ଯାଞ୍ଚ ହେବ

### କମିଟି ଗଠନ କଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): କୋହ୍ଲାପୁରର ମାଧୁରୀ ହାତୀକୁ ନେଇ ଶିଳ୍ପପତି ମୁକେଶ ଅମ୍ବାନୀଙ୍କୁ ତୀବ୍ର ସମାଲୋଚନା କରାଯାଉଛି। ଏପରି ସମୟରେ ଗୁଜୁରାଟ ଜାମନଗର ସ୍ଥିତ ଅମ୍ବାନୀଙ୍କ ବନ୍ୟଜନ୍ତୁ ଉଦ୍ଧାର ଏବଂ ପୁନର୍ବାସ କେନ୍ଦ୍ର 'ବନତାରା'ର ଯାଞ୍ଚ ପାଇଁ ସୁପ୍ରିମକୋର୍ଟ ସୋମବାର ନିର୍ଦ୍ଦେଶ ଦେଇଛନ୍ତି। ଏଥିପାଇଁ ୪ ସଦସ୍ୟ ବିଶିଷ୍ଟ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସଆଇଟି) ଗଠନ କରିଛନ୍ତି। ରିଲାଏନ୍ସ ଫାଉଣ୍ଡେସନ ଏହି ବନାତାରାକୁ ଚଳାଉଛି। ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ଜେ. ଚେଲେମେଶ୍ୱର ଏହି ଏସଆଇଟିର ନେତୃତ୍ୱ ନେବେ। ଏହି ଟିମ୍‌ରେ ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ରାଘବେନ୍ଦ୍ର ଚୌହାନ, ମୁମ୍ବଇ ପୁଲିସର ପୂର୍ବତନ କମିଶନର ହେମନ୍ତ ନାଗରାଲେ ଏବଂ ସୀମା ଶୁଳ୍କ ଅଧିକାରୀ ଅନିଶ ଗୁପ୍ତା ସାମିଲ ଅଛନ୍ତି। ଆସନ୍ତା ୧୨ ତାରିଖ ସୁଦ୍ଧା ଏହି କମିଟି ରିପୋର୍ଟ ପ୍ରଦାନ କରିବ। ୧୫ ତାରିଖରେ ମାମଲାର ପରବର୍ତ୍ତୀ ଶୁଣାଣି ହେବ। ରିପୋର୍ଟ ଆଧାରରେ ପରବର୍ତ୍ତୀ ପଦକ୍ଷେପ ନିଆଯିବ ବୋଲି ଜଷ୍ଟିସ ପଙ୍କଜ ମିତ୍ତଲ ଏବଂ ପି ଭି ବରାଲେଙ୍କ ଖଣ୍ଡପୀଠ କହିଛନ୍ତି। ଓକିଲ ସିଆର ଜୟା ସୁକିନ ଏବଂ ଦେବ ଶର୍ମା ପକ୍ଷରୁ ଦାଏର ଦୁଇଟି ଜନସ୍ୱାର୍ଥ ମାମଲା (ପିଆଇଏଲ)ର ଶୁଣାଣି କରି କୋର୍ଟ ଏହି ନିର୍ଦ୍ଦେଶ ଦେଇଛନ୍ତି। ଯାଞ୍ଚ କେବଳ ସତ୍ୟ ଏବଂ ତଥ୍ୟ ଆଧାରିତ ହେବ। ଏସ୍‌ଆଇଟି ଗଠନ କରି କୌଣସି ସଂସ୍ଥାର କାର୍ଯ୍ୟ ପ୍ରଣାଳୀ ଉପରେ ପ୍ରଶ୍ନ ଉଠା ଯାଉନାହିଁ ବୋଲି ଖଣ୍ଡପୀଠ କହିଛନ୍ତି। କୋହ୍ଲାପୁରର ଜୈନ ମଠରେ ଥିବା ହାତୀ ମାଧୁରୀକୁ ଚିକିତ୍ସା ନାମରେ ବନତାରା ନେବା ପରେ ଏହି ଆବେଦନ ଦାଏର କରାଯାଇଥିଲା। ଏସ୍‌ଆଇଟି ୫ଟି ପଏଣ୍ଟକୁ ନେଇ ଯାଞ୍ଚ କରିବ। ଭାରତ ଏବଂ ବିଦେଶରୁ ହାତୀ ଆଣିବା ବେଳେ ବନ୍ୟଜନ୍ତୁ ସଂରକ୍ଷଣ ନିୟମ, ଚିଡ଼ିଆଖାନା ନିୟମ, ଅନ୍ତର୍ଜାତୀୟ ପ୍ରଜାତି ବାଣିଜ୍ୟ ଚୁକ୍ତି, ଆମଦାନୀରପ୍ତାନୀ ଆଇନ ଏବଂ ଅନ୍ୟ ଆଇନଗତ ନିୟମ ପାଳନ କରାଯାଉଛି କି ନାହିଁ ଯାଞ୍ଚ କରାଯିବ।

## ଶାହାରୁଖ, ଦୀପିକାଙ୍କ ବିରୋଧରେ ଏତଲା



ଭରତପୁର, ୨୬।୮ (ଏଜେନ୍ସି): ଅନ୍‌ଲାଇନ ଗେମିଂ ପାଇଁ ବିଜ୍ଞାପନ କରି ସେଲିବ୍ରିଟି ଫସିବା ପରେ ଏବେ ଆଉ ଏକ ମାମଲା ସାମ୍ନାକୁ ଆସିଛି। ଖରାପ ଗାଡ଼ି ପାଇଁ ମାର୍କେଟିଂ କରୁଥିବା ଅଭିଯୋଗରେ ବଲିଉଡ ଅଭିନେତା ଶାହାରୁଖ ଖାନ୍ ଏବଂ ଅଭିନେତ୍ରୀ ଦୀପିକା ପାଦୁକୋନଙ୍କ ବିରୋଧରେ ରାଜସ୍ଥାନ ଭରତପୁରରେ ଏତଲା ରୁଜୁ କରାଯାଇଛି। ଏହି ଏତଲାରେ ଉଭୟ ବ୍ରାଣ୍ଡ ଆମ୍ବାସାଡରଙ୍କ ସହିତ ହୁଣ୍ଡାଇ କମ୍ପାନୀର ଏମ୍‌ଡି ଅନସୋକିମ, ହୋଲ୍ ଟାଇମ ଡାଇରେକ୍ଟର ଆଣ୍ଡ ଚିଫ୍ ଅପରେଟିଂ ଅଫିସର ତରୁଣ ଗର୍ଗ ଏବଂ ଶୋ'ରୁମ ମାଲିକଙ୍କ ନାମ ରହିଛି। ଭରତପୁରର ଓକିଲ କୀର୍ତ୍ତି ସିଂହଙ୍କ ଆବେଦନ ଉପରେ ଶୁଣାଣି କରି କୋର୍ଟ ଏତଲା ନିର୍ଦ୍ଦେଶ ରୁଜୁ ପାଇଁ ନିର୍ଦ୍ଦେଶ ଦେଇଥିଲେ। ସହରର ମଥୁରା ଗେଟ୍ ଥାନା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଦେଇଛି। ଏତଲାରେ କୀର୍ତ୍ତି ସିଂହ କହିଛନ୍ତି ଯେ ସେ ୨୦୨୨ ଜୁନ୍‌ରେ ୨୩ ଲକ୍ଷ ୯୭ହଜାର ୩୫୩ ଟଙ୍କା ଦେଇ ହରିୟାଣା ସୋନିପତ ସ୍ଥିତ ମାଲୱା ଅଟୋ ସେଲ୍ସ ପ୍ରାଇଭେଟ୍ ଲିମିଟେଡ୍ କୁଣ୍ଡଲି କିଣିଥିଲେ। ତେବେ ରାସ୍ତାରେ ଅନ୍ୟ ଗାଡ଼ିକୁ ଅତିକ୍ରମ କରିବା ସମୟରେ କାର୍ ପିକ୍-ଅପ ନେଉନାହିଁ। କେବଳ ଆର୍‌ପିଏମ ବଢୁଛି। କାରର ଓଡୋମିଟରରେ ମାଲ୍ ଫଙ୍କସନ ଲେଖାଯାଇଥିବା ଚିହ୍ନ ଦେଖାଯାଉଛି। ୬-୭ ମାସ ଚଳାଇବା ପରେ କାର୍‌ରେ ଯାନ୍ତ୍ରିକ ତ୍ରୁଟି ଦେଖା ଯାଇଥିଲା। ଅଧିକ ବେଗରେ ଗଲେ ଶବ୍ଦ ହୋଇ ଗାଡ଼ି ଥରୁ ଥିଲା। ଇଞ୍ଜିନ ଖରାପ ହେବା ସଙ୍କେତ ଦେଉଥିଲା। ଏଥିଯୋଗୁଁ ଅନେକ ଦୁର୍ଘଟଣାରୁ ସେ ଅଳ୍ପକେ ବର୍ତ୍ତି ଯାଇଥିଲେ। କମ୍ପାନୀକୁ ଜଣାଇବାରୁ ଏହା ଉତ୍ପାଦନ ଜନିତ ତ୍ରୁଟି, ତେଣୁ ଠିକ୍ କରିହେବନି ବୋଲି କୁହାଯାଇଥିଲା। ଏଭଳି ହେଲେ ଘଣ୍ଟାଏ ପର୍ଯ୍ୟନ୍ତ କମ୍ ବେଗରେ ଗାଡ଼ି ଚଲାଇବାକୁ ପରାମର୍ଶ ଦିଆଯାଇଥିଲା। କଳାକାର ଏଭଳି ଗାଡ଼ିର ବିଜ୍ଞାପନ କରିବା ଅନୁଚିତ। କାରଣ ସେମାନଙ୍କୁ ଦେଖି ହିଁ ଲୋକେ ଗାଡ଼ି କିଣୁଛନ୍ତି।

### ଯୌତୁକ ପାଇଁ ଜିଅନ୍ତା ପୋଡ଼ି ହତ୍ୟା ମାମଲା

## ସିସିଟିଭି ଫୁଟେଜ୍ କହୁଛି ଭିନ୍ନ କାହାଣୀ

ନୋଏଡ଼ା, ୨୬।୮ (ଏଜେନ୍ସି): ଗ୍ରେଟର ନୋଏଡ଼ାର ନିକି ଭାଟି ହତ୍ୟା ମାମଲା ସାରା ଦେଶକୁ ସ୍ତବ୍ଧ କରିଦେଇଛି। ଯୌତୁକ ପାଇଁ ସ୍ୱାମୀ ଏବଂ ଶଶୁର ଘର ଲୋକେ ତାଙ୍କୁ ହତ୍ୟା କଲେ ବୋଲି ଅଭିଯୋଗ ହୋଇଛି। ଏପରି ସମୟରେ ନିକିର ମୃତ୍ୟୁକୁ ନେଇ ଭିନ୍ନ ଭିନ୍ନ ଦାବି ସଂଶୟ ବଢ଼ାଇ ଦେଇଛି। ଗତ ୨୧ ତାରିଖରେ ନିକିଙ୍କୁ ତାଙ୍କ ସ୍ୱାମୀ ଏବଂ ଶଶୁର ଘର ଲୋକେ କିରୋସିନ ଢାଳି ନିଆଁ ଲଗାଇ ଦେଇଥିଲେ। କିନ୍ତୁ ତାଙ୍କ ପଡ଼ିଶା ଘର ଲୋକଙ୍କ ଅନୁଯାୟୀ ନିକି ଏବଂ ତାଙ୍କ ଭଉଣୀ କାଞ୍ଚନ ସବୁବେଳେ ଇନ୍‌ଷ୍ଟାଗ୍ରାମରେ ବ୍ୟସ୍ତ ରହୁଥିଲେ। ଦୁଇ ଭଉଣୀ ମିଶି ରିଲ୍ସ କରୁଥିଲେ। ଏହାକୁ ନେଇ ପରିବାରରେ ଅସନ୍ତୋଷ ସୃଷ୍ଟି ହୋଇଥିଲା। ନିକିଙ୍କ ସ୍ୱାମୀ ବିପିନ ତାଙ୍କୁ ଏପରି ନ କରିବାକୁ କହିଥିଲେ। କିନ୍ତୁ ସେ ନ ମାନିବାରୁ ଉଭୟଙ୍କ ସମ୍ପର୍କରେ ତିକ୍ତତା ସୃଷ୍ଟି ହୋଇଥିଲା।


ଏହା ମଧ୍ୟରେ ନିକିଙ୍କ ଭଉଣୀ କାଞ୍ଚନଙ୍କ ଦାବିକୁ ନେଇ ମଧ୍ୟ ପ୍ରଶ୍ନ ଉଠୁଛି। ସେ ବିପିନଙ୍କ ସାନ ଭାଇର ରୋହିତକୁ ବିବାହ କରିଥିଲେ। ଭଉଣୀ ମୃତ୍ୟୁ ଖବର ପାଇଁ ସେ ଚେତା ହରାଇ ଥିବା କହିଥିଲେ। ଏହି ସମୟରେ ଶଶୁର ଘର ଲୋକେ ଫେରାର ହୋଇ ଯାଇଥିବା କାଞ୍ଚନ ଦାବି କରିଥିଲେ। କିନ୍ତୁ ଗ୍ରେଟର ନୋଏଡାରେ ନିକିଙ୍କ ଅନ୍ତିମ ସଂସ୍କାର ସମୟରେ ଶଶୁର ଘର ଲୋକେ ଛିଡ଼ା ହୋଇଥିବା ଦେଖାଯାଉଛି। ଏହାର କିଛି ଘଣ୍ଟା ପରେ ନିକିଙ୍କ ପରିବାର ତାଙ୍କ ସ୍ୱାମୀ ବିପିନ, କାଞ୍ଚନଙ୍କ ସ୍ୱାମୀ ରୋହିତ, ତାଙ୍କ ଶ୍ୱଶୁର ଏବଂ ଶାଶୁଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ କରାଯାଇଥିଲା। ସେହିପରି ଗତ ସପ୍ତାହରେ ଏକ ଭିଡିଓ ସାମ୍ନାକୁ ଆସିଥିଲା। ଏଥିରେ ବିପିନ ଏବଂ ଅନ୍ୟ ଜଣେ ମହିଳା ନିକିଙ୍କ ଚୁଟି ଧରି ଟାଣି ନେଉଥିବା ଦେଖାଯାଇଥିଲା। ବିପିନ ସାର୍ଟ ପିନ୍ଧି ନ ଥିବାବେଳେ ତାଙ୍କ ପେଟ ଏବଂ ପିଠିରେ ରକ୍ତ ଲାଗିଥିଲା। ଅନ୍ୟ କ୍ଲିପ୍‌ଗୁଡ଼ିକରେ ନିକି ନିଆଁରେ ଜଳୁଥିବା ସମୟରେ ସିଡ଼ି ଦେଇ ତଳକୁ ଖସୁଥିବା ଏବଂ ପରେ ତଳେ ବସିଥିବାର ଦେଖାଯାଉଥିଲା। ଗତ ସୋମବାର ସାମ୍ନାକୁ ଆସିଥିବା ଆଉ ଏକ ଭିଡିଓରେ ନିକିଙ୍କୁ ଆକ୍ରମଣ ସମୟରେ ମୁଖ୍ୟ ଅଭିଯୁକ୍ତ ବିପିନ ଏକ ତେଜରାତି ଦୋକାନ ବାହାରେ ଛିଡ଼ା ହୋଇଥିବା ଦେଖାଯାଉଛି। ଏହା ତାଙ୍କ ଘରର ବିପରୀତ ଦିଗରେ ରହିଛି। ସନ୍ଧ୍ୟା ୫ଟା ୪୨ରେ ବିପିନ ଛିଡ଼ା ହୋଇଥିବାବେଳେ ଅନ୍ୟ ଜଣେ ବ୍ୟକ୍ତି ତାଙ୍କ ସହ ସାମିଲ ହେଉଛନ୍ତି। ପରେ ୫ଟା ୪୭ରେ ଆଉ କିଛି ବ୍ୟକ୍ତି ଆସି ତାଙ୍କ ସହ ଚର୍ଚ୍ଚା କରୁଛନ୍ତି। ଏହି ସମୟରେ ଚେକ୍ ସାର୍ଟ ପିନ୍ଧି ଥିବା ବ୍ୟକ୍ତି ଘରକୁ ଦୌଡୁଛି। ଭିଡ଼ ବଢ଼ିବା ପରେ ଜଣେ ବ୍ୟକ୍ତି କାର୍‌ରେ ବସି ପଳାଉଛି। ବିପିନଙ୍କ ଜଣେ ସମ୍ପର୍କୀୟ ଦାବି କରିଛନ୍ତି ଯେ ସିଲିଣ୍ଡର ବିସ୍ଫୋରଣରୁ ନିକି ଦେହରେ ନିଆଁ ଲାଗିଥିଲା। ତା ପରେ ବିପିନ ଚିତ୍କାର କରି ନିକିଙ୍କୁ ହସ୍ପିଟାଲକୁ ନେଇଥିଲେ। ଏହି ଭିଡିଓ ପୁଣିଥରେ ମାମଲାର ଯାଞ୍ଚ ପାଇଁ ପୁଲିସକୁ ଖୋରାକ ଯୋଗାଉଛି।

## ଟ୍ରମ୍ପଙ୍କ ଫୋନ୍ ଉଠାଉ ନାହାନ୍ତି ମୋଦୀ!

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଚଢ଼ା ଶୁଳ୍କକୁ ନେଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ମଧ୍ୟରେ ତିକ୍ତତା ବୃଦ୍ଧି ପାଇଛି। ଏହାକୁ ନେଇ ଆଲୋଚନା କରିବାକୁ ଟ୍ରମ୍ପ ମୋଦୀଙ୍କୁ ଚାରି ଥର ଫୋନ୍ କଲେଣି। ତେବେ ମୋଦୀ କୌଣସି ଥର ତାଙ୍କ ତାଙ୍କ ଫୋନ୍‌ର ଉତ୍ତର ଦେଇ ନ ଥିଲେ। ଜର୍ମାନୀ ଖବରକାଗଜ ଏଫଏଜେଡ୍ ଏହି ଦାବି କରିଛି। ତେବେ ଟ୍ରମ୍ପ କେଉଁ ଦିନ ଫୋନ୍ କରିଥିଲେ ତାହାର କୌଣସି ସୂଚନା ଦିଆଯାଇ ନାହିଁ। ରିପୋର୍ଟ ଅନୁଯାୟୀ ଟ୍ରମ୍ପଙ୍କ ଆକ୍ରମକ ବାଣିଜ୍ୟ ନୀତି ଏବଂ ଭାରତକୁ 'ମୃତ ଅର୍ଥନୀତି' କହିବାକୁ ନେଇ ମୋଦୀ କ୍ଷୁବ୍ଧ ହୋଇଛନ୍ତି। ପୂର୍ବରୁ ଦୁଇ ନେତାଙ୍କ ମଧ୍ୟରେ ଭଲ ସମ୍ପର୍କ ଥିଲା। କିନ୍ତୁ ଏବେ ଆମେରିକା ସହ ବାଣିଜ୍ୟ ଚୁକ୍ତି ନେଇ ଆଲୋଚନାକୁ ମଧ୍ୟ ଭାରତ ରଦ୍ଦ କରିଦେଇଛି। ଆମେରିକ ପ୍ରତିନିଧିମଣ୍ଡଳକୁ ନୂଆଦିଲ୍ଲୀ ଆସିବାକୁ ଦିଆଯାଇ ନାହିଁ। ଟ୍ରମ୍ପ ଭାରତ ଉପରେ ମୋଟ ୫୦ ପ୍ରତିଶତ ଶୁଳ୍କ ଲଗାଇଛନ୍ତି। ଏଥିରୁ ୨୫ ପ୍ରତିଶତ ପୂର୍ବରୁ କାର୍ଯ୍ୟକାରୀ ହୋଇଥିବାବେଳେ ଆଉ ୨୫ ପ୍ରତିଶତ ବୁଧବାରଠାରୁ ଲାଗୁ ହେବ। ରୁଷ୍‌ଠାରୁ ତୈଳ କିଣିବାକୁ ନେଇ ଟ୍ରମ୍ପ ଭାରତ ଉପରେ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ଲଗାଇଛନ୍ତି। ବିଶେଷଜ୍ଞଙ୍କ ମତାମତ ଆଧାରରେ ଖବରକାଗଜ ପକ୍ଷରୁ କୁହାଯାଇଛି ଯେ ଟ୍ରମ୍ପ ପ୍ରଥମେ ବାଣିଜ୍ୟ କ୍ଷତିକୁ ନେଇ ଏକ ଦେଶକୁ ଆକ୍ରମଣ କରନ୍ତି। ଏହା ପରେ ଉଚ୍ଚ ଶୁଳ୍କ ଧମକ ଦିଅନ୍ତି। ଏହାରି ଭୟରେ ଆଲୋଚନା ଆରମ୍ଭ ହୁଏ ଏବଂ ଶେଷରେ ସେ ଉଚ୍ଚ ଶୁଳ୍କ ଲାଗୁ କରି ଏବଂ କିଛି ରିହାତି ଦେଇ ନିଜକୁ ବିଜେତା ବୋଲି କୁହନ୍ତି। ଅନେକ ଦେଶ ସହିତ ଏଭଳି ଘଟିଛି। ଆମେରିକୀୟ ବଜାର ଉପରେ ନିଜ ସ୍ଥିତି କେତେ ମଝବୁତ ତାହା ଟ୍ରମ୍ପ ଦେଖାଇହେବକୁ ଚାହୁଁଛନ୍ତି, କିନ୍ତୁ ଏଥର ମୋଦୀ ମୁଣ୍ଡ ନୁଆଁଇବାକୁ ମନା କରିଦେଇଛନ୍ତି।

# ଶତ୍ରୁକୁ ଚକ୍‌ମା ଦେବେ ଉଦୟଗିରି, ହିମଗିରି

### ଖଞ୍ଜାଯାଇଛି ବାରାକ-୮, ବ୍ରହ୍ମୋସ କ୍ଷେପଣାସ୍ତ୍ର
### ଆଇଏନଏସରେ ସାମିଲ ହେଲେ ନୌସେନାର ଦୁଇ ଯୁଦ୍ଧ ଜାହାଜ



ମୁମ୍ବଇ, ୨୬।୮ (ଏଜେନ୍ସି):

ଭାରତୀୟ ନୌସେନା ଇତିହାସ ସୃଷ୍ଟି କରିଛି। ପ୍ରଥମ ଥର ଦୁଇଟି ଭିନ୍ନ ଭିନ୍ନ ସିପୟାର୍ଡରେ ନିର୍ମିତ ଦୁଇଟି ଷ୍ଟିଲ୍‌ଥ ଯୁଦ୍ଧ ଜାହାଜ ଆଇଏନଏସ ଉଦୟଗିରି ଏବଂ ଆଇଏନଏସ ହିମଗିରି ଦିନକେ ନୌସେନାରେ ସାମିଲ ହୋଇଛି। ବିଶାଖାପାଟଣା ନୌସେନା ବେସ୍‌ରେ ମଙ୍ଗଳବାର ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହ ଏହାକୁ ନୌସନାକୁ ସମର୍ପିଛନ୍ତି। ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ଏହି ଦୁଇଟି ଯୁଦ୍ଧ ଜାହାଜ ନୌସେନାର କ୍ଷମତାକୁ ଅଧିକ ବୃଦ୍ଧି କରିଛି। ଉଭୟ ଯୁଦ୍ଧଜାହାଜ ପ୍ରକଳ୍ପ-୧୭ଏର ଅଂଶବିଶେଷ। ଏହି ଅବସରରେ ରାଜନାଥ ଆମେରିକାର ଏଫ-୩୫ ବିମାନକୁ ଉପହାସ କରିଥିଲେ। ନୌସେନା ମୁଖ୍ୟ ଆଡମିରାଲ ଦିନେଶ କୁମାର ତ୍ରିପାଠୀ ଏହି କାର୍ଯ୍ୟକ୍ରମକୁ ସମ୍ବୋଧନ କରି ପାକିସ୍ତାନକୁ ଚେତାବନୀ ଦେଇଛନ୍ତି। ସେ କହିଛନ୍ତି ଯେ ଯଦି ଆବଶ୍ୟକ ପଡ଼େ ଭାରତୀୟ ନୌସେନା ଆଗ ପାକିସ୍ତାନରେ ଆକ୍ରମଣ କରିବ। ଅପରେସନ ସିନ୍ଦୂର ଆଗକୁ ମଧ୍ୟ ଜାରି ରହିବ। ଅନିଶ୍ଚିତତା ଏବଂ ପ୍ରତିଯୋଗିତାର ଏହି ଯୁଗରେ ସମୁଦ୍ରରେ ଶକ୍ତି ପ୍ରଦର୍ଶନ କରି ଭାରତୀୟ ନୌସେନା ଶତ୍ରୁମାନଙ୍କୁ ଦୃଢ଼ ଜବାବ ଦେବ। ଅପରେସନ ସିନ୍ଦୂର ସମୟରେ ଏହି କ୍ଷମତାକୁ ଭଲ ଭାବରେ ପ୍ରଦର୍ଶନ କରାଯାଇଥିଲା।

ପ୍ରତିରକ୍ଷା ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି ଯେ ଏଗୁଡ଼ିକୁ ସ୍ୱତନ୍ତ୍ର ଭାବେ ଡିଜାଇନ୍ କରାଯାଇଛି। ଶତ୍ରୁର ରାଡାର, ଇନଫ୍ରାରେଡ୍ ଏବଂ ଶବ୍ଦ ସେନ୍‌ସର ଏହି ଯୁଦ୍ଧ ଜାହାଜକୁ ଧରିପାରିବ ନାହିଁ। ଭାରତ-ପ୍ରଶାନ୍ତ ମହାସାଗରୀୟ କ୍ଷେତ୍ରରେ ଏହି ଯୁଦ୍ଧଜାହାଜକୁ ନିୟୋଜିତ କରାଯିବ। ଉକ୍ତ ଅଞ୍ଚଳରେ ବାୟୁସେନାର ପର୍ଯ୍ୟବେକ୍ଷଣ କ୍ଷମତା ବୃଦ୍ଧି ପାଇବ। ଉଭୟ ଯୁଦ୍ଧଜାହାଜରେ ବ୍ରହ୍ମୋସ୍ ସୁପରସୋନିକ୍ କ୍ଷେପଣାସ୍ତ୍ର ଏବଂ ଭାରତ-ଇସ୍ରାଏଲ ଦ୍ୱାରା ନିର୍ମିତ ବାରାକ-୮ ଦୀର୍ଘ ଦୁରଗାମୀ ବାୟୁ କ୍ଷେପଣାସ୍ତ୍ର ପ୍ରଣାଳୀ (ଏଲଆରଏସଏଏମ) ଖଞ୍ଜା ଯାଇଛି। ଏଥିରେ ସମୁଦ୍ର ଯୁଦ୍ଧରେ ୭୬ ଏମଏମର ନୌସେନା ବନ୍ଧୁକ ଏବଂ ପାଣି ତଳେ ଚାଲୁଥିବା ଟର୍ପିଡୋ ବିସ୍ଫୋରକ ଅସ୍ତ୍ର ମଧ୍ୟ ଲାଗିଛି।

କୋଲକାତାର ଗାର୍ଡେନ୍ ରିଚ୍ ସିପିବିଲ୍ଡର୍ସ ଆଣ୍ଡ ଇଞ୍ଜିନିୟର୍ସ (ଜିଆରଏସଇ) ଆଇଏନଏସ ହିମଗିରୀକୁ ନିର୍ମାଣ କରିଛି। ପୁରୁଣା ଆଇଏନଏସ ହିମଗିରିର ନାମରେ ଏହାକୁ ନାମିତ କରାଯାଇଛି। ସେହିପରି ମୁମ୍ବଇର ମଝଗାଁଓ ଡକ୍ ସିପ୍‌ବିଲ୍ଡର୍ସ ଲିମିଟେଡ୍ ଆଇଏନଏସ ଉଦୟଗିରୀକୁ ନିର୍ମାଣ କରିଛି। ଆନ୍ଧ୍ରପ୍ରଦେଶର ଉଦୟଗିରି ପର୍ବତମାଳା ନାମରେ ଏହାର ନାମ ରଖାଯାଇଛି। ମାତ୍ର ୩୭ ମାସରେ ଏହାର ନିର୍ମାଣ କରାଯାଇଛି। ଆଇଏନଏସ ହିମଗିରିର ଓଜନ ୬,୬୭୦ ଟନ୍ ଏବଂ ଲମ୍ବ ୧୪୯ ମିଟର। ଏହା ଦୀର୍ଘ ଦିନ ପର୍ଯ୍ୟନ୍ତ ଅଭିଯାନରେ ଭାଗ ନେଇପାରିବ। ଏଥିରେ କ୍ଲୋଜ-ଇନ ୱିପନ ସିଷ୍ଟମ, ଟର୍‌ପିଡୋ ଟ୍ୟୁବ୍ସ, ଆଣ୍ଟି-ସବମେରାଇନ ରକେଟ୍ ଲଞ୍ଚର, ଆଡଭାନ୍ସ ଇଲେକ୍‌ଟ୍ରୋନକି ୱାରଫେୟାର ସିଷ୍ଟମ ରହିଛି।

## ଆଜିର ରାଶିଫଳ

**ମେଷ:** ଦିନଟି ଭଲରେ କଟିବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ନକାରାତ୍ମକ ଚିନ୍ତା ଦୂର ହେବ।

**ବୃଷ:** ଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିବ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ମିଥୁନ:** ଯାନବାହନ କିଣିବେ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିବ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିକୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଅଫିସ୍‌ରେ ସହକର୍ମୀଙ୍କ ସହ ମତାନ୍ତର ଦେଖା ଦେବ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଐତିହ୍ୟ

- ୧୮୭୦ : ଭାରତର ପ୍ରଥମ ଶ୍ରମିକ ସଂଗଠନ ଭାବେ ଶ୍ରମଜୀବୀ ସଂଘର ସ୍ଥାପନା।
- ୧୯୫୦ : ଟେଲିଭିଜନ ଇତିହାସରେ ପ୍ରଥମଥର ପାଇଁ ବିବିସି ସିଧା ପ୍ରସାରଣ କଲା।
- ୧୯୯୦ : ୱାଶିଂଟନସ୍ଥିତ ଇରାକୀ ଦୂତାବାସର ୩୬ କର୍ମଚାରୀଙ୍କୁ ଆମେରିକା ବାହାର କରଥିଲା।
- ୨୦୦୩ : ୬୦ ହଜାର ବର୍ଷ ପରେ ମଙ୍ଗଳ ଗ୍ରହ ପୃଥିବୀର ସବୁଠୁ ନିକଟତର ହୋଇଥିଲା।



## ଗଣଦେବତା ଶ୍ରୀଗଣେଶ

ଭାରତୀୟ ସଂସ୍କୃତିରେ ବିଘ୍ନରାଜ ବିନାୟକ ସର୍ବ ପୂଜ୍ୟ ଗଣ ଦେବତାର ଆସନ ଅଳଙ୍କୃତ କରି ଶ୍ରୀଗଣେଶ ନାମରେ ଖ୍ୟାତ ହୋଇଛନ୍ତି। ଭାରତୀୟ ଧର୍ମ ଧାରାରେ ବୈଦିକ କାଳରୁ ଶ୍ରୀଗଣପତିଙ୍କ ଉପାସନାର ଉନ୍ମେଷ ଘଟିଥିବା ଜଣାଯାଏ। ବୈଦିକ ମନ୍ତ୍ରରେ ଗଣପତିଙ୍କୁ ସର୍ବ ସିଦ୍ଧଦାତା, ସର୍ବ ମଙ୍ଗଳମୟ ରୂପେ ଅଭିହିତ କରାଯାଇଛି। ସେ ବୈଦିକ ଦେବତା ଅଗ୍ରପୂଜ୍ୟ ବିଘ୍ନ ବିନାଶକାରୀ ବିନାୟକ। ସେ ବକ୍ରତୁଣ୍ଡ ଓ ସର୍ବ କାର୍ଯ୍ୟ ସିଦ୍ଧିଦାତା ଗଣେଶ ଭାବରେ ଆରାଧିତ ହୋଇ ଆସୁଛନ୍ତି। ଆଦି ଦେବତା ଭାବେ ପ୍ରତ୍ୟେକ ଶୁଭ କାର୍ଯ୍ୟ, ପୂଜା, ଲେଖାପଢ଼ା ଓ ଧାର୍ମିକ କ୍ରିୟା ଆରମ୍ଭରେ ତାଙ୍କର ଆବାହନ କରାଯାଏ। ଗଜାନନଙ୍କୁ ପଞ୍ଚଦେବତାମାନଙ୍କ ମଧ୍ୟରୁ ଜଣେ ବୋଲି କୁହାଯାଏ। ହିନ୍ଦୁ ଧର୍ମରେ ବିବାହ ହେଉ କି ବ୍ରତ ଘର କି ଘର ପ୍ରତିଷ୍ଠା ସର୍ବପ୍ରଥମେ ଶ୍ରୀଗଣେଶଙ୍କୁ ପୂଜା କରାଯିବା ବିଧି ରହିଛି। ଭାଦ୍ରବ ଶୁକ୍ଳପକ୍ଷ ଚତୁର୍ଥୀ ତିଥିରେ ପାଳନ କରାଯାଏ ବିଦ୍ୟାର ଦେବତା ଆଦିଦେବ, ଅଗ୍ରପୂଜ୍ୟ ପ୍ରଭୁ ଶ୍ରୀଗଣେଶଙ୍କ ପୂଜା। ଗଣେଶ ପୂଜା ସର୍ବଭାରତୀୟ ପୂଜା ଭାବରେ ପ୍ରସିଦ୍ଧି ଲାଭ କରି ଆସିଛି। ଶ୍ରୀଗଣେଶ ବିଦ୍ୟାଦାତା ଓ ସିଦ୍ଧି ଦାତା ଭାବେ ବିଦ୍ୟାର୍ଥୀମାନଙ୍କ ଦ୍ୱାରା ପୂଜିତ ହୋଇଥାନ୍ତି। ଖାସ୍ ସେଥିପାଇଁ ଶିକ୍ଷାନୁଷ୍ଠାନମାନଙ୍କରେ ଶ୍ରୀଗଣେଶଙ୍କ ପୂଜାର୍ଚ୍ଚନା ମହାଆଡ଼ମ୍ବରରେ ପାଳନ କରାଯାଏ। ସମସ୍ତ ପ୍ରକାର ଫଳ, ଚୁଡା ଘଷା, ବେସନ ସେଉ, ବୁନ୍ଦି ଗଣେଶଙ୍କୁ ଭୋଗ ରୂପେ ଅର୍ପଣ କରାଗଲେ ବି ମୋଦକ ଓ ରାଶିଲଡୁ ତାଙ୍କର ପ୍ରିୟ ଭୋଗ। ମହାରାଷ୍ଟ୍ରରେ ଏହା ଏକ ଗଣପର୍ବ ହୋଇଥିବାବେଳେ ଓଡିଶାର ଖୋର୍ଦ୍ଧା ଜିଲ୍ଲା ଜଟଣୀରେ ଗଣେଶ ପୂଜା ପ୍ରସିଦ୍ଧ। ଶିବ ପୁରାଣ ଅନୁଯାୟୀ, ଦେବୀ ପାର୍ବତୀ ନିଜଦେହରୁ ନିର୍ଗତ ମଇଳାରୁ ଏକ ମୂର୍ତ୍ତି ଗଠନ କଲେ ଏବଂ ତାଙ୍କୁ ଜୀବଦାନ ଦେଲେ। ପାର୍ବତୀ ତାଙ୍କୁ ଦ୍ୱାର ଜଗାଇ ଭିତରକୁ କାହାକୁ ପ୍ରବେଶ ନ କରେଇବା ପାଇଁ ଆଦେଶ ଦେଇ ସ୍ନାନ କରିବାକୁ ଗଲେ। ଠିକ୍ ସେହି ସମୟରେ ମହାଦେବ ସେଠାକୁ ଆସି ଭିତରକୁ ପ୍ରବେଶ କରିବାରୁ ବାଳକ ଗଣେଶ ନିଜ ପିତାଙ୍କୁ ଚିହ୍ନି ନ ପାରି ବାଟ ଛାଡ଼ିଲେ ନାହିଁ। ମହାଦେବ ବୁଝାଇବାକୁ ଚେଷ୍ଟା କରି ବିଫଳ ହେବା ପରେ କ୍ରୋଧ ଜର୍ଜରିତ ହୋଇ ଗଣେଶଙ୍କ ଶିରଚ୍ଛେଦନ କଲେ। ପରେ ପାର୍ବତୀଙ୍କ ନିକଟରୁ ଶ୍ରୀଗଣେଶଙ୍କ ପରିଚୟ ପାଇ ଫେରି ଆସି ଦେଖିଲା ବେଳକୁ ମୁଣ୍ଡହୀନ ଗଣ୍ଡିଟି ପଡ଼ିଛି। ଏହା ଦେଖି ମାତା ପାର୍ବତୀ ଅଧୀର ହୋଇ ପଡ଼ିଥିଲେ। ପାର୍ବତୀ ଉତ୍ତେଜିତ ହୋଇ ଉଗ୍ରରୂପ ଧାରଣ କରିଥିଲେ। ସୃଷ୍ଟିକୁ ଧ୍ୱଂସ କରି ଦେବାକୁ କହିଥିଲେ। ପାର୍ବତୀଙ୍କୁ ସୃଷ୍ଟି କର୍ତ୍ତା ବ୍ରହ୍ମା ବୁଝାଇବାକୁ ଚେଷ୍ଟା କରିଥିଲେ। ତାଙ୍କ ସମ୍ମୁଖରେ ପାର୍ବତୀ ଦୁଇଟି ସର୍ତ୍ତ ରଖିଥିଲେ। ପ୍ରଥମେ ଗଣେଶଙ୍କୁ ଜୀବ ଦାନ ଦିଆଯିବ ଅନ୍ୟଟି ସେ ଅଗ୍ରପୂଜ୍ୟ ହେବେ। ଏଥିରେ ବ୍ରହ୍ମା ରାଜି ହୋଇଥିଲେ। ଅପରପକ୍ଷରେ ଶିବ ଗଣେଶଙ୍କୁ ଜୀବଦାନ ଦେବା ପାଇଁ ତାଙ୍କ ଅନୁଚରଙ୍କୁ ପଠାଇ ଯେଉଁ ପ୍ରାଣୀକୁ ପ୍ରଥମେ ଦେଖିବ ଯିଏକି ଉତ୍ତର ଦିଗକୁ ମୁଣ୍ଡ ଦେଇ ଶୋଇଥିବ ତା'ର ଶିର ଛେଦନ କରି ନେଇ ଆସିବ ବୋଲି କହିଥିଲେ। ଶିବଦୂତ ଏକ ହାତୀ ମୁଣ୍ଡ ଆଣି ଆସିଥିଲେ। ବିଘ୍ନେଶଙ୍କ ମୁଣ୍ଡରେ ହାତୀ ମୁଣ୍ଡଟିକୁ ଲଗାଇ ତାଙ୍କୁ ଜୀବନ୍ୟାସ ପ୍ରଦାନ କରାଯାଇଥିଲା। ଏହାପରେ ସେ ଗଜାନନ ନାମରେ ନାମିତ ହୋଇଥିଲେ ଓ ଅଗ୍ରପୂଜ୍ୟ ଭାବେ ପୂଜା ପାଇଥିଲେ। ପୌରାଣିକ ମତେ, ଗଣେଶ ବ୍ୟାସୋକ୍ତ ମହାଭାରତର ଲେଖକ। ଭାଦ୍ରବ ମାସ ଶୁକ୍ଳ ପକ୍ଷ ଚତୁର୍ଥୀ ଦିନ ପିଲା ଖଡ଼ି ଧରିବା (ଅକ୍ଷର ଲେଖା ଶିଖିବା) ଆରମ୍ଭ କରନ୍ତି। ସମୂହ ଖଡ଼ି ଛୁଆଁ କାର୍ଯ୍ୟକ୍ରମ ବିଭିନ୍ନ ମନ୍ଦିର ଓ ପୂଜାମଣ୍ଡପମାନଙ୍କରେ ଆୟୋଜିତ ହୁଏ। ଭକ୍ତି ସହକାରେ ଶ୍ରୀଗଣେଶଙ୍କ ପୂଜାର୍ଚ୍ଚନା କଲେ ମାନବର ସମସ୍ତ ଆଶା ଆକାଂକ୍ଷା ପ୍ରଭୁଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥାଏ ବୋଲି ଭାରତୀୟ ଜନମାନସରେ ବିଶ୍ୱାସ ରହିଛି।

## 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ଶେଷ



ବଲିଉଡ୍ ଅଭିନେତା ବରୁଣ ଧୱନ୍‌ଙ୍କ ଫିଲ୍ମ 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ଇତିମଧ୍ୟରେ ଶେଷ ହୋଇଛି। ବରୁଣ ନିଜେ ଏସମ୍ପର୍କରେ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ପୋଷ୍ଟ ସେୟାର୍ କରି ସୂଚନା ଦେଇଛନ୍ତି। ବରୁଣ ଏହି ପୋଷ୍ଟରେ ଲେଖିଛନ୍ତି- 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ସରିଲା। ମୁଁ ପୁଣି ଥରେ ଶଶାଙ୍କ ଖୈତାନଙ୍କ ନିର୍ଦ୍ଦେଶନାରେ ଅକ୍ଟୋବର ୨ରେ ପରଦାକୁ ଫେରୁଛି।' ସେ ଏହା ସହ ଫିଲ୍ମର ଫଟୋ ମଧ୍ୟ ସେୟାର୍ କରିଛନ୍ତି। ତେବେ ଶଶାଙ୍କଙ୍କ ସହ ଏହା ବରୁଣଙ୍କ ତୃତୀୟ ଫିଲ୍ମ। ଏହାପୂର୍ବରୁ ଶଶାଙ୍କଙ୍କ ସହ ବରୁଣ 'ହମ୍‌ଟି ଶର୍ମା କି ଦୁଲହନିୟା' ଓ 'ବଦ୍ରୀନାଥ କି ଦୁଲହନିୟା'ରେ କାମ କରିଥିଲେ। ଏହି ଦୁଇଟି ଫିଲ୍ମରେ ବରୁଣଙ୍କ ବିପକ୍ଷରେ ଆଲିଆ ଭଟ୍ଟ ଦେଖାଯାଇଥିଲେ। 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ରେ କିନ୍ତୁ ବରୁଣଙ୍କ ବିପକ୍ଷରେ ଜାହ୍ନବୀ କପୁର ଦେଖାଯିବେ। ଫିଲ୍ମର ରିଲିଜ୍ ଡେଟ୍ ଏହାପୂର୍ବରୁ ଅନେକ ଥର ପରିବର୍ତ୍ତନ କରାଯାଇଛି। ଏବେ ଏହା ଅକ୍ଟୋବର ୨ରେ ରିଲିଜ୍ ହେବ ବୋଲି ଫାଇନାଲ ହୋଇଛି। ଏଥିରେ ବରୁଣ ଓ ଜାହ୍ନବୀଙ୍କ ସହ ଅକ୍ଷୟ ଓବରୟ, ସାନ୍ୟା ମଲହୋତ୍ରା, ମନୀଷ ପଲ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ଦେଖାଯିବେ। ଏହାର ପ୍ରଯୋଜନା ଦାୟିତ୍ୱରେ ଧର୍ମା ପ୍ରଡକ୍ସନ୍ ରହିଛି।

## ଅପରାଧ ରୋକିବ ହୋଲୋଗ୍ରାଫିକ୍ ପୁଲିସ୍



ଦକ୍ଷିଣ କୋରିଆ ରାଜଧାନୀ ସିଓଲ ସହରର ସ୍ଥାନେ ସ୍ଥାନେ ଏବେ ହୋଲେଗ୍ରାଫିକ୍ ପୁଲିସ୍ ମୁତୟନ କରାଯାଇଛି। ଲୋକଙ୍କ ସୁରକ୍ଷାକୁ ଆଖି ଆଗରେ ରଖି ଏହି ହାଇଟେକ୍ ପୁଲିସ୍‌କୁ ନିୟୋଜିତ କରାଯାଇଛି। ତେବେ ସ୍ଥାନୀୟ ପୁଲିସ୍ ଏହାକୁ ନେଇ ବେଶ୍ ଆଶାୟୀ ଥିବାବେଳେ ସାଧାରଣ ଲୋକେ କିନ୍ତୁ ଏଥିରେ ଖୁସି ନାହାନ୍ତି। ପ୍ରତିଦିନ ସନ୍ଧ୍ୟା ୭ଟାରୁ ୧୦ଟା ମଧ୍ୟରେ ଜଙ୍ଗ-ଗୁ, ଜୁଡୋଙ୍ଗ ନଂ୩ ପାର୍କରେ ୧୭୦ ସେଣ୍ଟିମିଟର ଉଚ୍ଚତା ବିଶିଷ୍ଟ ହୋଲୋଗ୍ରାଫିକ୍ ପୁଲିସ୍ କର୍ମୀଙ୍କୁ ଦେଖିବାକୁ ମିଳିଥାଏ। ପ୍ରୋଜେକ୍ଟର ମାଧ୍ୟମରେ ଏହି ଛାୟାକୃତି ପୁଲିସ୍ ଅଫିସର୍‌କୁ ଦେଖିବାକୁ ମିଳୁଛି। ସିସିଟିଭି ଅପରାଧୀମାନଙ୍କ ଉପରେ ତୀକ୍ଷ୍ଣ ନଜର ରଖିଛି ଓ ଜରୁରିକାଳୀନ ସ୍ଥିତିରେ ପୁଲିସ୍ ତୁରନ୍ତ ଲୋକଙ୍କୁ ସାହାଯ୍ୟ କରିବ ବୋଲି ଏହି ହୋଲୋଗ୍ରାଫିକ୍ ପୁଲିସ୍ ଲୋକଙ୍କୁ ମନେ ପକାଇ ଦେଉଛି। ହୋଲୋଗ୍ରାମିକା ନାମକ କମ୍ପାନି ଏହାକୁ ତିଆରି କରିଛି। ଗତବର୍ଷ ଅକ୍ଟୋବର ମାସରେ ଏହାକୁ ପରୀକ୍ଷାମୂଳକ ଭାବେ ଲଗାଯାଇଥିଲା। ତେବେ ଜୁଡୋଙ୍ଗ ନଂ ୩ ପାର୍କରେ ଏହା ଲଗାଯିବା ପରେ ସେଠାରେ ଅପରାଧ ଘଟଣା କମ୍ ହୋଇଥିବା ଦେଖାଯାଇଛି। ଯଦିଓ ଏହାକୁ ନେଇ ସ୍ଥାନୀୟ ପୁଲିସ୍ ଖୁସି ଅଛି କିନ୍ତୁ ସାଧାରଣ ଲୋକେ ଏହାକୁ ନେଇ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ଲୋକଙ୍କ କହିବା ଅନୁସାରେ, ଏଭଳି ପୁଲିସ୍‌କୁ ଦେଖି ଲୋକେ ଭୂତପ୍ରେତ ମନେକରି ଯାଉ ନାହାନ୍ତି।

# ଖେଳ

### ୟୁଏସ୍ ଓପନ ଗ୍ରାଣ୍ଡସ୍ଲାମ୍ ଟେନିସ

## କାର୍ଲୋସ୍ ଆଲକାରାଜଙ୍କ ବିଜୟ ଅଭିଯାନ

ନ୍ୟୁୟର୍କ,୨୬।୮ (ଏଜେନ୍ସି)

ପୁରୁଷ ଟେନିସ ଜଗତର ନୂଆ ସୁପରଷ୍ଟାର ସ୍ପେନ୍‌ର କାର୍ଲୋସ ଆଲକାରାଜ ନୂଆ ହେୟାରକଟ୍‌ରେ ୟୁଏସ୍ ଓପନର ପ୍ରଥମ ରାଉଣ୍ଡ ମ୍ୟାଚ୍‌ରେ ବିଜୟୀ ହୋଇଛନ୍ତି। ଖେଳ ଅପେକ୍ଷା ଦର୍ଶକ ଓ ସମର୍ଥକ ମାନେ ତାଙ୍କ ହେୟାରକଟ୍‌କୁ ଅଧିକ ପ୍ରଶଂସା କରୁଥିବା ଦେଖାଯାଇଥିଲା। ସୋମବାର ଅନୁଷ୍ଠିତ ପ୍ରଥମ ରାଉଣ୍ଡ ମୁକାବିଲାରେ ସେ ଆମେରିକାର ରିଲି ଓପେଲକାଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଏହି ମ୍ୟାଚ୍ ଜିତିବାକୁ ତାଙ୍କୁ କିଛିଟା ସଂଘର୍ଷ କରିବାକୁ ପଡ଼ିଥିଲା। ସେ କିନ୍ତୁ୧୭ଟି ଅନ୍‌ଫୋର୍ସଡ ତ୍ରୁଟି କରି ୬-୪, ୭-୫, ୬-୪ ସିଧାସଳଖ ସେଟ୍‌ରେ ବିଜୟୀ ହୋଇଥିଲେ। ଦ୍ୱିତୀୟ ରାଉଣ୍ଡରେ ତାଙ୍କର ମୁକାବିଲା ହେବ ଇଟାଲୀର ୨୪ ବର୍ଷୀୟ ମାଟ୍ଟିଓ ବେଲୁଚିଙ୍କ ସହ। ବେଲୁଚି ପ୍ରଥମ ରାଉଣ୍ଡରେ ଚୀନ୍‌ର ଜାନଚେନ୍ ସାଙ୍ଗ୍‌ଙ୍କୁ ୭-୬, ୧-୬, ୬-୦, ୬-୩ ସେଟ୍‌ରେ ହରାଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଥିଲେ। ଦ୍ୱିତୀୟ ଦିନ ମଧ୍ୟ ସିଡେଡ ଖେଳାଳିଙ୍କ ବିଜୟ ଅଭିଯାନ ଅବ୍ୟାହତ ରହିଛି। ଏମାନଙ୍କ ମଧ୍ୟରେ ୯ମ ସିଡ୍ କାରେନ ଖାଚାନୋଭ୍, ୧୧ଶ ସିଡ୍ ହୋଲଗର ର୍ୟୁନ୍, ୧୨ଶ ସିଡ୍ କାସ୍‌ପର ରୁଡ୍, ୧୫ଶ ସିଡ ଆନ୍ଦ୍ରେ ରୁବ୍‌ଲେଭ୍ ପ୍ରମୁଖ ବିଜୟୀ ହୋଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

### ■ ହାରିଲେ ମାଡିସନ କିଜ୍

ମହିଳା ଏକକରେ ପୂର୍ବତନ ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ଆମେରିକାର ମାଡିସନ କିଜ୍ ପ୍ରଥମ ରାଉଣ୍ଡରେ ବିଦାୟ ନେଇଛନ୍ତି। ସୋମବାର ଖେଳାଯାଇଥିବା ମୁକାବିଲାରେ ସେ ମେକ୍ସିକୋର ରେନାଟା ଜାରୁଜୁଆଙ୍କଠାରୁ ୧-୨ ସେଟ୍‌ରେ ପରାଜିତ ହୋଇଥିଲେ। ସେହିପରି ଦ୍ୱାଦଶ ସିଡ୍ ଏଲିନା ଭିଟୋଲିନା ମଧ୍ୟ ପ୍ରଥମ ରାଉଣ୍ଡରୁ ବିଦାୟ ନେଇଛନ୍ତି। ଏମାନଙ୍କ ବ୍ୟତୀତ ଅନ୍ୟ ସିଡେଡ ଖେଳାଳି ପ୍ରଥମ ରାଉଣ୍ଡରେ ବିଜୟୀ ହୋଇଛନ୍ତି। ସେମାନଙ୍କ ମଧ୍ୟରେ ୫ମ ସିଡ୍ ମୀରା ଆନ୍ଦ୍ରିଭା, ୯ମ ସିଡ ଏଲେନା ରିବାକିନା, ୧୧ଶ ସିଡ୍ କାରୋଲିନା ମୁଚୋଭା, ୧୫ତମ ସିଡ୍ ଡାରିଆ କାସତକିନା, ୧୯ତମ ସିଡ୍ ଏଲିସେ ମେର୍ଟେନ୍ସ ଓ୨୮ତମ ସିଡ୍ ମାଗଡାଲେନା ଫ୍ରେଚ୍ ପ୍ରମୁଖ ବିଜୟ ହାସଲ କରିଛନ୍ତି।



### ■ ୪୫ ବର୍ଷରେ ଖେଳିଲେ ଭେନସ

୨୦୧୧ରେ ଗୁରୁତର ଅସୁସ୍ଥତା ପରେ ଭେନସ ୱିଲିୟମ୍ସଙ୍କ ପ୍ରତିଯୋଗିତାମୂଳକ ଟେନିସ ଖେଳିବା ଏକ ପ୍ରକାର ସ୍ୱପ୍ନ ହୋଇଯାଇଥିଲା। କିନ୍ତୁ ସେ ଗତ ଜୁଲାଇରେ ପ୍ରତିଯୋଗିତାମୂଳକ ଟେନିସ ଖେଳି ସମସ୍ତଙ୍କ ଅନୁମାନକୁ ଭୁଲ ପ୍ରମାଣିତ କରିଦେଇଥିଲେ। ଏହା ମଧ୍ୟରେ ଅସୁସ୍ଥତାକୁ ପଛରେ ପକାଇ ଭେନସ ପୁଣିଥରେ ଟେନିସ କୋର୍ଟକୁ ଫେରିଥିଲେ। ୭ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ଭେନସ ଫିଟ୍ ହେବା ପରେ ପ୍ରଥମଥର ଏପରି ଏକ ବଡ଼ ଟୁର୍ଣ୍ଣାମେଣ୍ଟରେ ଖେଳିଥିଲେ। ବର୍ତ୍ତମାନର ଅନ୍ୟତମ ଶ୍ରେଷ୍ଠ ଖେଳାଳି ତଥା ୧୧ଶ ସିଡ ଚେକ୍ ଗଣରାଜ୍ୟର କାରୋଲିନା ମୁଚୋଭାଙ୍କଠାରୁ ଲଢ଼େଇ କରି ପରାଜିତ ହୋଇଥିଲେ। ମୁଚୋଭା ଏହି ମ୍ୟାଚ୍‌କୁ ୬-୩, ୨-୬, ୬-୧ରେ ଜିତିଥିଲେ ମଧ୍ୟ ଭେନସଙ୍କ ନିକଟରେ ଏବେ କି ଟପ୍ କ୍ଲାସ୍ ଟେନିସ ଖେଳିବାର ଶକ୍ତିଥିବା କଥା ପ୍ରମାଣିତ କରିଥିଲେ। ଭେନସଙ୍କ ସାନ ଭଉଣୀ ସେରେନା ଏବେ ମଧ୍ୟ ଟେନିସ ଖେଳ ଛାଡି ନାହାନ୍ତି। ଭବିଷ୍ୟତରେ ଯାହା ହେଉନା କାହିଁକି ମୁଁ ଟେନିସ ଖେଳ ଛାଡ଼ିବି ନାହିଁ ବୋଲି କହିଛନ୍ତି ଭେନସ। ଅସୁସ୍ଥ ହେବା ପରେ ମୁଁ ଆଉ ଟେନିସ କୋର୍ଟ ଦେଖିପାରିବି ନାହିଁ ବୋଲି ଆଶଙ୍କା ସୃଷ୍ଟି ହୋଇଥିଲା। ତାହାକୁ ଭୁଲ ପ୍ରମାଣିତ କରିବାକୁ ମୁଁ ଚେଷ୍ଟା କରୁଛି।

### ■ କାରୋଲିନ୍ ଗାର୍ସିଆଙ୍କ ଅବସର

ୟୁଏସ୍ ଓପନ ଗ୍ରାଣ୍ଡସ୍ଲାମ ଟେନିସର ଦ୍ୱିତୀୟ ଦିନରେ ମହିଳା ଖେଳାଳି ପେଟ୍ରା କ୍ୱିଟୋଭା ଓ କାରୋଲିନ୍ ଗାର୍ସିଆ ପେସାଦାର ଟେନିସ ଖେଳରୁ ଅବସର ଗ୍ରହଣ କରିଛନ୍ତି। ଉଭୟ ଖେଳାଳି ସେମାନଙ୍କ ପ୍ରଥମ ରାଉଣ୍ଡ ମୁକାବିଲାରେ ପରାଜିତ ହୋଇଥିଲେ। କ୍ୱିଟୋଭା ମାତ୍ର ୫୨ ମିନିଟ୍‌ର ଲଢ଼େଇରେ ଡାଏନା ପେରୀଙ୍କଠାରୁ ହାରିଯାଇଥିଲେ। ୩୫ ବର୍ଷୀୟ ଚେକ୍ ଗଣରାଜ୍ୟର ଏହି ଖେଳାଳି ୩୧ଟି ଡବଲ୍ସ ଟାଇଟଲ ବିଜୟୀ ହୋଇଛନ୍ତି। ସେହିପରି ୩୧ ବର୍ଷିୟା ସ୍ପେନ୍‌ର କାରୋଲିନ୍ ଗାର୍ସିଆ ୪-୬, ୬-୪, ୩-୬ ସେଟ୍‌ରେ ପ୍ରଥମ ରାଉଣ୍ଡ ମୁକାବିଲାରେ କାମିଲା ରାଖିମୋଭାଙ୍କଠାରୁ ପରାଜିତ ହେବା ପରେ ଅବସର ନେବାକୁ ଘୋଷଣା କରିଥିଲେ। ୨୦୨୨ରେ ସେମିଫାଇନାଲ ଖେଳିଥିବା ଗାର୍ସିଆ ଏବେ ପାରିବାରିକ ଜୀବନ ଉପରେ ଗୁରୁତ୍ୱ ଦେବେ ବୋଲି କହିଛନ୍ତି।

## ଗୋଆରେ ଚେସ୍ ବିଶ୍ୱକପ୍

ନୂଆଦିଲ୍ଲୀ,୨୬।୮ (ଏଜେନ୍ସି): ଫିଡେ ବା ପୁରୁଷ ଚେସ୍ ବିଶ୍ୱକପ୍ ଭାରତର ଗୋଆରେ ଅକ୍ଟୋବର ୩୧ରୁ ନଭେମ୍ବର ୨୭ ଯାଏ ଅନୁଷ୍ଠିତ ହେବ। ନକ୍‌ଆଉଟ ଭିତ୍ତିରେ ଖେଳାଯିବାକୁ ଥିବା ଏହି ପ୍ରତିଯୋଗିତାରେ ସମଗ୍ର ବିଶ୍ୱରୁ ୨୦୬ ଜଣ ଖେଳାଳି ଅଂଶଗ୍ରହଣ କରିବେ। ଏଥିରେ ମୋଟ ୧୭.୫ କୋଟି ଟଙ୍କାର ପୁରସ୍କାର ପ୍ରଦାନ କରାଯିବାକୁ ଥିଲାବେଳେ ୩ଜଣ ଖେଳାଳି ୨୦୨୬ କ୍ୟାଣ୍ଡିଡେଟ୍ସ ଚେସ୍‌ରେ ଭାଗ ନେବାକୁ ଯୋଗ୍ୟତା ଅର୍ଜନ କରିବେ। ପ୍ରଥମ ୫୦ଜଣଙ୍କ ସ୍ଥାନରେ ଥିବା ଖେଳାଳିମାନେ ଦ୍ୱିତୀୟ ରାଉଣ୍ଡରୁ ଖେଳ ଆରମ୍ଭ କରିବେ। ପ୍ରତ୍ୟେକ ରାଉଣ୍ଡରେ ୨ଟି କ୍ଲାସିକ୍ ମ୍ୟାଚ୍ ଖେଳାଯିବ। ଆବଶ୍ୟକ ହେଲେ ରାପିଡ ଓ ବ୍ଲିଜ୍‌ରେ ଟାଇବ୍ରେକ୍ ମ୍ୟାଚ୍ ଅନୁଷ୍ଠିତ ହେବ। ଏବେ ଓପନ ବା ପୁରୁଷ କାଟାଗୋରୀରେ ଡି ଗୁକେଶ, ମହିଳା ବିଭାଗରେ ଦିବ୍ୟା ଦେଶମୁଖ ବିଶ୍ୱକପ୍, ଚେସ୍ ଅଲିମ୍ପିଆଡ୍‌ରେ ଉଭୟ ଦଳ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି।

## ତ୍ରିପୁରାରୁ ଖେଳିବେ ହନୁମା

ଅଗରତାଲା,୨୬।୮ (ଏଜେନ୍ସି): ଘରୋଇ କ୍ରିକେଟରେ ଆନ୍ଧ୍ରପ୍ରଦେଶ ପକ୍ଷରୁ ୪୪ଟି ଓ ହାଇଦ୍ରାବାଦ୍ ପକ୍ଷରୁ ୪୦ଟି ପ୍ରଥମଶ୍ରେଣୀ ମ୍ୟାଚ୍ ଖେଳିଥିବା ବ୍ୟାଟର ହନୁମା ବିହାରୀ ଚଳିତ ସିଜନରେ ତ୍ରିପୁରା ପକ୍ଷରୁ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ଆଜି ଆନ୍ଧ୍ର ପକ୍ଷରୁ ତାଙ୍କୁ ଏନ୍‌ଓସି ଦେବା ପରେ ଏହା ସ୍ପଷ୍ଟ ହୋଇଛି। ଭାରତ ପକ୍ଷରୁ ୨୦୧୮ରୁ ୨୦୨୨ ମଧ୍ୟରେ ୧୬ଟି ଟେଷ୍ଟ ଖେଳିଥିବା ଏହି ଖେଳାଳି ନିକଟରେ ଆନ୍ଧ୍ର ପ୍ରିମିୟର ଲିଗ୍‌ରେ ଖେଳିଥିଲେ। ସେ ତ୍ରିପୁରା ଦଳର ନେତୃତ୍ୱ ନେବେ।

### ଜୟନ୍ତ ମହାପାତ୍ର ସ୍ମାରକୀ ଫୁଟବଲ

## କିସ୍-ବିକାଶ ସେମିଫାଇନାଲ ମୁକାବିଲା

ଭୁବନେଶ୍ୱର,୨୬।୮ (ସମିସ): କିସ୍ ଓ ବିକାଶ ରେସିଡେନସିଆଲ ସ୍କୁଲ ମଧ୍ୟରେ ଏଠାରେ ଚାଲିଥିବା ଜୟନ୍ତ ମହାପାତ୍ର ସ୍ମାରକୀ ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲ ମୁକାବିଲା ଅନୁଷ୍ଠିତ ହେବ। ସେହପରି ପ୍ରଥମ ସେମିରେ ଡିଏଭି ପୋଖରୀପୁଟ ସହ ଓଡିଏମ୍ ଗ୍ଲୋବାଲ ସ୍କୁଲର ମୁକାବିଲା ହେବ। ଉଭୟ ସେମିଫାଇନାଲ ଭୁବନେଶ୍ୱର ଫୁଟବଲ ଏକାଡେମୀ ପରିସରରେ ଅଗଷ୍ଟ ୨୮ ତାରିଖ ଗୁରୁବାର ଖେଳାଯିବ। ଆଜି ଅନୁଷ୍ଠିତ ଦୁଇଟିଯାକ କ୍ୱାର୍ଟର ଫାଇନାଲ ମୁକାବିଲା ଏକତରଫା ହୋଇଥିଲା। ଆଜିର ପ୍ରଥମ ତଥା ଟୁର୍ଣ୍ଣାମେଣ୍ଟର ତୃତୀୟ କ୍ୱାର୍ଟର ଫାଇନାଲ ମୁକାବିଲାରେ କିସ୍ ୧୧-୦ ଗୋଲରେ ବକ୍ସି ଜଗବନ୍ଧୁ ଇଂଲିଶ ମିଡିୟମ୍ ସ୍କୁଲ୍‌କୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲା। ବିଜୟୀ ଦଳ ପକ୍ଷରୁ ସୋନାରାମ ସୋରେନ୍ ଓ ଉପେନ୍ଦ୍ର ଅମାନତ୍ୟ ହ୍ୟାଟ୍ରିକ୍ ଗୋଲ ସ୍କୋର କରିଥିଲେ। ବଚନ ପୂର୍ତ୍ତି ମଧ୍ୟ ୨ଟି ଗୋଲ ସ୍କୋର କରିଥିଲେ। ସୋନାରାମଙ୍କୁ ଆଜିର ଅତିଥି ତଥା ଚାଟାର୍ଡ ଆକାଉଣ୍ଟାଣ୍ଟ ସତ୍ୟଜିତ ମିଶ୍ର ପୁରସ୍କାର ପ୍ରଦାନ କରିଥିଲେ। ସେହିପରି ଦ୍ୱିତୀୟ ମ୍ୟାଚ୍ ମଧ୍ୟ ଏକତରଫା ହୋଇଥିଲା। ଏଥିରେ ବିକାଶ ରେସିଡେନ୍ସିଆଲ ସ୍କୁଲ ୭-୦ ଗୋଲରେ ମଦର୍ସ ପବ୍ଲିକ୍ ସ୍କୁଲ୍‌କୁ ପରାସ୍ତ କରି ଶେଷ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଛି। ବିଜୟୀ ଦଳ ପକ୍ଷରୁ ଆର୍ଯ୍ୟନ ଲେନୀ ହ୍ୟାଟ୍ରିକ୍ ଗୋଲ ସ୍କୋର କରି ଅତିଥି ତଥା ପୂର୍ବତନ ପରିବହନ ମନ୍ତ୍ରୀ ପଦ୍ମନାଭ ବେହେରାଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ।



ଆର୍ଯ୍ୟନ ଲେନୀ



ସୋନାରାମ ସୋରେନ୍

### ଏସିଆନ ସୁଟିଂ ଚାମ୍ପିଅନସିପ୍

## ଡବଲ ସ୍ୱର୍ଣ୍ଣ ଜିତିଲେ ସିଫ୍ଟ କୌର

ନୂଆଦିଲ୍ଲୀ,୨୬।୮ (ଏଜେନ୍ସି)

ଭାରତର ଆଉ ଜଣେ ସୁଟର ସିଫ୍‌ଟ କୌର ସାମ୍‌ରା କାଜାଖସ୍ଥାନରେ ଚାଲିଥିବା ଏସିଆନ୍ ସୁଟିଂ ଚାମ୍ପିଅନସିପ୍‌ରେ ଡବଲ ସ୍ୱର୍ଣ୍ଣପଦକ ବିଜୟୀ ହୋଇଛନ୍ତି। ମଙ୍ଗଳବାର ଅନୁଷ୍ଠିତ ମହିଳା ୫୦ ମିଟର ରାଇଫଲ ୩ ପୋଜିସନରେ ସେ ଉଭୟ ବ୍ୟକ୍ତିଗତ ଓ ଦଳଗତ ବିଭାଗରେ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ଗତକାଲି ନୀରୁ ଧାଣ୍ଡା ମହିଳା ଟ୍ରାପ୍ ଇଭେଣ୍ଟରେ ଡବଲ ସ୍ୱର୍ଣ୍ଣ ପଦକ ଜିତିଥିଲେ। ଆଜି ଅନୁଷ୍ଠିତ ଇଭେଣ୍ଟରେ ସିଫ୍‌ଟ କୌର ଫାଇନାଲ ମୁକାବିଲାରେ ସର୍ବାଧିକ ୪୫୯.୨ ପଏଣ୍ଟ ପାଇ ପ୍ରଥମ ସ୍ଥାନରେ ରହିଥିଲେ। ଚୀନ୍‌ର ୟାଙ୍ଗ ୟୁଜି ୪୫୮.୮ ପଏଣ୍ଟ ପାଇ ରୌପ୍ୟ ଓ ଜାପାନର ନୋବୋଟା ମିସାକି କାଂସ୍ୟ ପଦକ ହାସଲ କରିଛନ୍ତି। ବ୍ୟକ୍ତିଗତ ବିଭାଗରେ ସ୍ୱର୍ଣ୍ଣ ଜିତିବା ପରେ ସିଫ୍ଟଙ୍କ ନେତୃତ୍ୱରେ ଆଶୀ ଚୋକସୀ ଓ ଅଞ୍ଜୁମ ମୌଦଗିଲ୍ ୧୭୫୦ ପଏଣ୍ଟ ସ୍କୋର କରି ପ୍ରଥମ ସ୍ଥାନ ଅଧିକାର କରିବା ସହ ସ୍ୱର୍ଣ୍ଣ ପଦକ କବ୍‌ଜା କରିଥିଲେ।

**ଶୀର୍ଷରେ ଶ୍ରୀୟଙ୍କା :** ଭାରତ ତଥା ଓଡ଼ିଶାର ସୁଟର ଶ୍ରୀୟଙ୍କା ଷଡଙ୍ଗୀ ଏହି ଇଭେଣ୍ଟର କ୍ୱାଲିଫିକେସନ ରାଉଣ୍ଡରେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। କିନ୍ତୁ ସେ ମେଡାଲ ଲାଗି ଖେଳିପାରି ନ ଥିଲେ। ସେ କେବଳ ର୍ୟାଙ୍କିଂ ପଏଣ୍ଟ ପାଇବା ଲାଗି ଖେଳୁଥିବାରୁ ଫାଇନାଲ ଖେଳି ନ ଥିଲେ। ସିଫ୍‌ଟ କୌର ଏହାକୁ ମିଶାଇ ଏସିଆନ୍ ଚାମ୍ପିଅନସିପ୍‌ରେ ଚତୁର୍ଥ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି।



■ ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନ

## ମୀନାଙ୍କୁ ସ୍ୱର୍ଣ୍ଣ ସ୍ନେହାଙ୍କୁ ରୌପ୍ୟ

ଭୁବନେଶ୍ୱର,୨୬।୮ (ସମିସ): ଅହମ୍ମଦାବାଦ୍‌ରେ ଚାଲିଥିବା ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନରେ ମଙ୍ଗଳବାର ଆଉ ୨ ଓଡ଼ିଆ ପ୍ରତିଯୋଗୀ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଜୁନିଅର ୫୮ କେଜିରେ ମିନା ସାନ୍ତା-ଏ ସ୍ୱର୍ଣ୍ଣ ଓ ମହିଳା ୫୩ କିଲୋ କାଟାଗୋରୀରେ ସ୍ନେହା ସୋରେନ୍ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ନବରଙ୍ଗପୁରର ଝିଅ ମିନା ସ୍ନାଚ୍‌ରେ ୮୪, କ୍ଲିନ୍ ଆଣ୍ଡ ଜର୍କରେ ୧୦୧ ଓ ମୋଟରେ ୧୮୫ କେଜି ଓଜନ ଉଠାଇ ସ୍ୱର୍ଣ୍ଣ ଜିତିଛନ୍ତି। ସେହିପରି ମୟୁରଭଞ୍ଜର ଝିଅ ସ୍ନେହା ସ୍ନାଚ୍‌ରେ ୮୧, କ୍ଲିନ୍ ଆଣ୍ଡ ଜର୍କରେ ୧୦୪ କେଜି ସହ ମୋଟ ୧୮୫ କେଜି ଓଜନ ଉଠାଇ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଉଭୟ କଳିଙ୍ଗ ଷ୍ଟାଡିୟମ୍‌ରେ ଥିବା ଭାରୋତ୍ତୋଳନ ହାଇ ପରଫର୍ମାନ୍ସ ସେଣ୍ଟରରେ କୋଚ୍ ଗୋପାଳକୃଷ୍ଣ ଦାସଙ୍କଠାରୁ ପ୍ରଶିକ୍ଷଣ ନେଉଛନ୍ତି।





## ଏସିଆ କପ୍ ମହିଳା ହକି: ଭାରତୀୟ ଦଳରେ ଓଡ଼ିଶାରୁ ଏକା ସୁନେଲିତା

ଭୁବନେଶ୍ୱର,୨୬।୮ (ସମିସ): ଚୀନ୍‌ର ହାଙ୍ଗଝୋଉଠାରେ ସେପ୍ଟେମ୍ବର ୫ରୁ ୧୪ ତାରିଖ ଯାଏ ମହିଳା ଏସିଆ କପ୍ ହକି ଲାଗି ଭାରତ ଏକ ୨୦ ଜଣିଆ ଦଳ ଘୋଷଣା କରିଛି। ମିଡ୍‌ଫିଲ୍ଡର ସଲିମା ଟେଟେ ଏହି ଦଳର ନେତୃତ୍ୱ ନେଉଥିଲାବେଳେ ଏଥିରେ ଜଣେ ମାତ୍ର ଓଡ଼ିଆ ଖେଳାଳି ସ୍ଥାନ ପାଇଛନ୍ତି। ସେ ହେଲେ ମିଡ୍‌ଫିଲ୍ଡର ସୁନେଲିତା ଟପ୍ପୋ। ଏହି ଚୟନରେ ଭିନ୍ନ ଭିନ୍ନ କାରଣରୁ ଆଉ ୩ଜଣ ଓଡ଼ିଶା ଖେଳାଳି ସ୍ଥାନ ପାଇବାରୁ ବଞ୍ଚିତ ହୋଇଛନ୍ତି। ବିହାରର ରାଜଗିରଠାରେ ଅଗଷ୍ଟ ୨୯ରୁ ଆରମ୍ଭ ହେବାକୁ ଯାଉଥିବା ପୁରୁଷ ଏସିଆ କପ୍‌ରେ ଅମିତ ରୋହିଦାସ୍ ଓ ଶିଳାନନ୍ଦ ଲାକ୍ରା ସ୍ଥାନ ପାଇଛନ୍ତି। ନୀଲମ ସଞ୍ଜୀପ ଖେସ ରିଜର୍ଭ ଖେଳାଳି ରହିଛନ୍ତି।



### ପୁରୁଷ ଏସିଆ କପ୍‌ରେ ମାଗଣା ଟିକଟ

ଦର୍ଶକମାନେ ମାଗଣାରେ ପୁରୁଷ ଏସିଆ କପ୍ ଖେଳ ଦେଖିପାରିବେ ବୋଲି ହକି ଇଣ୍ଡିଆ ସଭାପତି ଦିଲୀପ ତିର୍କୀ ଘୋଷଣା କରିଛନ୍ତି। କିନ୍ତୁ ଏଥିଲାଗି ଦର୍ଶକମାନେ www.ticketgenie.in ଆପ୍‌ରେ ଟିକଟ ବୁକିଂ କରିବାକୁ ହେବ।

ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ

## ରାଜେଶଙ୍କ ଶତକ; ଓଡ଼ିଶା ୩୧୪/୧୦

କଟକ,୨୬।୮ (ସମିସ): ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟର ୩ୟ ତଥା ଅନ୍ତିମ ଲିଗ୍ ମ୍ୟାଚ୍ ମଙ୍ଗଳବାର ଠାରୁ ଆରମ୍ଭ ହୋଇଛି। ଚେନ୍ନାଇର ଏସ୍‌ଏସଏନ ଗ୍ରାଉଣ୍ଡରେ ଓଡ଼ିଶା ଜମ୍ମୁ ଓ କଶ୍ମୀରକୁ ଭେଟିଛି। ପ୍ରଥମ ଦୁଇଟି ମ୍ୟାଚ୍‌ରେ ପରାଜୟର ସମ୍ମୁଖୀନ ହୋଇଥିବା ଓଡ଼ିଶା ଶେଷ ଲିଗ୍‌ରେ ବିଜୟୀ ହେବା ଲକ୍ଷ୍ୟ ରଖିଛି। ଜମ୍ମୁ ଓ କଶ୍ମୀର ଅଧିନାୟକ ଅବଦୁଲ ସମାଦ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ନିମନ୍ତ୍ରଣ ଦେଇଥିଲେ। ୯୦ଓଭର ବିଶିଷ୍ଟ ପ୍ରଥମ ଇନିଂସ୍ ଖେଳର ୨ ଓଭର ବାକି ଥାଇ ଓଡ଼ିଶା ୩୧୪ ରନରେ ଅଲଆଉଟ ହୋଇଥିଲା। ଓପନର ଓମ ଟି ମୁଣ୍ଡେ ୮ରନ ଏବଂ ଶୁଭ୍ରାଂଶୁ ଶେଖର ସେନାପତି ଶୂନରେ ପ୍ୟାଭିଲିୟନ ଫେରିବା ସହ ଦଳ ପ୍ରାଥମିକ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ଅନ୍ୟତମ ଓପନର ବିନୟ ପାଇକରାୟ ୨୦ରନ କରିଥିଲେ। ମଧ୍ୟକ୍ରମରେ ୱିକେଟ କିପର ରାଜେଶ ଧୂପରଙ୍କ ୧୦୪ରନ, ଗୋବିନ୍ଦ ପୋଦ୍ଦାରଙ୍କ ୭୪ରନ, କାର୍ତ୍ତିକ ବିଶ୍ୱାଳଙ୍କ ୫୩ରନ ବଳରେ ଦଳ ୩୦୦ପାର୍ କରିଥିଲା। ଅନୀଲ ପରିଡା ୨୨ରନର ପାଳି ଖେଳିଥିଲେ। ଜମ୍ମୁ ଓ କଶ୍ମୀର ପକ୍ଷରୁ ବଂଶଜ ଶର୍ମା ଓ ଆବିଦ ମୁସ୍ତାକ ୪ଟି ଲେଖାଏ ୱିକେଟ ଦଖଲ କରିଥିଲେ।













PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS